# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

◆VOLUME- 43 ◆ISSUE-109 ◆WEDNESDAY ◆15 OCTOBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୦୯ ◆ବୁଧବାର ◆୧୫ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦




କୁଳଦୀପ ସିରିଜ୍‌ର ଶ୍ରେଷ୍ଠ

▶ପୃଷ୍ଠା ୧୧ ଦେଖନ୍ତୁ...





indriya.com
ADITYA BIRLA
JEWELLERY
INDRIYA
ADITYA BIRLA | JEWELLERY
presents
alka
FESTIVE COLLECTION
ଏହି ପର୍ବର ଦିନରେ ଇନ୍ଦ୍ରିୟା ଷ୍ଟୋର୍ କୁ ଆସନ୍ତୁ
ଆଉ ଦେଖନ୍ତୁ ପ୍ରେମରେ ଝିଲିମିଲି ନୂଆ ଅଳକା କଲେକ୍ଶନ୍ କୁ ।
ତାହାର ଆଲୋକେ ପର୍ବଣ ହେବ ଅଧିକ ପ୍ରିୟ ।
ପ୍ରତି କ୍ଷଣରେ ଦୀପ୍ତି ହେଇଛି ପ୍ରିୟଜନଙ୍କର ସ୍ନିଗ୍ଧତା ।
ସୁନା, ପୋଲ୍କୀ ଓ ହୀରାର 20,000 ରୁ ଅଧିକ
ଡିଜାଇନ ଦେଖି ହୃଦୟରେ ଭରିଯିବ ଅସୀମ ପ୍ରେମର ସ୍ପନ୍ଦନ ।
ତଥାପି ମନ କହିବ, ମନ ଏବେବି ଭରି ନାହିଁ
ଷ୍ଟୋର୍ ଏବେ ଖୋଲାଥିବା ଠିକଣା: କ୍ରିଷ୍ଟାଲ୍ କୋର୍ଟ୍ୟାର୍ଡ, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର




- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-109 ♦WEDNESDAY ♦15 OCTOBER 2025 ♦PAGE-12 ♦₹ 6.00

♦ବର୍ଷ-୪୩ ♦ସଂଖ୍ୟା-୧୦୯ ♦ବୁଧବାର ♦୧୫ ଅକ୍ଟୋବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


### ହିମାଳୟର ୮୬% ଅଞ୍ଚଳ ବରଫାବୃତ୍ତ

## ଆଗୁଆ ଆସିବ ଶୀତ, ଅଧିକ ଦିନ ରହିବ



■ **ନୂଆଦିଲ୍ଲୀ/ଭୁବନେଶ୍ୱର, ୧୪।୧୦ (ସମିସ):** ଚଳିତ ବର୍ଷ ଶୀଘ୍ର ମୌସୁମୀ ଆସିଥିଲା, ସ୍ୱାଭାବିକ ଭାବରେ ବର୍ଷିବା ସହ ଧାର୍ଯ୍ୟ ସମୟରେ ବିଦାୟ ନେଇଛି। ଅନ୍ୟପକ୍ଷରେ ଚଳିତ ବର୍ଷ ପୂର୍ବ ବର୍ଷଗୁଡ଼ିକ ତୁଳନାରେ ଶୀଘ୍ର ଆସିବ ଥଣ୍ଡା। ଏପରିକି ପୂର୍ବ ବର୍ଷଗୁଡ଼ିକ ତୁଳନାରେ ଚଳିତ ବର୍ଷ ଅଧିକ ଥଣ୍ଡା ପଡ଼ିବ ବୋଲି ପାଣିପାଗବିଜ୍ଞାନୀମାନେ ଆକଳନ କରୁଛନ୍ତି। ପ୍ରାୟ ୨ ମାସ ପୂର୍ବରୁ ହିମାଳୟ ଉପରାର୍ଦ୍ଧର ୮୬% ଅଞ୍ଚଳ ବରଫରେ ଆବୃତ୍ତ ହୋଇଛି ଓ ହିମାଳୟର ନିମ୍ନଭାଗ ଅଞ୍ଚଳର ତାପମାତ୍ରା ସ୍ୱାଭାବିକ ତାପମାତ୍ରାଠାରୁ ପ୍ରାୟ ୩ ଡ଼ିଗ୍ରୀ ପର୍ଯ୍ୟନ୍ତ କମ୍ ହୋଇଛି ଓ ବରଫ ତରଳିବା ହାର ପ୍ରାୟ ଶୂନ୍ୟକୁ ଖସି ଆସିଛି। ଡିସେମ୍ବରରେ ଲା ନିନା ସକ୍ରିୟ ହେବା ସମ୍ଭାବନା ଥିବାରୁ ଚଳିତବର୍ଷ ଭାରତରେ ଭଲ ବର୍ଷା ହୋଇଛି ଓ ଅଧିକ ଥଣ୍ଡା ପଡ଼ିବାର ଆଶଙ୍କା ସୃଷ୍ଟି ହୋଇଛି।

ହିମାଳୟର ଉପରାର୍ଦ୍ଧ ଅର୍ଥାତ୍ ୪ ହଜାର ଫୁଟ ଉଚ୍ଚରୁ ଅଧିକ ଅଞ୍ଚଳରେ ତାପମାତ୍ରା ଏବେ ବିୟୁକ୍ତ ୧୫ ଡ଼ିଗ୍ରୀ ରହିଛି। ଲା ନିନା କାରଣରୁ ଉତ୍ତର, ମଧ୍ୟ ଓ ପୂର୍ବ ଭାରତରେ ତାପମାତ୍ରା ଖୁବ୍ ଶୀଘ୍ର ୩ରୁ ୪ ଡ଼ିଗ୍ରୀ ପର୍ଯ୍ୟନ୍ତ କମିପାରେ ବୋଲି କୁହାଯାଉଛି। ହିମାଚଳ ପ୍ରଦେଶ, ସିକିମ, ଉତ୍ତରାଖଣ୍ଡ, ଜାମ୍ମୁକାଶ୍ମୀର ତାପମାତ୍ରା ଦ୍ରୁତ ବେଗରେ ହ୍ରାସ ପାଇଛି। ଏପରିକି ମଧ୍ୟପ୍ରଦେଶରେ ତାପମାତ୍ରା ୧୬ ଡ଼ିଗ୍ରୀ ଫସିଛି। ଭୋପାଳରେ ତାପମାତ୍ରା ସ୍ୱାଭାବିକଠାରୁ ୪ ଡ଼ିଗ୍ରୀ କମ୍ ହୋଇ ୧୫.୮ ଡ଼ିଗ୍ରୀକୁ ଖସିଛି। ରାଜସ୍ଥାନରେ ଦିନ ଓ ରାତିର ତାପମାତ୍ରା ମଧ୍ୟ ହ୍ରାସ ପାଇଛି । ରାତିର ତାପମାତ୍ରା ୧୫ ଡ଼ିଗ୍ରୀ ତଳକୁ ଖସିଥିବା ▶ପୃଷ୍ଠା-୧୦

# ୧୫.୬୭ ଲକ୍ଷ ହିତାଧିକାରୀଙ୍କ ଚାଉଳ ବନ୍ଦ

### ଗଞ୍ଜାମରୁ ସର୍ବାଧିକ ୧.୬୪ ଲକ୍ଷ ହିତାଧିକାରୀ ବାଦ

### କଟକରୁ ବାଦ୍ ୯୧ ହଜାର, ମୟୂରଭଞ୍ଜରୁ ୮୭ ହଜାର

### ବଲାଙ୍ଗିରରୁ ୮୩ ହଜାର, କଳାହାଣ୍ଡିରୁ ୮୨ ହଜାର ବାଦ

### କେନ୍ଦ୍ର ଦ୍ୱାହି ଦେଇ ହାତ ଟେକିଦେଲେ ଯୋଗାଣ ମନ୍ତ୍ରୀ



■ **ଭୁବନେଶ୍ୱର, ୧୪।୧୦ (ସମିସ):** ଆସନ୍ତା ମାସରୁ ରାଜ୍ୟର ୧୫.୬୭ ଲକ୍ଷ ହିତାଧିକାରୀଙ୍କୁ ମିଳିବ ନାହିଁ ମାଗଣା ଚାଉଳ। ଇ-କେୱାଇସି କରି ନ ଥିବା ଯୋଗୁଁ ସେମାନଙ୍କୁ ଚାଉଳ ମିଳିବ ନାହିଁ । ରାଜ୍ୟ ଖାଦ୍ୟ ଓ ଯୋଗାଣମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ଏପରି ସୂଚନା ପରେ ରାଜ୍ୟର ୧୫ ଲକ୍ଷରୁ ଉର୍ଦ୍ଧ୍ୱ ଗରିବ ହିତାଧିକାରୀଙ୍କ ମୁଣ୍ଡରେ ଚଡ଼କ ପଡ଼ିଛି। ମନ୍ତ୍ରୀ ଶ୍ରୀ ପାତ୍ରଙ୍କ ସୂଚନା ଅନୁସାରେ ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ୧୫ ଲକ୍ଷ ୬୭ ହଜାର ହିତାଧିକାରୀ କେୱାଇସି କରିନାହାନ୍ତି। କେନ୍ଦ୍ର ସରକାର ଇ-କେୱାସି ପ୍ରକ୍ରିୟା ବନ୍ଦ କରିଦେଇଛନ୍ତି। କେୱାଇସି କରି ନ ଥିବା ଲୋକଙ୍କୁ ଚଳିତ ମାସ ଚାଉଳ ପ୍ରଦାନ କରାଯାଇଛି; ମାତ୍ର ଶୀଘ୍ର ଏହି ଚାଉଳ ପ୍ରଦାନ ବନ୍ଦ କରିଦିଆଯିବ। ଆଗାମୀ ଦିନରେ ଯଦି କେନ୍ଦ୍ର ସରକାର ଇ-କେୱାଇସି ଅବଧି ବଢ଼ାଇବେ, ତେବେ ଆମେ ମଧ୍ୟ ଏହି ଅବଧି ବଢ଼ାଇବୁ। ଯଦି କିଏ ବାଦ୍ ରହିଯାଇଥିବ, ତେବେ ସେମାନଙ୍କୁ ଲିଖିତ ଭାବେ ଦେବାକୁ ପଡିବ। ତାପରେ ଯାଇ ଆମେ ସେମାନଙ୍କ କଥା ବିଚାର କରିବୁ ବୋଲି ମନ୍ତ୍ରୀ କହିଛନ୍ତି।

ରାସନ କାର୍ଡରେ ଥିବା କିମ୍ବା ପରିବାର ସମସ୍ତ ସଦସ୍ୟଙ୍କୁ ଆଉ ଥରେ କେୱାଇସି କରିବା ବାଧ୍ୟତାମୂଳକ କରାଯାଇଥିଲା। ହେଲେ ଧାର୍ଯ୍ୟ ତାରିଖ ବିତିଯାଇଥିଲେ ମଧ୍ୟ ବର୍ତ୍ତମାନ ସୁଦ୍ଧା ଲକ୍ଷ ଲକ୍ଷ ଯୋଗ୍ୟ ହିତାଧିକାରୀ ଇ-କେୱାଇସି ▶ପୃଷ୍ଠା-୧୦

## ରୁପା ୨ ଲକ୍ଷ ପାର୍

### ସପ୍ତାହକରେ ୩୩ ହଜାର ମହଙ୍ଗା

■ **ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି):** ଇତିହାସ ରଚିଲାଣି ସୁନା ଓ ରୁପା ଦର। ଦୈନିକ ଦରରେ ନୂଆ ରେକର୍ଡ ପ୍ରତିଷ୍ଠା ହେଉଛି। ସୋମବାର ଘରୋଇ ବଜାରରେ ପୁନର୍ବାର ସୁନା ଏବଂ ରୂପା ମୂଲ୍ୟ ରେକର୍ଡ ସ୍ତରରେ ପହଞ୍ଚିଛି। ହେଲେ ଦର ବୃଦ୍ଧି କ୍ଷେତ୍ରରେ ବର୍ତ୍ତମାନ ସୁନା ଦରକୁ ବଳିଯାଉଛି ରୁପା ଦର। ରକେଟ୍ ଭଳି ଉଠିବାରେ ଲାଗିଛି ରୁପା ଦର। ଏମିତିକି ମାତ୍ର ଗୋଟିଏ ଦିନରେ ରୁପା କିଲୋ ପିଛା ୭ ହଜାର ଟଙ୍କାରୁ ଅଧିକ ବୃଦ୍ଧି ଘଟିଛି। ଫଳରେ ପ୍ରଥମ ଥର ପାଇଁ ଦେଶରେ ରୁପା ଦର ୨ ଲକ୍ଷ ଟଙ୍କା ଟପି ଇତିହାସ ରଚିଛି। ଏଥିରେ ସୋମବାର ରାଜଧାନୀ ଭୁବନେଶ୍ୱରରେ ▶ପୃଷ୍ଠା-୧୦

### ବୈଷ୍ଣୋଦେବୀରୁ ଫେରିବାବେଳେ ଦୁର୍ଘଟଣା

## ସୋନପୁରର ୩ ଶ୍ରଦ୍ଧାଳୁ ମୃତ





■ **ତରଭା, ୧୪।୧୦ (ସମିସ):** ଜମ୍ମୁ-କାଶ୍ମୀରର ପ୍ରସିଦ୍ଧ ଦେବୀପୀଠ ବୈଷ୍ଣୋଦେବୀଙ୍କ ଦର୍ଶନ ପାଇ ଯାଇଥିବା ସୋନପୁରର ୩ଶ୍ରଦ୍ଧାଳୁଙ୍କ ସେଠାରେ ଏକ ମର୍ମନ୍ତୁଦ ଦୁର୍ଘଟଣାରେ ମୃତ୍ୟୁ ହୋଇଯାଇଛି। ମୃତକମାନେ ହେଲେ, ତରଭାର ବିଚିତ୍ର କୁମାର ସାହୁ (୬୬), ତାଙ୍କ ପତ୍ନୀ କବିତା ସାହୁ(୫୮) ଓ ବନ୍ଧୁ ଯୋଗିନ୍ଦ୍ର ମଟାରୀ (୬୬)। ଆଜି ସକାଳେ ଏହି ଦୁଃଖଦ ଘଟଣା ଘଟିଛି। ଏମାନେ ଏକ ଅଟୋରେ ଜାମ୍ମୁ-କଟରା ଏକ୍ସପ୍ରେସ୍-ୱେରେ ଯାଉଥିବା ବେଳେ ଏକ ବୁଲାଣିରେ ବିପରୀତ ଦିଗରୁ ଦ୍ରୁତ ଗତିରେ ଆସୁଥିବା ଏକ ବସ୍ ଧକ୍କା ଦେଇଥିଲା। ଏଥିରେ ସ୍ଥାନୀୟ ଅଟୋ ଚାଳକଙ୍କ ମଧ୍ୟ ମୃତ୍ୟୁ ଘଟିଛି। ସୂଚନାନୁଯାୟୀ, ତରଭାର ବିଚିତ୍ର ଓ ଯୋଗିନ୍ଦ୍ରଙ୍କ ପରିବାର ମିଳିତ ଭାବେ ଗତ ୧୧ ତାରିଖରେ ବୈଷ୍ଣୋଦେବୀ ଦର୍ଶନ ପାଇଁ ଯାଇଥିଲେ। ସାଥିରେ ବିଚିତ୍ରଙ୍କ ପତ୍ନୀ କବିତା ଓ ଯୋଗିନ୍ଦ୍ରଙ୍କ ପତ୍ନୀ ସ୍ନେହଲତା ▶ପୃଷ୍ଠା-୧୦

### ଦୀପାବଳିରେ ବାଣଫୁଟା ମାର୍ଗଦର୍ଶିକା ଜାରି

## ଜଗିବ କିଏ ? ମାପିବ କିଏ ?

■ **ଭୁବନେଶ୍ୱର, ୧୪।୧୦ (ସମିସ):** ଏଥର ଦୀପାବଳିରେ ମାତ୍ର ୨ ଘଣ୍ଟା ବାଣ ଫୁଟାଯାଇ ପାରିବ, ତାହା ପୁଣି ସବୁଜ ବାଣ। ଏଥିପାଇଁ ପୁଣି ସର୍ତ୍ତ ରହିଛି ଯେ ଏହି ବାଣର ଶବ୍ଦ ୧୨୫ ଡ଼େସିବେଲରୁ ଅଧିକ ହେବ ନାହିଁ। ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକ୍ରମେ ଅନୁରୂପ ମାର୍ଗଦର୍ଶିକା ଜାରି କରିଛି ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ। ଏହା ସହ ଯେଉଁମାନେ ଏହି ନିୟମ ନ ମାନିବେ, ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହେବ ବୋଲି ମଧ୍ୟ ଚେତାବନୀ ଦିଆଯାଇଛି। ମାତ୍ର ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଜାରି କରିଥିବା ଏହି ନିର୍ଦ୍ଦେଶକୁ ନେଇ ମଧ୍ୟ ସ୍ୱାଭାବିକ ପ୍ରଶ୍ନ ଉଠିଛି। ଧାର୍ଯ୍ୟ ସମୟ ମଧ୍ୟରେ ବାଣ ଫୁଟାଯିବା ବେଳେ ଏହାର ଡେସିବେଲ କିଏ ମାପିବ ଏବଂ ୭ଟା ପୂର୍ବରୁ ଓ ୯ଟା ପରେ ବାଣଫୁଟାକୁ କିଏ ଜଗିବ ବୋଲି ପ୍ରଶ୍ନ ଉଠିଛି।

ବିଭାଗ ପକ୍ଷରୁ ଜାରି ନିର୍ଦ୍ଦେଶନାମାରେ କୁହାଯାଇଛି ଯେ ସବୁଜ ବାଣ ବ୍ୟତୀତ ▶ପୃଷ୍ଠା-୧୦



**ସନ୍ଧ୍ୟା ୭ଟାରୁ ୯ଟା ପର୍ଯ୍ୟନ୍ତ ଫୁଟାଯିବ ବାଣ**

**୧୨୫ ଡେସିବେଲରୁ ଅଧିକ ହେବନି ଶବ୍ଦ**

**ନିୟମ ନ ମାନିଲେ କାର୍ଯ୍ୟାନୁଷ୍ଠାନ ଚେତାବନୀ**





| MODEL | 125 CF | NS 125 | 150 | N160 | NS 160 | NS 200 |
|---|---|---|---|---|---|---|
| 100% GST ଲାଭ | ₹7 963/-* | ₹9 240/-* | ₹10 059/-* | ₹11 424/-* | ₹11 636/-* | ₹12 943/-* |
| PF + ବୀମା ସଞ୍ଚୟ | ₹2 900/-* | ₹3 300/-* | ₹3 600/-* | ₹4 200/-* | ₹4 200/-* | ₹4 800/-* |
| ହ୍ୟାଟ୍-ଟ୍ରିକ୍ ସଞ୍ଚୟ | ₹10 863/-* | ₹12 540/-* | ₹13 659/-* | ₹15 624/-* | ₹15 836/-* | ₹17 743/-* |

10 YEAR WARRANTY | BAJAJ SECURE • AMC • ROAD SIDE ASSISTANCE | 72198 21111 | HDFC BANK | SHRIRAM Finance | IDFC FIRST Bank ALWAYS YOU FIRST | BAJAJ AUTO CREDIT | L&T Finance | TATA CAPITAL Two Wheeler Loans

*ସର୍ତ୍ତ ଓ ନିୟମାବଳୀ ଲାଗିବ । ହ୍ୟାଟ୍-ଟ୍ରିକ୍ ସେଭିଙ୍ଗସ 22 ସେପ୍ଟେମ୍ବର 2025 ରୁ ବୈଧ । ମୋଟ ସଞ୍ଚୟରେ ଅଛି 100% GST ଲାଭ (ଏକ୍ସ-ଶୋରୁମ୍ ମୂଲ୍ୟ ଓ ପ୍ରଯୁଜ୍ୟ RTO କର ରେ), ନିଲ୍ ପ୍ରୋସେସିଙ୍ଗ ଫୀ, ଆଉ 1-ବର୍ଷର ଓନ୍ ଡ୍ୟାମେଜ୍ ଇନ୍‌ସ୍ୟୋରାନ୍‌ସ । ଫାଇନାନ୍‌ସର୍/ଇନ୍‌ସ୍ୟୋରର୍ ଆଉ ଲୋକେଶନ୍ ଅନୁସାରେ ନିଲ୍ PF ଆଉ OD ରେ ସଞ୍ଚୟ ଭିନ୍ନ ହୋଇପାରେ । ଫାଇନାନ୍‌ସର୍ ଙ୍କ ନିଜସ୍ୱ ବିବେଚନା ଆଧାରରେ ଫାଇନାନ୍‌ସ । 5 ବର୍ଷର ଷ୍ଟାଣ୍ଡାର୍ଡ ୱାରଣ୍ଟୀ + 5 ବର୍ଷର ଏକ୍ସଟେଣ୍ଡେଡ୍ ୱାରଣ୍ଟୀ @ ₹999/- । ପ୍ରଦର୍ଶିତ ଷ୍ଟଣ୍ଟଗୁଡ଼ିକ ଏକ୍ସପର୍ଟ ମାନଙ୍କ ଦ୍ୱାରା, ପେଶାଦାରମାନଙ୍କ ତତ୍ତ୍ୱାବଧାନରେ, ନିୟନ୍ତ୍ରିତ ପରିବେଶରେ କରାଯାଇଛି । ନକଲ କରିବାର ଅପଚେଷ୍ଟା କରନ୍ତୁ ନାହିଁ, ସବୁବେଳେ ଟ୍ରାଫିକ୍ ଓ ସେଫ୍‌ଟୀ ନିୟମଗୁଡ଼ିକ ପାଳନ କରନ୍ତୁ ।

Authorised Dealers for BAJAJ Auto Ltd.: Bhubaneswar: Lewis Road MSB BAJAJ 7381088720 • Nayapalli BHARAT BAJAJ 7064406721 • Patia BHARAT BAJAJ 7381099444 • Rasulgarh BHARAT BAJAJ 9124717803 • Phulnakhara BHARAT BAJAJ 9124717805 • Charichak MSB BAJAJ 8018881850 , • Banki MSB BAJAJ 9348819293 • Balugaon BHARAT BAJAJ 73810 99441 • Puri MSB BAJAJ 7077735752 • Pipili MSB BAJAJ 7077735755 • Cuttack: Badambadi SURAJ BAJAJ 8093066603 • Shikharpur RASHMI BAJAJ 9237379210 • Satichaura RASHMI BAJAJ 9237379211 • Rahama MAITREE BAJAJ 9668801781 • Chandikhole TARINI BAJAJ 9937310800 • Pattamundai MAITREE BAJAJ 7064987720/9668801781, • Kendrapara TARINI BAJAJ 8338944471 • RAJNAGAR MAITREE BAJAJ 7064987720/9668801781 • Rajnagar MAITREE BAJAJ 7064987720/9668801781 • Nayagarh MSB BAJAJ 7790048130 • Rajsunakhala MSB BAJAJ 9668820967 • Daspalla MSB BAJAJ 7873925390 • Phulbani MSB BAJAJ 8917341979.

# ରାସ୍ତାକଡ଼ରୁ ଦିବାଲୋକରେ ମହିଳାଙ୍କ ସୁନଚେନ୍ ଲୁଟ୍

କଣିହାଁ, ୧୪।୧୦(ସମିସ): କଣିହାଁ ବ୍ଲକ ସମଲ ଥାନା ବିକିଶର ଗ୍ରାମରେ ସୋମବାର ଜଣେ ମହିଳାଙ୍କ ବେକରୁ ସୁନାଚେନ ଲୁଟ ହୋଇଥିବା ଅଭିଯୋଗ ହୋଇଛି। ଗ୍ରାମର କୁମୁଦିନି ଦେବତା (୬୪)ଙ୍କ ଅଭିଯୋଗ ଅନୁଯାୟୀ ସେ ରାସ୍ତା କଡରେ ଥିବା ନଳକୂପରେ ଗାଧୋଉଥିବା ବେଳେ ତିନିଜଣ ଯୁବକ ଏକ ପଲସର ବାଇକରେ ଆସି ତାଙ୍କ ବେକରୁ ସୁନାଚେନ ଟାଣି ଛଣ୍ଡେଇ ପଳାଇଥିଲେ। ଅଭିଯୋଗ କରିବା ପରେ ପୁଲିସ ବିଭିନ୍ନ ସ୍ଥାନରେ ସିସିଟିଭି ଯାଞ୍ଚ କରିଛି। ଚୋରଙ୍କ କୌଣସି ସନ୍ଧାନ ମିଳି ପାରି ନଥିବା ଜଣାପଡିଛି। ସୂଚନାଯୋଗ୍ୟ, ପାଞ୍ଚ ଦିନ ତଳେ ୧୪୯ ନମ୍ବର ଜାତୀୟ ରାଜପଥର ବୁରୁକୁନା ନିକଟରେ ମଧ ଜଣେ ବ୍ୟକ୍ତିଙ୍କଠାରୁ ପଲସର ଗାଡିରେ କିଛି ଯୁବକ ଟଙ୍କା ଲୁଟି ନେଇଥିବା ଜଣାପଡିଛି। କିଛି ବର୍ଷ ତଳେ ସମଲ ବ୍ୟାରେଜ ଓ ବିକିଶରଠାରେ ଉନ୍ନତ ମାନର ସିସିଟିଭି କ୍ୟାମେରା ଲାଗିଥିଲା। ଏହାର ଡିସପ୍ଲେ ସ୍କ୍ରିନ ଥାନାରେ ରହିଥିଲା। ଏଗୁଡିକ ଦୀର୍ଘଦିନ ହେବ ଅଚଳ ହୋଇଥିବା ବେଳେ ବିକିଶର ନିକଟରେ ଲାଗିଥିବା କ୍ୟାମେରା ଚୋରି ହୋଇଥିଲେ ମଧ ଏନେଇ କୌଣସି ପଦକ୍ଷେପ ଗ୍ରହଣ ନକରିବା ପୁଲିସ କାର୍ଯ୍ୟଶୈଳୀ ଉପରେ ସନ୍ଦେହ ସୃଷ୍ଟି କରିଛି।

# ବିଭିନ୍ନ ମନ୍ଦିରରୁ ଚୋରି ଘଟଣାରେ ୩ ଗିରଫ



ଅନୁଗୋଳ,୧୪।୧୦(ସମିସ): ହଣ୍ଡପା, ଠାକୁରଗଡ଼ ଓ କିଶୋରନଗର ଅଞ୍ଚଳର ବିଭିନ୍ନ ମନ୍ଦିରରୁ ଚୋରି କରିଥିବା ଏକ ଦଳର ତିନିଜଣଙ୍କୁ ପୁଲିସ ଗିରଫ କରିଛି। କିଛିଦିନ ମଧ୍ୟରେ କିଶୋରନଗର ଓ ଠାକୁରଗଡ଼ ଅଞ୍ଚଳରେ ଏଭଳି ଚୋରି ଅଭିଯୋଗ ହୋଇଥିଲା। ଏସଡିପିଓ ଆଠମଲ୍ଲିକଙ୍କ ନେତୃତ୍ୱରେ ଏକ ଟିମ୍ ଗଠନ କରାଯାଇ ଛାନଭିନ୍ ଆରମ୍ଭ କରାଯାଇଥିଲା। ଏ ଘଟଣାରେ ମନମୋହନ ପ୍ରଧାନ, ହେମନ୍ତ ପ୍ରଧାନ ଓ ସଞ୍ଜୟ ମେହେନାଙ୍କୁ ପୁଲିସ ଗିରଫ କରିଥିଲା। ସେମାନଙ୍କଠାରୁ ବୁଲେଟ ମଟର ସାଇକଲ ସହ ମନ୍ଦିରର ଚୋରା ସାମଗ୍ରୀ ଜବତ କରାଯାଇଛି। ଇନ୍ସପେକ୍ଟର ନମିତା ପ୍ରଧାନ, ଶଶୀଭୂଷଣ ବେହେରା, ସବଇନ୍ସପେକ୍ଟର ମନୋଜ କୁମାର ଓ ଅନ୍ୟମାନେ ସାମିଲ ଥିଲେ।

# କଲମଛୁଇଁ କ୍ଲଷ୍ଟର୍‌ସ୍ତରୀୟ 'ସୁରଭି'

ତାଳଚେର, ୧୪।୧୦(ସମିସ): କଲଛୁଇଁ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରାଙ୍ଗଣରେ କ୍ଲଷ୍ଟର୍‌ସ୍ତରୀୟ 'ସୁରଭି' ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ସରପଞ୍ଚ ଅନିଲ ପ୍ରଧାନ ମୁଖ୍ୟଅତିଥି, ଅବସରପ୍ରାପ୍ତ ଶିକ୍ଷୟତ୍ରୀ ହେମଲତା ସେଠୀ ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିଲେ। କ୍ଲଷ୍ଟର ସିଆରସି ପ୍ରତିମା ତରାଇ ଅତିଥିମାନଙ୍କ ପରିଚୟ ପ୍ରଦାନ କରିଥିବା ବେଳେ ବରିଷ୍ଠ ଶିକ୍ଷକ ସୁବାସଚନ୍ଦ୍ର ଜ୍ୟୋତିଷ ସୁରଭି କାର୍ଯ୍ୟକ୍ରମ ଉପରେ ଆଲୋକପାତ କରିଥିଲେ। କୃତୀ ଛାତ୍ରଛାତ୍ରୀଙ୍କୁ ଅତିଥିମାନେ ପୁରସ୍କୃଥ କରିଥିଲେ। ଶିକ୍ଷକ ସୁଶାନ୍ତ ଜ୍ୟୋତିଷ ସଭା ପରିଚାଳନା କରିଥିବା ବେଳେ ଶୁଭଶ୍ରୀ ସାହୁ, ମମତା ଦେହୁରୀ, ବିଦ୍ୟୁତପ୍ରଭା ନାୟକ, ତାପକ ଭୂକ୍ତା ଏବଂ ମନୋଜ ଗଡନାୟକ ସହଯୋଗ କରିଥିଲେ। ସେହିପରି ତାଳବେଡା ଉଚ୍ଚପ୍ରାଥମିକ ବିଦ୍ୟାଳୟରେ କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି।

# ବିସ୍ଥାପିତଙ୍କୁ ମିଳୁନି ରାସନ, ଜିଲ୍ଲାପାଳଙ୍କୁ ଗୁହାରି

ଅନୁଗୋଳ,୧୪।୧୦(ସମିସ): ଅନୁଗୋଳ ବ୍ଲକର ପୁରୁଣାକୋଟ ପଞ୍ଚାୟତର ଗୋପାଳପୁରରୁ ବିସ୍ଥାପିତ ହୋଇ ୨୦ଟି ହରିଜନ ପରିବାର ବଡ଼କେରା ପଞ୍ଚାୟତର ଚମ୍ପତିମୁଣ୍ଡାରେ ବସତି କରିଛନ୍ତି। ୬ ମାସ ହେବ ବିସ୍ଥାପିତ ହୋଇଥିଲେ ମଧ ସେମାନେ ପୁରୁଣାକୋଟର ଡିଲରଙ୍କଠାରୁ ରାସନ ପାଉଥିଲେ। କିନ୍ତୁ ଚଳିତ ମାସରେ ଡିଲର ରାସନ ଦେବାକୁ ମନା କରିଛନ୍ତି। ଚମ୍ପତିମୁଣ୍ଡାରୁ ୩୦ କିଲୋମିଟର ଦୂର ପୁରୁଣାକୋଟ ଯିବାକୁ ଏହି ପରିବାର ଖର୍ଚ୍ଚାନ୍ତ ହେଉଛନ୍ତି। ଏହାକୁ ନେଇ ପ୍ରଦୀପ ନାୟକ, ବିଶିକେସନ ନାୟକ, ରଜନୀ ନାୟକ, ପ୍ରକାଶ ନାୟକ, ବିକାଶ ନାୟକ, ସରୋଜ ନାୟକ ପ୍ରମୁଖ ଅନୁଗୋଳ ଜିଲ୍ଲାପାଳଙ୍କୁ ଅଭିଯୋଗ କରିଛନ୍ତି। ସେମାନେ ଚମ୍ପତିମୁଣ୍ଡାର ନୂତନ ବସ୍ତିରେ ବିଜୁଳି, ପାନୀୟଜଳ ଓ ସ୍ଥାୟୀ ରାସ୍ତା ନିର୍ମାଣ ପାଇଁ ମଧ ନିବେଦନ କରିଛନ୍ତି।

# ହାତୀ ଦଳିଦେଲେ ଧାନ ଫସଲ

କାମାକ୍ଷାନଗର,୧୪।୧୦(ସମିସ): କାମାକ୍ଷାନଗର ପୂର୍ବାଞ୍ଚଳ ରେଞ୍ଜରେ ଆଠଟିକିଆ ହାତୀପଲଙ୍କ ଉପଦ୍ରବ ଦେଖିବାକୁ ମିଳିଛି। ଧାନ ଅମଳ ସମୟରେ ଦଳିଦେଲେ ଏକର ଏକର ଧାନ ଫସଲ। ଯାହାକୁ ନେଇ ଚିନ୍ତାରେ ଚାଷୀ। ଗତ ଦୁଇଦିନ ଧରି ଭୁବନ ବନାଞ୍ଚଳରୁ ଆଠଟିକିଆ ହାତୀପଲ ଆସି କାମାକ୍ଷାନଗର ପୂର୍ବାଞ୍ଚଳ ରେଞ୍ଜର ବାଇସିଙ୍ଗା, ନୂଆପାଣି ଓ ବାଲିଗୋରଡ଼ ଗ୍ରାମରେ ଉପଦ୍ରବ କରିଛନ୍ତି। ହାତୀପଲ ଧାନ ବିଲରେ ପଶି ଏକର ଏକର ଧାନ ଫସଲ ଦଳିମକଚି ଦେଇଥିବାବେଳେ ଅମଳ ସମୟରେ ନଷ୍ଟ ହୋଇଛି ଧାନ ଫସଲ। ଧାନ ହାତୀ ଦଳିଦେଇ ନଷ୍ଟ କରିଥିବାବେଳେ କିପରି ଭଲ ଫସଲ ଅମଳ ହେବ ଓ ମହାଜନଙ୍କ ଋଣ ଶୁଝିବେ, ସେ ନେଇ ଚାଷୀ ଆଶଙ୍କାରେ ଅଛନ୍ତି। ତେବେ ବନ ବିଭାଗ ଓ ସରକାରଙ୍କ ତରଫରୁ ତୁରନ୍ତ ଫସଲ ନଷ୍ଟ ପାଇଁ ଚାଷୀଙ୍କୁ କ୍ଷତିପୂରଣ ଦେବାକୁ ଚାଷୀ ଦାବି କରିଛନ୍ତି।

## ଅନୁଗୋଳ ମୁଖ୍ୟ ଚିକିତ୍ସାଳୟରୁ କୋଟି କୋଟି ଟଙ୍କା ହେରଫେର


# କନିଷ୍ଠ କିରାଣି ସୁବ୍ରତ ବେହେରାଙ୍କ ନାମରେ ଥାନାରେ ଅଭିଯୋଗ

ଅନୁଗୋଳ, ୧୪।୧୦(ସମିସ)

ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରୁ କୋଟି କୋଟି ଟଙ୍କା ହେରଫେର କରିଥିବା ଅଭିଯୋଗରେ ସୋମବାର ଚିକିତ୍ସାଳୟରେ କନିଷ୍ଠ କିରାଣି ଭାବେ କାର୍ଯ୍ୟ କରୁଥିବା ସୁବ୍ରତ ବେହେରାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ତଥା ଜନସ୍ୱାସ୍ଥ୍ୟ ଅଧିକାରୀ କାର୍ଯ୍ୟରୁ ନିଲମ୍ବନ କରିବା ସହ ସୁବ୍ରତଙ୍କ ନାମରେ ଥାନା ରେ ଅଭିଯୋଗ କରିବା ଘଟଣା ଅନୁଗୋଳ ଜିଲ୍ଲାରେ ଆଲୋଚନାର ବିଷୟ ହୋଇଛି।

ସୂଚନା ମୁତାବକ, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କନିଷ୍ଠ କିରାଣି ସୁବ୍ରତ ବେହେରା ଆକାଉଣ୍ଟାଣ୍ଟ ଭାବେ ସେ ସବୁ କର୍ମଚାରୀଙ୍କ ଦରମାର ହିସାବ ରଖୁଥିଲେ। ତେବେ ନିଜ ମୂଳ ବେତନକୁ ବହୁଗୁଣା ବଢ଼ାଇ ଜିଲ୍ଲା କୋଷାଗାରରୁ ଲୁଟି ଚାଲିଥିଲେ କୋଟି କୋଟି ଟଙ୍କା। ନିକଟରେ ଆକାଉଣ୍ଟାଣ୍ଟ ଜେନେରାଲ (ଏଜି)ଙ୍କ ଅଡିଟ୍‌ରୁ ଏହା ସ୍ପଷ୍ଟ ହେବା ପରେ ତାଙ୍କ ଅଡୁଆ ବଢ଼ିଥିଲା। ଏଜି ସମେତ ସ୍ୱାସ୍ଥ୍ୟ ବିଭାଗ ଅଡିଟ୍ ଟିମ୍ ଓ ମାନବ ସମ୍ବଳ ପରିଚାଳନା ବ୍ୟବସ୍ଥା (ଏଚ୍‌ଆରଏମ୍‌ଏସ୍) ପକ୍ଷରୁ ଅର୍ଥ ତୋଷରପାତର ଖୋଳତାଡ଼ ଆରମ୍ଭ ହୋଇଥିଲା। ଏଜି ଟିମ୍ ପକ୍ଷରୁ ହସ୍ପିଟାଲର ଗୋଟିଏ ମାସ ଦରମାର ଯାଞ୍ଚବେଳେ କନିଷ୍ଠ କିରାଣି ସୁବ୍ରତ ବେହେରାଙ୍କ ଅର୍ଥ ହେରଫେରର ସବୁ ଗୁମର ଖୋଲିଥିଲା। ଗତ ଜୁଲାଇ ମାସରେ ତାଙ୍କ ବ୍ୟାଙ୍କ ଖାତାକୁ ଦରମା ତୁଳନାରେ ୧,୬୩,୦୦୦ ଟଙ୍କା ଅତିରିକ୍ତ ଟ୍ରାନ୍ସଫର୍ ହୋଇଥିବା ଜଣାପଡ଼ିବା ପରେ ଆରମ୍ଭ ହୋଇଥିଲା ଅଧିକ ଖୋଳତାଡ଼। ଏହାପରେ ତାଙ୍କର ଜୁନ୍ ଓ ଅଗଷ୍ଟ ମାସର

## କାର୍ଯ୍ୟରୁ ନିଲମ୍ବନ କଲେ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ



ବେତନ ଯାଞ୍ଚ ସମୟରେ ସାମ୍ନାକୁ ଆସିଲା ବାସ୍ତବ ସତ। ଗତ କିଛିବର୍ଷ ହେଲା ପ୍ରତି ମାସରେ ଏଚ୍‌ଆରଏମ୍‌ଏସ୍‌ରେ ନିଜେ ନିଜ ମୂଳ ବେତନ ବଢ଼ାଇ ଉଠାଇଚାଲିଥିଲେ ମୋଟା ଅଙ୍କର ଦରମା। ଏହା ଜଣାପଡ଼ିବା ପରେ ଏଜିଙ୍କ ଏକ ସ୍ୱତନ୍ତ୍ର ଟିମ୍ ଅନୁଗୋଳ ଆସି ହସ୍ପିଟାଲର ଆକାଉଣ୍ଟ ସେକ୍ସନର କାଗଜପତ୍ର ଯାଞ୍ଚ କରିବା ସହ ଭାରତୀୟ ଷ୍ଟେଟ ବ୍ୟାଙ୍କରେ ଥିବା ତାଙ୍କ ବ୍ୟାଙ୍କ ଖାତାର ସବିଶେଷ ବିବରଣୀ ସହ ଜିଲ୍ଲା ଟ୍ରେଜେରି ଅଫିସରୁ ତଥ୍ୟ ସଂଗ୍ରହ କରାଯାଇଥିଲା।

ସେହିପରି ସ୍ୱାସ୍ଥ୍ୟ ବିଭାଗର ଏକ ଅଡିଟ୍ ଟିମ୍ ଅନୁଗୋଳ ଆସି ଏ ଅର୍ଥ ହେରଫେର ନେଇ ଖୋଳତାଡ଼ କରିବା ସହ କିରାଣିଙ୍କ ଅର୍ଥ ତୋଷରପାତ ନେଇ ବହୁ ଗୁରୁତ୍ୱପୂର୍ଣ୍ଣ ଦସ୍ତାବିଜ୍ ସ୍ୱାସ୍ଥ୍ୟ ବିଭାଗ ଜବତ କରିଥିବା ସୂଚନା ମିଳିଛି। ସ୍ୱାସ୍ଥ୍ୟ ବିଭାଗ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ, କିରାଣି ଜଣକ ହେରଫେର କରି ନିଜ ଦରମା ବ୍ୟତୀତ ଅଧିକ ୨ କୋଟି ୩୮ ଲକ୍ଷ ଟଙ୍କା ନିଜ ବ୍ୟାଙ୍କ ଖାତାକୁ ନେଇଛନ୍ତି। ୨୦୦୭ରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ନିଯୁକ୍ତ ହୋଇଥିବା ଏହି କିରାଣି ୨୦୧୫-୧୬ରୁ ଆକାଉଣ୍ଟାଣ୍ଟ ଭାବେ ଦାୟିତ୍ୱ ତୁଲାଇ ଆସୁଥିବାରୁ ଏବେ ତାଙ୍କ ଆକାଉଣ୍ଟର ପୁରୁଣା ତଥ୍ୟକୁ ଘାଣ୍ଟୁଛି ଅଡିଟ୍ ଟିମ୍। ଏସବୁ ଭିତରେ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ମଦନ ମୋହନ ପ୍ରଧାନ ତାଙ୍କୁ ଆକାଉଣ୍ଟାଣ୍ଟ ଦାୟିତ୍ୱରୁ ହଟାଇବା ସହ କିରାଣି ସୁବ୍ରତ ବେହେରାଙ୍କୁ କାର୍ଯ୍ୟରୁ ନିଲମ୍ବନ କରିବା ସହ ତାଙ୍କ ନାମରେ ଥାନାରେ ଲିଖିତ ଏତଲା ଦେଇଥିବା ଡ. ଶ୍ରୀ ପ୍ରଧାନ ପ୍ରକାଶ କରିଛନ୍ତି। କିଭଳି ତାଙ୍କ ଆକାଉଣ୍ଟକୁ ଏଭଳି ମୋଟା ଅଙ୍କର ବେତନ ଆସୁଥିଲା, ସେ ନେଇ ଜଣାଇବାକୁ ଜିଲ୍ଲା କୋଷାଗାରଙ୍କୁ ମଧ ଚିଠି ଲେଖିଛନ୍ତି। ଏ ପଟେ ଜିଲ୍ଲା କୋଷାଗାର ଅଧିକାରୀ ଜୟନ୍ତୀ ବିଶ୍ୱାଳ କହିଛନ୍ତି, ମୁଖ୍ୟ ଚିକିତ୍ସାଳୟ ପକ୍ଷରୁ କର୍ମଚାରୀଙ୍କ ବେତନ ନେଇ ଆକାଉଣ୍ଟ ବିଭାଗ ଯେଉଁ ବିଲ୍ ଦେଉଥିଲା, ସେହି ଆଧାରରେ ଟ୍ରେଜେରି ଅଫିସ କେବଳ ତାହା ପୈଠ କରୁଥିଲା। କିରାଣିଙ୍କ ଆକାଉଣ୍ଟ ସମ୍ପର୍କିତ ସମସ୍ତ ତଥ୍ୟକୁ ଏଜି ଟିମ୍‌କୁ ହସ୍ତାନ୍ତର କରାଯାଇଛି। ତେବେ କେବଳ ଜଣେ କନିଷ୍ଠ କିରାଣିଙ୍କ ଦ୍ୱାରା ଏତେ ବଡ଼ ଅର୍ଥ ତୋସରପାତ ହୋଇଥିବା ଘଟଣାକୁ ଗ୍ରହଣ କରିପାରୁନାହାନ୍ତି ସ୍ଥାନୀୟ ବୁଦ୍ଧିଜୀବୀ। ସେମାନଙ୍କ ମତରେ, ଏହି ଆର୍ଥିକ ଅନିୟମିତତାରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ବହୁ ଅଧିକାରୀଙ୍କ ସମେତ ଟ୍ରେଜେରିର କିଛି କର୍ମଚାରୀଙ୍କ ସମ୍ପୃକ୍ତିକୁ ଏଡ଼ାଇ ଦିଆଯାଇ ନ ପାରେ।

## ଧଉରାପାଲ୍ଲୀ ପଞ୍ଚାୟତ କାର୍ଯ୍ୟାଳୟ ନୂତନ ଭବନ ସ୍ଥାନାନ୍ତରକୁ ପ୍ରତିବାଦ

# ବ୍ଲକ୍ ଅଫିସ ସମ୍ମୁଖରେ ଧାରଣା; ପ୍ରତିଶ୍ରୁତି ପରେ ପ୍ରତ୍ୟାହୃତ



କିଶୋରନଗର,୧୪।୧୦(ସମିସ): କିଶୋରନଗର ବ୍ଲକ ଧଉରାପାଲ୍ଲୀ ପଞ୍ଚାୟତ କାର୍ଯ୍ୟାଳୟର ନୂତନ ଭବନ ଅନ୍ୟତ୍ର ସ୍ଥାନାନ୍ତର ପ୍ରତିବାଦରେ ଧଉରାପାଲ୍ଲୀ ଗ୍ରାମର ଶହ ଶହ ମହିଳା ଓ ପୁରୁଷ ଏକତ୍ରିତ ହୋଇ ପ୍ରଥମେ ବ୍ଲକ୍ ଅଫିସ ସମ୍ମୁଖରେ ଧାରଣା ଦେବା ସହ ବିକ୍ଷୋଭ କରିଥିଲେ। ପ୍ରଶାସନ ଅଣଦେଖା କରିବାରୁ ପରେ ଅନ୍ୟୂନ ୩ ଘଣ୍ଟା ବ୍ଲକ ସମ୍ମୁଖ ରାସ୍ତାକୁ ଅବରୋଧ କରାଯାଇଥିଲା; ଯାହାଦ୍ୱାରା ଯାତାୟତ ଠପ୍ ହୋଇଯାଇଥିଲା। ତେବେ ପିଡି ପହଞ୍ଚି ପ୍ରତିଶ୍ରୁତି ଦେବା ପରେ ରାସ୍ତାରୋକ ପ୍ରତ୍ୟାହୃତ ହୋଇଥିଲା। ସୂଚନା ମୁତାବକ, ୫୦୦୦ ହଜାର ଜନସଂଖ୍ୟା ବିଶିଷ୍ଟ ଓ ୨୦୦୦ ଭୋଟର ସହ ୭ଟି ୱାର୍ଡକୁ ନେଇ ଗଠିତ ହୋଇଛି ପଞ୍ଚାୟତ କାର୍ଯ୍ୟାଳୟ। ଜନସାଧାରଣଙ୍କୁ ଲୁଚାଇ ବିନା ପଲ୍ଲୀସଭା ଓ ଗ୍ରାମସଭାରେ କିଶୋରନଗର ପଞ୍ଚାୟତ ସମିତି କାର୍ଯ୍ୟାଳୟ ପକ୍ଷରୁ ୧୩/୧୦/୨୫ରେ ଚିଠି ସଂଖ୍ୟା ୫୩୫୮ରେ ଜନସାଧାରଣ ଜାଣିବା ପରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ପଞ୍ଚାୟତ କାର୍ଯ୍ୟାଳୟର ନୂତନ ଭବନ ଅନ୍ୟତ୍ର ସ୍ଥାନାନ୍ତର ବାତିଲ ଦାବିରେ ଜନସାଧାରଣ ଜିଦ୍ ଧରିଥିଲେ। ବିଡିଓଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ଏବିଡିଓଙ୍କୁ ପ୍ରଦାନ କରିଥିଲେ। ଏବିଡିଓ ଆସି ବୁଝାସୁଝା କରିଥିଲେ ହେଁ ଠୋସ ପ୍ରତିଶ୍ରୁତି ନ ମିଳିବାରୁ ଜନସାଧାରଣ ବ୍ଲକ ଅଫିସ ସମ୍ମୁଖରେ ଥିବା ମୁଖ୍ୟ ରାସ୍ତାକୁ ଅବରୋଧ କରିବା ସହ ସରପଞ୍ଚଙ୍କ କୁଶ ପୁତ୍ତଳିକା ଦାହ କରିଥିଲେ। ଅପରାହ୍ନ ୫ଟାରେ ଜିଲ୍ଲା ପରିଷଦ ଉନ୍ନୟନ ଅଧିକାରୀ ଦେବଦତ୍ତ ମହନ୍ତ ଆନ୍ଦୋଳନକାରୀଙ୍କ ପାଖକୁ ଯାଇ ପଞ୍ଚାୟତ କାର୍ଯ୍ୟାଳୟ ଅନ୍ୟତ୍ର ଯିବନାହିଁ ବୋଲି ଲିଖିତ ପ୍ରତିଶ୍ରୁତି ଦେଇଥିଲେ। ପରେ ଆନ୍ଦୋଳନ ପ୍ରତ୍ୟାହୃତ ହେବା ସହ ପରିସ୍ଥିତି ଶାନ୍ତ ପଡିଥିଲା।

# ବ୍ଲକ୍‌ସ୍ତରୀୟ ଖୋଖୋ, ଫୁଟବଲ ଓ କବାଡ଼ି ପ୍ରତିଯୋଗିତା




ବଇଣ୍ଡା, ୧୪।୧୦(ସମିସ): ମଙ୍ଗଳବାର ଅନୁଗୋଳ ଜିଲ୍ଲା କିଶୋରନଗର ବ୍ଲକ୍‌ସ୍ତରୀୟ ୧୭ ବର୍ଷରୁ କମ୍ ଖୋଖୋ, ଫୁଟବଲ ଓ କବାଡି ପ୍ରତିଯୋଗିତା ଉଦ୍‌ଘାଟିତ ହୋଇଯାଇଛି। ଉତ୍ସବରେ ମୁଖ୍ୟଅତିଥି ଆଠମଲ୍ଲିକ ବିଧାୟକ ନଳିନୀ କାନ୍ତ ପ୍ରଧାନ ଯୋଗ ଦେଇଥିଲେ। ବ୍ଲକ ଶିକ୍ଷାଧିକାରୀ ଅରୁଣ ସେଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ମୁଖ୍ୟବକ୍ତା ଭାବେ ଭିକାରିବନ୍ଧୁ ସାହୁ, ଅନ୍ୟତମ ଅତିଥି ଭାବେ ଜିଲ୍ଲା ପରିଷଦ ସଦସ୍ୟା ବିଷ୍ଣୁପ୍ରିୟା ପ୍ରଧାନ, ନୁନୁକାପଶି ସରପଞ୍ଚ ଦୀପ୍ତିମାୟୀ ସାହୁ, ଶିକ୍ଷକ ପୀତାମ୍ବର ସାହୁ, କ୍ଷିତିଜା ରଞ୍ଜନ ଦେହୁରି, ସିଆରସିସି ରଞ୍ଜନ ବିଶ୍ୱାଳ, ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ସୁକାନ୍ତୀ ମଞ୍ଜରୀ ଚତମ୍ବା ପ୍ରମୁଖ ଯୋଗ ଦେଇଥିଲେ। ଏଥିରେ ବ୍ଲକର ୫ଟି ଜୋନର ସମସ୍ତ ବିଦ୍ୟାଳୟର ୩୫୦ ଜଣ ଛାତ୍ରୀଛାତ୍ର ଅଂଶଗ୍ରହଣ କରିଥିଲେ। ଉକ୍ତ ପ୍ରତିଯୋଗିତାରୁ ଚୟନ ହୋଇଥିବା ପ୍ରତିଯୋଗୀ ଜିଲ୍ଲା ସ୍ତରରେ ଅଂଶଗ୍ରହଣ କରିବେ। ଏହି କ୍ରୀଡ଼ା ପ୍ରତିଯୋଗିତାକୁ ଖେଳ ଶିକ୍ଷକ ବିଶ୍ୱନାଥ ଦେହୁରି, ସନ୍ତୋଷ ସାହୁ, ଅରୁଣ ସାହୁ ପରିଚାଳନା କରିଥିଲେ। ଶିକ୍ଷକ ପ୍ରମୋଦ ପ୍ରଧାନ ପରିଚାଳନା କରିଥିବାବେଳେ ଗୋପାଳଚନ୍ଦ୍ର ପାଣିଗ୍ରାହୀ ଧନ୍ୟବାଦ ଅର୍ପଣ କରିଥିଲେ।

## ● ୩୭ତମ ରାଜ୍ୟସ୍ତରୀୟ ପାଲଲହଡା କପ୍ ଫୁଟ୍‌ବଲ

# ରାଉରକେଲାକୁ ହରାଇ କଟକ ଚାମ୍ପିଅନ୍




ପାଲଲହଡା,୧୪।୧୦(ସମିସ): ଅନୁଗୋଳ ଜିଲ୍ଲା ପାଲଲହଡା ଷ୍ଟାଡ଼ିୟମରେ ଚାଲିଥିବା ୩୭ତମ ରାଜ୍ୟସ୍ତରୀୟ ପାଲଲହଡା କପ୍ ଫୁଟବଲ ଟୁର୍ଣ୍ଣାମେଣ୍ଟ ଉଦ୍‌ଯାପିତ ହୋଇଛି। ଫାଇନାଲ୍ ମ୍ୟାଚ୍ କଟକ ଓ ରାଉରକେଲା ମଧ୍ୟରେ ଅନୁଷ୍ଠିତ ହୋଇଥିଲା। କଟକ ଫୁଟବଲ କ୍ଲବ୍ ୪-୦ ଗୋଲରେ ରାଉରକେଲାକୁ ପରାସ୍ତ କରି ଚାମ୍ପିଅନ ହୋଇଛି। ଉଦ୍‌ଯାପନୀ ଉତ୍ସବରେ ପାଲଲହଡ଼ା ବିଧାୟକ ଅଶୋକ ମହାନ୍ତି ମୁଖ୍ୟଅତିଥ, ଜିଲ୍ଲା କ୍ରୀଡ଼ା ସଂସଦ ସମ୍ପାଦକ ଡ ଗୌର ଗୋବିନ୍ଦ ସାମନ୍ତ, ଜିଲ୍ଲା କ୍ରୀଡ଼ା ଅଧିକାରୀ ଅକ୍ଷୟ ସିଠ, ଜିଲ୍ଲା ଶିଶୁ ଅଧିକାରୀ ଗୌରୀଶଙ୍କର ବେହେରା, ପାଲଲହଡ଼ା ଉପଖଣ୍ଡ ପୁଲିସ୍ ଅଧିକାରୀ କୈଳାସ ସେଠୀ, ପାଲଲହଡ଼ା ଥାନା ଅଧିକାରୀ ପ୍ରଦୀପ ମହନ୍ତ ଓ କ୍ରୀଡ଼ା ପ୍ରଶିକ୍ଷକ ଆର.ଆଇ ଟିଗା ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଆକର୍ଷଣୀୟ ଗୋଲ ପାଇଁ ରାଉରକେଲା ଦଳର ବିଶାଳ ଡୁଙ୍ଗଡୁଙ୍ଗ, ମ୍ୟାନ ଅଫ ଦି ମ୍ୟାଚ ଭାବେ କଟକ ଦଳର ଦୀନବନ୍ଧୁ ଦାସ, ମ୍ୟାନ ଅଫ ଦି ଟୁର୍ଣ୍ଣାମେଣ୍ଟ ଭାବେ କଟକର ଗଣେଶ ସେଠୀଙ୍କୁ ଟ୍ରଫି ପ୍ରଦାନ କରାଯାଇଥିଲା।

ଏ ଅବସରରେ ପାଲଲହଡାରେ ଫୁଟବଲ ଖେଳର ଉନ୍ନତି ଓ ନୂଆ ଖେଳାଳିଙ୍କୁ ସୁଯୋଗ ଦେବାକୁ ମାଲ୍ୟାଗିରି ଫୁଟବଲ ଏକାଡେମୀକୁ ବିଧାୟକ ଅଶୋକ ମହାନ୍ତି ଉଦଘାଟନ କରିଥିଲେ ଓ କ୍ରୀଡ଼ା କ୍ଷେତ୍ରରେ ସୁନାମ ଅର୍ଜନ କରିଥିବା ବିଭିନ୍ନ କ୍ରୀଡ଼ାବିତଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଜାତୀୟ ରେଫରୀ ଶିବଶଙ୍କର ପଣ୍ଡା ଖେଳ ପରିଚାଳନା କରିଥିବାବେଳେ ସୁଜିତ ପାତ୍ର, ସୁଜିତ ରାଜହଂସ, ଦିଲ୍ଲୀପ ରାଉତ, ସନ୍ତୋଷ ମାଝୀ ସହଯୋଗ କରିଥିଲେ। ପାଲଲହଡ଼ା ଫୁଟବଲ ଆସୋସିଏସନ ଅଧକ୍ଷ ସୁଧାଂଶୁ କପର୍ଦ୍ଦାର, ସଭାପତି ନୀଳାମ୍ବର ପ୍ରଧାନ, ସମ୍ପାଦକ ଆଶିଷ ସାମଲଙ୍କ ସମେତ ଫୁଟବଲ ଆସୋସିଏସନ୍‌ର ସମସ୍ତ କର୍ମକର୍ତ୍ତା ଏହି ଟୁର୍ଣ୍ଣାମେଣ୍ଟକୁ ସଫଳ କରିବାରେ ସହଯୋଗ କରିଥିଲେ।

# ହିନ୍ଦୋଳ ବ୍ଲକ୍ ଅଧକ୍ଷାଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ସ୍ଥଗିତ

ଅନୁଗୋଳ,୧୪।୧୦(ସମିସ): ବହୁଚର୍ଚ୍ଚିତ ହିନ୍ଦୋଳ ବ୍ଲକ ଅଧକ୍ଷାଙ୍କ ବିରୋଧରେ ଆସିଥିବା ଅନାସ୍ଥା ପ୍ରସ୍ତାବକୁ ଉପଜିଲ୍ଲାପାଳ ଶେଷ ମୁହୂର୍ତ୍ତରେ ବାତିଲ କରିଛନ୍ତି। ପ୍ରଶାସନ ଅନାସ୍ଥା ପ୍ରସ୍ତାବ ଭୋଟ ହେବ ବୋଲି ଚିଠି ମାଧ୍ୟମରେ ଜଣାଇଥିଲା। ମୋଟ ୭୧ ଜଣ ସଭ୍ୟସଭ୍ୟାଙ୍କ ମଧ୍ୟରୁ ୪୮ ଜଣଙ୍କ ଉପସ୍ଥିତି ଦରକାର ଥିବାବେଳେ ଅନାସ୍ଥା ପ୍ରସ୍ତାବ ଆଣିଥିବା ଗୋଷ୍ଠୀଙ୍କ ପାଖରେ ଆବଶ୍ୟକ ସଂଖ୍ୟା ନ ଥିବାରୁ ଗତକାଲି ଉପଜିଲ୍ଲାପାଳ ପତ୍ର ମାଧ୍ୟମରେ ଅନାସ୍ଥା ପ୍ରସ୍ତାବ ବନ୍ଦ ହେଲା ବୋଲି ଚିଠି କରିଥିଲେ। ଅପରପକ୍ଷରେ, ବିରୋଧୀ ଗୋଷ୍ଠୀ ଲୁଚାଇ ରଖିଥିବା ୧୧ ଜଣ ପ୍ରତିନିଧି ଏକାବେଳେ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇ ଡାକ୍ତରଖାନାରେ ଅଛନ୍ତି ବୋଲି ଭୋଟ ହେଲା ନାହିଁ ବୋଲି ପ୍ରଚାର କରାଗଲା। ପ୍ରଶାସନିକ ଓ ମୁଷ୍ଟିମେୟଙ୍କ ଚାପରେ ଅନାସ୍ଥା ଭୋଟ ହେଲା ନାହିଁ ବୋଲି ଚର୍ଚ୍ଚା ଜୋର ଧରିଛି। ଆଗାମୀ ତାରିଖରେ ଭୋଟ ହେବ ନା ଝୁଲିବ ତାକୁ ନେଇ ହିନ୍ଦୋଳବାସୀ ଆଶା ଆକାଂକ୍ଷାରେ ଅଛନ୍ତି।

# କୁଲାଡ଼ ଲକ୍ଷ୍ମୀପୂଜା ଭସାଣି







ନାଲକୋନଗର,୧୪।୧୦ (ସମିସ): ମା'ଙ୍କୁ ଯେମିତି ଆଡ଼ମ୍ବର ସହକାରେ ପୂଜା ମଣ୍ଡପରେ ବିରାଜମାନ କରାଇଥିଲେ ଠିକ୍ ସେମିତି ଭାବୋଦ୍ଦୀପକ ଢଙ୍ଗରେ ଧନଦାତ୍ରୀ ମା' ପଦ୍ମାଳୟାଙ୍କ ଆବାହନ ମେଲାଣି ଦେଇଛନ୍ତି। ଶେଷ ହୋଇଛି କୁଲାଡର ଗଣପର୍ବ ଲକ୍ଷ୍ମୀପୂଜା।

# ବରଗଡ଼ ଧନୁଯାତ୍ରା ପାଇଁ ମିଳିଛି ନିମନ୍ତ୍ରଣ

## କୃଷ୍ଣ ଭୂମିକାରେ ସୌମ୍ୟରଞ୍ଜନଙ୍କୁ ଶୁଭେଚ୍ଛା

କିଶୋରନଗର, ୧୪।୧୦ (ସମିସ): କିଶୋରନଗର ବ୍ଲକ୍ ଅଧୀନସ୍ଥ ଖଣ୍ଡହତା ପିପ୍ପଳବାହାଳରେ ଲକ୍ଷ୍ମୀପୂଜା ଅବସରରେ ଆୟୋଜିତ ହୋଇଥିବା ବିରାଟ ଧନୁଯାତ୍ରା ଆଜି ୬ଷ୍ଠ ଦିବସରେ ଉପନୀତ ହୋଇଛି। ଘୋଷର ଗ୍ରାମ ଗୋପପୁର ପାଲଟିଯାଇ ସମଗ୍ର ବାୟୁମଣ୍ଡଳ କୃଷ୍ଣମୟ ପାଲଟିଛି। ଖଣ୍ଡହତା ପିପ୍ପଳବାହାଳ ଗ୍ରାମ ମଥୁରା ନଗରରେ ପରିଣତ ହୋଇ କଂସ ମହାରାଜଙ୍କ ଶାସନରେ ଅତିଷ୍ଠ ହୋଇ ଲୁହ ଝରାଉଛି। କୃଷ୍ଣ ଭୂମିକାରେ ବଇଣ୍ଡାସ୍ଥ ତାପସ କରଙ୍କ ପୁତ୍ର ସୌମ୍ୟରଞ୍ଜନ ଅଭିନୟ କରୁଥିବା ସ୍ଥଳେ ବିଶ୍ୱ ପ୍ରସିଦ୍ଧ ବରଗଡ ଧନୁଯାତ୍ରା ମହୋତ୍ସବର କଂସ ଭୁବନେଶ୍ୱର ପ୍ରଧାନ କଂସ ଭୂମିକାରେ ଅଭିନୟ କରୁଛନ୍ତି। ଉକ୍ତ ୬ଷ୍ଠ ଦିବସରେ ଶ୍ରୀକୃଷ୍ଣ କଂସାସୁରଙ୍କର ବହୁ ଅସୁରଙ୍କୁ ବଦ୍ଧ କରିଥିବା ସ୍ଥଳେ ଆଜି ଚିତାଉ ଅକ୍ରୁର ଦ୍ୱାରା ପ୍ରେରଣ କରି କଂସ ମହାରାଜ କୃଷ୍ଣଙ୍କୁ ଗୋପପୁରରୁ ମଥୁରାକୁ ଧନୁଯାତ୍ରା ମହୋତ୍ସବ ଦେଖିବାକୁ ନିମନ୍ତ୍ରଣ କରିଛନ୍ତି। ଉକ୍ତ ଧନୁଯାତ୍ରାରେ କୃଷ୍ଣ ଭୂମିକାରେ ଅଭିନୟ କରୁଥିବା ସୌମ୍ୟରଞ୍ଜନଙ୍କ ଭୂମିକା ଅତ୍ୟନ୍ତ ଜୀବନ୍ତ ଥିବାରୁ ଚାରିଆଡ଼ୁ ତାଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନର ସୁଅ ଛୁଟୁଛି। ବରଗଡ଼ ଧନୁଯାତ୍ରାରେ କୃଷ୍ଣ ଭୂମିକାରେ ଅଭିନୟ କରିବାକୁ ମଧ ନିମନ୍ତ୍ରଣ ମିଳିଛି। ଉକ୍ତ ଖବର ଶୁଣି ଅଞ୍ଚଳବାସୀଙ୍କ ମଧ୍ୟରେ ଖୁସିର ଲହରି ଖେଳିଯାଇଛି।



## ଗଜଲକ୍ଷ୍ମୀ ପୂଜା ନାଟକ

# ଯମରାଜଙ୍କୁ କଂସ ଦରବାରକୁ କଲେ ନିମନ୍ତ୍ରଣ



କିଶୋରନଗର,୧୪।୧୦(ସମିସ): ପବିତ୍ର ଗଜଲକ୍ଷ୍ମୀ ପୂଜା ଅବସରରେ କିଶୋରନଗର ବ୍ଲକ୍ ଖଣ୍ଡହତା-ପିପ୍ପଳବାହାଳ ଲକ୍ଷ୍ମୀପୂଜା କମିଟି ପକ୍ଷରୁ ଆୟୋଜିତ ଧନୁଯାତ୍ରା ମହୋତ୍ସବର ଅଷ୍ଟମ ସନ୍ଧ୍ୟାରେ ବେଶ୍ ବ୍ୟସ୍ତବିବ୍ରତ ହୋଇପଡିଛନ୍ତି କଂସ ମହାରାଜ। ଆସନ୍ନ ମୃତ୍ୟୁକୁ ଭାବି ଆତଙ୍କିତ ହୋଇ ବାସ୍ତବତାକୁ ଜାଣିବା ପାଇଁ ସେ ଯମରାଜଙ୍କୁ ଦରବାରକୁ ନିମନ୍ତ୍ରଣ ଜଣାଇଛନ୍ତି। ପାଞ୍ଜିରେ ତାଙ୍କ ପାପକୁ ସେ ଦୃଢ଼ ଭାବେ ଖଣ୍ଡନ କରିଛନ୍ତି। ଆଜିର କଂସ ଦରବାରରେ ରାଜଅତିଥି ଭାବେ ବରିଷ୍ଠ ବିଜେପି ନେତା ପ୍ରକାଶ ଡାଙ୍ଗ, ବିଜେପି ଜିଲ୍ଲା ସମ୍ପାଦକ ଚିତ୍ତରଞ୍ଜନ ମେହେର, ବିଜେପି ଜିଲ୍ଲା କାର୍ଯ୍ୟକାରିଣୀ ସଭ୍ୟ ଅଖିଳ କୁମାର ପ୍ରଧାନ, ବରିଷ୍ଠ ବୁଦ୍ଧିଜୀବୀ ପଓ୍ୱନ କୁମାର କଟାରୁକା ପ୍ରମୁଖ ଯୋଗଦେଇଥିଲେ। ଶିଶୁ କଳାକାର ସୋନାଲି ପ୍ରଧାନ ଚିତ୍ତାକର୍ଷକ ନୃତ୍ୟ ପରିବେଷଣ କରିଥିଲେ। ଏ ଅବସରରେ ଲକ୍ଷ୍ମୀପୂଜା କମିଟିର ପୂର୍ବତନ ସମ୍ପାଦକ ରତ୍ନାକର ସାହୁ, ସୁଧାସାଗର ପ୍ରଧାନ ଓ ହେମନ୍ତ ପ୍ରଧାନଙ୍କୁ କଂସ ମହାରାଜ ସମ୍ମାନିତ କରିଥିଲେ। ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାରପ୍ରାପ୍ତ ଶିକ୍ଷକ ତଥା ଶିଶୁ ସାହିତ୍ୟିକ ସଂଗ୍ରାମ କେଶରୀ ପୃଷ୍ଟି ବିଦୂଷକ ଭୂମିକାରେ ଅବତୀର୍ଣ୍ଣ ହୋଇ ମଞ୍ଚ ପରିଚାଳନା କରିଥିଲେ।

# ଏନଟିପିସି ବଜାରରୁ ମା' ଲକ୍ଷ୍ମୀଙ୍କୁ ମେଲାଣି



କଣିହାଁ,୧୪।୧୦(ସମିସ): ଅନୁଗୋଳ ଜିଲ୍ଲା କଣିହାଁସ୍ଥ ଏନଟିପିସି ବଜାରର ୯ଟି ମଣ୍ଡପରେ ପୂଜା ପାଉଥିବା ଗଜଲକ୍ଷ୍ମୀ ମେଲାଣି ନେଇଛନ୍ତି। ସମସ୍ତ ପୂଜା କମିଟି ପକ୍ଷରୁ ମା' ଲକ୍ଷ୍ମୀଙ୍କ ଭସାଣି ନିମିତ୍ତ ବ୍ୟାପକ ଆୟୋଜନ କରାଯାଇଥିଲା। ମେଢ଼ ଭସାଣି ନିମିତ୍ତ ଭୀମକାଣ୍ଡ ଦଶହରା ପଡିଆରେ ଏକାଠି ହୋଇଥିଲେ। ସେଠାରୁ ବିଭିନ୍ନ ପାରମ୍ପରିକ ବାଜା, ନାଚଗୀତ ମାଧ୍ୟମରେ ଏକ ବିରାଟ ପଟୁଆର ମାଧ୍ୟମରେ ଏନଟିପିସି ବଜାର ପରିକ୍ରମା କରିଥିଲା। ଟିକିରା ବ୍ରାହ୍ମଣୀ ନଦୀରେ ପାରମ୍ପରିକ ନୀତିରେ ମା'ଙ୍କୁ ବିସର୍ଜନ କରାଯାଇଥିଲା। କଣିହାଁ ବ୍ଲକ୍‌ର ବିଭିନ୍ନ ଗ୍ରାମରେ ମଧ ମା' ଲକ୍ଷ୍ମୀଙ୍କୁ ବିସର୍ଜନ କରାଯାଇଛି।

# ଗଣିତ ଓ ବିଜ୍ଞାନ ଶିକ୍ଷକ ଶିକ୍ଷୟିତ୍ରୀଙ୍କର ସହଭାଗିତା ତାଲିମ



ଗଁଦିଆ,୧୪।୧୦(ସମିସ): ଗଁଦିଆ ସରକାରୀ ଉଚ୍ଚ ବିଦ୍ୟାଳୟରେ ଷଷ୍ଠ ଶ୍ରେଣୀରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଶିକ୍ଷାଦାନ ଦେଉଥିବା ଉଭୟ ଗଣିତ ଓ ବିଜ୍ଞାନ ଶିକ୍ଷକ ଶିକ୍ଷୟିତ୍ରୀଙ୍କର ସହଭାଗିତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମକୁ ପ୍ରଧାନଶିକ୍ଷକ ଅରୁଣ କୁମାର ଓଝା ଉଦ୍‌ଘାଟନ କରିଥିଲେ। ବିଦ୍ୟାଳୟର ସ୍ମାର୍ଟକକ୍ଷ-୧ରେ ଅନୁଷ୍ଠିତ ହୋଇଯାଇଅଛି। ସହକାରୀ ଗୋଷ୍ଠୀ ଶିକ୍ଷା ଅଧିକାରୀ ତଥା ଗୋଷ୍ଠୀ ସାଧନ କେନ୍ଦ୍ର ସଞ୍ଚୋଳକ ସୁବାଷ ଚନ୍ଦ୍ର ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସହକାରୀ ଗୋଷ୍ଠୀ ଶିକ୍ଷା ଅଧିକାରୀ ବିଦ୍ୟାଧର ପରିଡା ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ସାଧନ କର୍ମୀଭାବେ ସୁଶାନ୍ତ କୁମାର ସାହୁ, ମୋହନ କୁମାର ସାହୁ, କ୍ଷୀରୋଦ କୁମାର ସାହୁ ଯୋଗଦାନ ପ୍ରଦାନ କରିଥିଲେ। ଗଁଦିଆ ବ୍ଲକର ସମସ୍ତ ଉଚ୍ଚ ବିଦ୍ୟାଳୟର ଗଣିତ ବିଜ୍ଞାନ ଶିକ୍ଷକ ଶିକ୍ଷୟିତ୍ରୀମାନେ ଯୋଗଦେଇଥିଲେ।

# ବରିଷ୍ଠ ନାଗରିକ ଅନ୍ତେବାସୀଙ୍କ ଲକ୍ଷ୍ମୀପୂଜା ଦର୍ଶନ



ଗଁଦିଆ,୧୪।୧୦(ସମିସ): ଢେଙ୍କାନାଳ ସହର ଉପକଣ୍ଠ ଆନନ୍ଦନଗର ଅଞ୍ଚଳରେ ଥିବା ଐରା ଅନୁଷ୍ଠାନ ଦ୍ୱାରା ପରିଚାଳିତ କୁଞ୍ଜବିହାରୀ ବରିଷ୍ଠ ନାଗରିକ ଅନ୍ତେବାସୀମାନେ ମଙ୍ଗଳବାର ଢେଙ୍କାନାଳ ସହରରେ ହେଉଥିବା ଲକ୍ଷ୍ମୀପୂଜା ଉତ୍ସବ ବୁଲି ଦର୍ଶନ କରିଛନ୍ତି। ଜିଲ୍ଲା ଆଇନସେବା ପ୍ରାଧିକରଣ ଓ ପୌରସଂସ୍ଥାର ମିଳିତ ସହଯୋଗରେ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଅନ୍ତେବାସୀମାନେ ବିଭିନ୍ନ ପୂଜାମଣ୍ଡପ ବୁଲି ମା' ଲକ୍ଷ୍ମୀଙ୍କୁ ଦର୍ଶନ କରିବା ସହିତ ମା'ଙ୍କର କୃପା ଲାଭ କରିଥିଲେ। ବରିଷ୍ଠ ନାଗରିକମାନେ ପୂଜା ଦେଖିବା ପାଇଁ ଢେଙ୍କାନାଳ ପୌରାସଂସ୍ଥା ଦ୍ୱାରା ୩ଟି ବ୍ୟାଟେରୀ ଚାଳିତ ଗାଡିର ବ୍ୟବସ୍ଥା କରାଯାଇଥିଲା। ଉକ୍ତ ଗାଡିଗୁଡିକରେ ସେମାନେ କଲେଜ ଛକଠାରୁ ଆରମ୍ଭ କରି ଢେଙ୍କାନାଳ ସହରରେ ଥିବା ସମସ୍ତ ପୂଜାମଣ୍ଡପ ବୁଲି ଆନନ୍ଦଲାଭ କରିଥିଲେ। ଐରା ଅନୁଷ୍ଠାନର ନିର୍ଦ୍ଦେଶକ ଡଃ ସୁରେଶ କୁମାର ପଣ୍ଡାଙ୍କ ନିର୍ଦ୍ଦେଶରେ କୁଞ୍ଜବିହାରୀ ବରିଷ୍ଠ ନାଗରିକ ଗୃହର ପରିଚାଳକ ସିତାଂଶୁ ଶେଖର ପଣ୍ଡାଙ୍କ ନେତୃତ୍ୱରେ ସମାଜସେବୀ ପ୍ରଦ୍ୟୁମ୍ନ ପଣ୍ଡା, ପ୍ରମୋଦ ସେଠି, ତପସ୍ୱିନୀ ନାୟକ, ଗାୟିତ୍ରୀ ମିଶ୍ର, ଗୀତାଞ୍ଜଳି ପଣ୍ଡା, ବବିତା ଧଳ ପ୍ରମୁଖ ବରିଷ୍ଠ ନାଗରିକ ମାନଙ୍କୁ ଦର୍ଶନ କରାଇବାରେ ସହଯୋଗ କରିଥିଲେ।

# ଜଳବିଭାଜିକାରେ ଟଙ୍କା ହଡ଼ପ ଘଟଣା; କାର୍ଯ୍ୟାନୁଷ୍ଠାନ ଶୂନ



କଙ୍କଡାହାଡ,୧୪।୧୦(ସମିସ): କଙ୍କଡାହାଡ଼ ବ୍ଲକକୁ ଆକାଂକ୍ଷା ବ୍ଲକ୍ ରୂପେ ପରିଗଣିତ ହେଉଥିବା ବେଳେ ଏବେ ବି ଶୋଷଣର ଶିକାର ହେଉଛନ୍ତି କିଛି ହିତାଧିକାରୀ ବୋଲି ଅଭିଯୋଗ ହେଉଛି। ଏମିତି ଏକ ଖବର ଗତକିଛି ଦିନ ହବ ଲଗାତାର ଗଣମାଧ୍ୟମର ଶିରୋନାମା ପାଲଟିଛି। ଖବର ମୁତାବକ କଙ୍କଡାହାଡ ବ୍ଲକ ଗଡପଳାଶୁଣୀ ପଞ୍ଚାୟତ ଜରଡା ଦେହୁରୀହତା ଜଳବିଭାଜିକା କମିଟି ଗଠନକୁ ନେଇ ହେଉ ଅବା କମିଟି ଅଧୀନରେ ଚାଷୀଙ୍କ ସହାୟତା ରାଶିକୁ କିଛି ଅସାଧୁ ବ୍ୟକ୍ତି ଟଙ୍କା ହଡପ ଅଭିଯୋଗ ବ୍ଲକସ୍ଥିତ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ପ୍ରକୋଷ୍ଠରେ ଉଭୟ ଗ୍ରାମବାସୀ ଆପତ୍ତି କରିଥିଲେ ମଧ୍ୟ ଏପର୍ଯ୍ୟନ୍ତ ସମାଧାନ ହୋଇପାରିଲା ନାହିଁ। ଗଣମାଧ୍ୟମରେ ଖବର ପ୍ରଘଟ ହେଲା ପରେ ଜଳବିଭାଜିକା ପ୍ରକଳ୍ପ ଅଧିକାରୀ କଳ୍ପବଟ ବେହେରା ଲୋକଙ୍କୁ ପ୍ରତିଶ୍ରୁତି ଦେଇ କହିଥିଲେ ଗାଁକୁ ଯାଇ ସମାଧାନ କରିବାସହ ଶୋଷଣର ଶିକାର ହେଇଥିବା ଲୋକଙ୍କୁ ତାଙ୍କ ଟଙ୍କା ଫେରସ୍ତ କରାଯିବ। ମାତ୍ର ପ୍ରତିଶ୍ରୁତି ପାଣିର ଗାର ସଦୃଶ ହୋଇ ରହିଗଲା ବୋଲି ଅସନ୍ତୋଷ ପ୍ରକାଶ ପାଇଛି। ଏସମ୍ପର୍କରେ ମଧ୍ୟ ପର୍ଜଙ୍ଗ ବିଧାୟକ ବିଭୂତି ଭୂଷଣ ପ୍ରଧାନଙ୍କୁ ଉଭୟ ଗ୍ରାମର ଶତାଧିକ ଲୋକ ଲିଖିତ ଅଭିଯୋଗ କଲେ ମଧ୍ୟ ଗୁରୁତର ସହ ନେଉନଥିବା ଅଭିଯୋଗ ହେଉଛି। ଏଠି ପ୍ରଶ୍ନ ଉଠେ କେମିତି ଏବଂ କିଭଳି ଭାବରେ ଲକ୍ଷାଧିକ ଟଙ୍କାର ବିଲ୍ ଅନୁମୋଦନ ହେଲା କମିଟିର ବିନା ଅଗୋଚରରେ ତାହା ଏବେ ଗାଁ ଗାଁରେ ହଟକମ୍ପନ ହବାସହ ପ୍ରଶ୍ନବାଚୀ ସୃଷ୍ଟି ହେଇଛି।

# ଜିଲ୍ଲାସ୍ତରୀୟ ଲୋକକଳା ମହୋତ୍ସବ ଉଦ୍‌ଯାପିତ

ଢେଙ୍କାନାଳ,୧୪।୧୦(ସମିସ):



ସ୍ଥାନୀୟ ପଲ୍ଲୀଶ୍ରୀ ମେଳାପଡ଼ିଆରେ ଅଷ୍ଟମ ଜିଲ୍ଲାସ୍ତରୀୟ ଲୋକ କଳା ମହୋତ୍ସବ ଉଦ୍‌ଯାପିତ ହୋଇଯାଇଛି। ସଦର ଉପଜିଲ୍ଲାପାଳ ବିଭୁଧ ଗଡନାୟକ ମୁଖ୍ୟଅତିଥି ରୂପେ ଯୋଗଦେଇ ଆମ ଲୋକ କଳା ଆମ ସଂସ୍କୃତି ଓ ପରମ୍ପରାକୁ ବହନ କରି ଆମକୁ ସ୍ୱତନ୍ତ୍ର ପରିଚୟ ପ୍ରଦାନ କରୁଛି ବୋଲି ମତବ୍ୟକ୍ତ କରିଥିଲେ। ସମ୍ମାନିତ ଅତିଥି ଭାବେ ଓରମାସର ଡେପୁଟି ସିଇଓ ସୁବଳ କୁମାର ଜେନାମଣି ଯୋଗଦେଇ ଲୋକ କଳା ମହୋତ୍ସବ ପଲିଶ୍ରୀ ମେଳାକୁ ଋଦ୍ଧିମନ୍ତ କରିଛି ବୋଲି ପ୍ରକାଶ କରିଥିଲେ। କଳା ସଂସ୍କୃତି ସଂଘ ଉପସଭାପତି ଅବନୀ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାକୁ ଭୁବନ କଳା ସଂସ୍କୃତି ସଂଘ ଉପସଭାପତି ଅଶୋକ କୁମାର ସାମଲ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। କଙ୍କଡାହାଡ ଉପ ସଭାପତି ତରୁଣ କୁମାର ପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ। ଗତ ୧୨ତାରିଖରୁ ଆରମ୍ଭ ହେଇଥିବା ଲୋକକଳା ମହୋତ୍ସବ ତିନି ଦିନ ଧରି ଚାଲିଥିଲା। ଦିତୀୟ ଦିବସରେ ଢେଙ୍କାନାଳ ପୌରାଧ୍ୟକ୍ଷା ଜୟନ୍ତୀ ପାତ୍ର ଓ ଗଁଦିଆ ବ୍ଲକ ଗୋଷ୍ଠୀ ଉନ୍ନୟନ ଅଧିକାରୀ ତଥା ବ୍ଲକ କଳା ସଂସ୍କୃତି ସଂଘ ସଭାପତି ପବିତ୍ର କୁମାର ବେହେରା ଅତିଥି ଭାବରେ ଯୋଗଦେଇଥିଲେ। କଙ୍କଡାହାଡ଼, ଭୁବନ ଓ ପରଜଙ୍ଗ ବ୍ଲକର କଳାକାରମାନେ କଳା ପରିବେଷଣ କରିଥିଲେ। ଜିଲ୍ଲା ସଂସ୍କୃତି ଅଧିକାର ଅଭିଷେକ ବେହେରା ଓ ଉପସଭାପତି ଅବନୀ ମିଶ୍ର ତଥା ସମସ୍ତ ବ୍ଲକ କଳା ସଂସ୍କୃତି ସଂଘ ଉପସଭାପତି ବିଭୂତି ବିଶ୍ୱାଳ, ହଳଧର ମଲ୍ଲିକ, ବିମଳ ବିଶ୍ୱାଳ, ଅଶୋକ ସାମଲ, ତରୁଣ ପାତ୍ର ଦୁର୍ଯ୍ୟୋଧନ ଜେନା, ଦୁର୍ଗାଚରଣ ମହାପାତ୍ର ଓ ପ୍ରଭାକର ନାଥ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# କାଉନ୍‌ସିଲ କୁସ୍ତି ପ୍ରତିଯୋଗିତାରେ ସୁନିତାଙ୍କୁ ସ୍ୱର୍ଣ୍ଣ

ଢେଙ୍କାନାଳ,୧୪।୧୦(ସମିସ): ପୁରୀ ଜିଲ୍ଲା ହାରିଚଣ୍ଡି ସାହି ବାରବାଟିଠାରେ କାଉନସିଲ କୁସ୍ତି ପ୍ରତିଯୋଗିତା ଗତ ୧୨ ଓ ୧୩ ତରିଖ ଦୁଇଦିନ ଧରି ଅନୁଷ୍ଠିତ ହୋଇଯାଇଛି। ଢେଙ୍କାନାଳ ଜିଲ୍ଲା ମହିମା ମହାବିଦ୍ୟାଳୟର ୨ଜଣ ବାଳିକା ପ୍ରତିଯୋଗୀ ୫୦ କିଲୋବର୍ଗରେ ଲିସା ଭୋଇ ଆଉ ୫୫ କିଲୋ ବର୍ଗରେ ସୁନୀତା ବେହେରା ଭାଗନେଇଥିଲେ। ସେଥି ମଧ୍ୟରୁ ସୁନିତା ବେହେରା ପ୍ରଥମ ସ୍ଥାନ ଅଧିକାରୀ କରି ସ୍ୱର୍ଣ୍ଣ ପଦକ ପାଇଛନ୍ତି। ସେ ୧ରୁ ୫ ତାରିଖ ହରିୟାଣା ପାନିପଥକୁ ଅନ୍ତଃ କାଉନସିଲ ପ୍ରତିଯୋଗିତାକୁ ଯିବା ପାଇଁ ମନୋନୀତ ହୋଇଛନ୍ତି। ୨ ଖେଳାଳିଙ୍କ କୁସ୍ତି ଏନଆଇସି ପ୍ରଶିକ୍ଷକଙ୍କୁ ମଧ କାଉନସିଲ ପରିଚାଳନା କମିଟି ଦ୍ୱାରା ତାଙ୍କ ଉଚ୍ଚତମ ଖେଳ ଦିଗଦର୍ଶନ ପାଇଁ ସମ୍ମାନିତ କରିଥଲେ। ଯାହା ଆମ ଢେଙ୍କାନାଳ ଜିଲ୍ଲା ପାଇଁ ଗର୍ବ ଆଉ ଗୌରବର ବିଷୟ। ସୁନିତାଙ୍କ ସଫଳତାରେ ମହିମା ଉଚ୍ଚ ମାଧମିକ



ବିଦ୍ୟାଳୟ ଅଧକ୍ଷ ପ୍ରହ୍ଲାଦ କୁମାର ସ୍ୱାଇଁ, ସମସ୍ତ ଅଧାପକ, ଅଧାପିକା, ଉଦୟନାଥ ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ଅନିତା ବେହେରା ଓ ଅନ୍ୟ ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ, କୋଚ୍ ଆର୍ଯ୍ୟ ପଟ୍ଟନାୟକ ଏବଂ ନାଠୁଆ ଗ୍ରାମବାସୀଙ୍କର ମନରେ ଖୁସିରଲହରୀ ଖେଳିଯାଇଛି। ତାଞ୍ଜାନିଆରେ ଥିବା ଇଞ୍ଜିନିୟର କୋଚ୍ ଆର୍ଯ୍ୟ ପଟ୍ଟନାୟକଙ୍କ ସାଙ୍ଗ ପ୍ରଦୀପ୍ତ ଖଟୁଆ ଢେଙ୍କାନାଳ କୁସ୍ତି ପିଲାଙ୍କ ଅଭ୍ୟାସ ପାଇଁ ଉପକରଣ, ପୃଷ୍ଟିକର ଖାଦ୍ୟ ଓ ପୋଷାକପତ୍ର ଯୋଗାଇ ଆସୁଛନ୍ତି। ମାତ୍ର ଜିଲ୍ଲା କୁସ୍ତି ସଂଘର ବୈମାତୃକ ଭାବ କିଛି ବି ସୁବିଧା ସୁଯୋଗ ନାହିଁ, ଯାହା ଖେଳାଳିଙ୍କୁ କଷ୍ଟ ଦେଉଛି। ପ୍ରଶାସନଙ୍କୁ ବାରମ୍ବାର ଜଣାଇଲେ ବି କିଛି ସୁଫଳ ମିଳନାହିଁ ବୋଲି ଅଭିଯୋଗ ହେଉଛି। ଯଦି ସରକାର କୁସ୍ତିବିତମାନଙ୍କୁ ଉତ୍କୃଷ୍ଟ ସୁବିଧା ଦେବେ, ତେବେ ଖେଳାଳିମାନେ ଦେଶ ତଥା ବିଦେଶରେ ଆହୁରି ସୁନାମ ଆଣି ପାରନ୍ତେ ବୋଲି କୁସ୍ତି କୋଚ୍ ତଥା ପୂର୍ବତନ ଖେଳାଳି କହିଛନ୍ତି।

# ବ୍ଲକ୍ ଅଧକ୍ଷାଙ୍କ ବିରୁଧରେ ଆସିଥିବା ଅନାସ୍ଥା ଭୋଟିଂ ସ୍ଥଗିତ

ହିନ୍ଦୋଳ,୧୪।୧୦(ସମିସ): ହିନ୍ଦୋଳ ବ୍ଲକ୍ ଅଧକ୍ଷାଙ୍କ ବିରୁଧରେ ଆସିଥିବା ଅନାସ୍ଥା ଭୋଟିଂ ମଙ୍ଗଳବାର ସ୍ଥଗିତ ରଖାଯାଇଥିବା ପ୍ରଶାସନ ସୂତ୍ରରୁ ଜଣାପଡ଼ିଛି। ଚଳିତ ମାସ ୩ ତାରିଖରେ ବ୍ଲକ୍ ଉପାଧକ୍ଷ ବରୁଣ କୁମାର ସରଙ୍କ ତତ୍ତ୍ୱାବଧାନରେ ଅଧକ୍ଷ ସସ୍ମିତାରାଣୀ ନାୟକଙ୍କ ବିରୁଧରେ ଅନାସ୍ଥା ଆଗତ କରିଥିଲେ। ଶିବମନ୍ଦିରରେ ୬୧ ଜଣ ସରପଞ୍ଚ, ସମିତି ସଭ୍ୟ ସଭ୍ୟା ଦସ୍ତଖତ କରି ଅଧକ୍ଷାଙ୍କୁ ବହିଷ୍କୃତ କରିବା ପାଇଁ ଶପଥ କରିଥିଲେ। ଉକ୍ତ ଦରଖାସ୍ତ ସମ୍ବଳିତ ଦାବିପତ୍ର ଉପଜିଲ୍ଲାପାଳ ପ୍ରଭାସ କୁମାର ବେହୁରାଙ୍କୁ ପ୍ରଦାନ କରିଥିଲେ। ୬୧ ଜଣ ପ୍ରତିନିଧି ଅନାସ୍ଥା ସପକ୍ଷରେ ଏକାଠି ହୋଇଥିଲେ। ଭୋଟିଂ ୧୪ ତାରିଖରେ ହେବାକୁ ଥିବାରୁ ଗତ ୯ ତାରିଖ ଦିନ ଅଧକ୍ଷାଙ୍କ ସମର୍ଥକମାନେ ପ୍ରଥମେ ସରପଞ୍ଚ, ସମିତି ସଭ୍ୟ ସଭ୍ୟାମାନଙ୍କୁ ରାଜ୍ୟ ବାହାରକୁ ନେଇଯାଇଥିଲେ। ପରବର୍ତ୍ତୀ ମୁହୂର୍ତ୍ତରେ ଉଭୟ ପକ୍ଷ ନିଜ ନିଜ କ୍ୟାମ୍ପ କରି ସରପଞ୍ଚ ଓ ସମିତି ସଭ୍ୟ ସଭ୍ୟାମାନଙ୍କୁ ନିଜ ସୁରକ୍ଷିତ ଜାଗାରେ ରଖିଥିଲେ। ମଙ୍ଗଳବାର ସନ୍ଧ୍ୟାରେ କିଛି ପ୍ରତିନିଧି ଦେହ ଅସୁସ୍ଥ ଥିବା ଦର୍ଶାଇ ନିକଟସ୍ଥ ଡାକ୍ତରଖାନାକୁ ଯାଇଥିଲେ। ମାତ୍ର ଏହା ରାଜନୀତିକ ଘଟଣା ହୋଇଥିବାରୁ ଡାକ୍ତରଖାନା କର୍ତ୍ତୃପକ୍ଷ ପ୍ରତିନିଧିମାନଙ୍କୁ ଫେରେଇ ଦେଇଥିଲେ। ମାତ୍ର ସନ୍ଧ୍ୟାରେ ଭୋଟିଂ ଅନିର୍ଦ୍ଧିଷ୍ଟ ସମୟ ପର୍ଯ୍ୟନ୍ତ ସ୍ଥଗିତ ହେବା ନେଇ ହିନ୍ଦୋଳ ପ୍ରଶାସନ ପକ୍ଷରୁ ଚିଠିରେ ସମସ୍ତ ସରପଞ୍ଚ, ସମିତି ସଭ୍ୟ ସଭ୍ୟା, ବିଧାୟିକା ଓ ସାଂସଦମାନଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଛି। ସମୁଦାୟ ୭୧ ଜଣ ପ୍ରତିନିଧିଙ୍କ ମଧ୍ୟରୁ ୧୧ ଜଣ ପ୍ରତିନିଧି ନିକଟସ୍ଥ ଡାକ୍ତରଖାନାରେ ଗୁରୁତର ରୋଗାଗ୍ରସ୍ଥ ହୋଇ ଚିକିତ୍ସିତ ହେଉଥିବା ଚିଠିରେ ସ୍ପଷ୍ଟ ଲିପିବଦ୍ଧ ହୋଇଛି। ଯାହାକି ଏବେ ହିନ୍ଦୋଳରେ ରାଜନୀତି ସରଗରମ ହୋଇଛି।



# ଶିକ୍ଷକଙ୍କୁ ଆକ୍ରମଣ ଅଭିଯୋଗ

ଗଁଦିଆ,୧୪।୧୦(ସମିସ): ଜାତୀୟ ପୁରସ୍କାରପ୍ରାପ୍ତ ଶିକ୍ଷକ ଦ୍ୱିତିଚନ୍ଦ୍ର ସାହୁଙ୍କୁ ଆକ୍ରମଣ ଅଭିଯୋଗ। ଶିକ୍ଷକଙ୍କ ମୋବାଇଲ ଫୋନ ଛଡ଼ାଇ ମରଣାତ୍ମକ ଆକ୍ରମଣ କରି ଫେରାର ହୋଇଥିବା ଦୁର୍ବୃତ୍ତଙ୍କୁ ତୁରନ୍ତ ଧରି କାର୍ଯ୍ୟାନୁଷ୍ଠାନ ପାଇଁ ଜାତୀୟ ପୁରସ୍କାରପ୍ରାପ୍ତ ଶିକ୍ଷକ ଫୋରମ ଓଡିଶାର ସଭାପତି ପ୍ରକୃତି ବନ୍ଧୁ ହରିହର ସାହୁ ଓଡିଶା ସରକାରଙ୍କ ସଦୟ ଦୃଷ୍ଟି ଆକର୍ଷଣ କରିଛନ୍ତି। ଏଭଳି ଜଘନ୍ୟ ଆକ୍ରମଣକୁ ଦୃଢ଼ ନିନ୍ଦା କରିବା ସହିତ ଜାତୀୟ ପୁରସ୍କାରପ୍ରାପ୍ତ ଶିକ୍ଷକଙ୍କ ଜୀବନ ସୁରକ୍ଷା ନାହିଁ ବୋଲି ଚିନ୍ତା ପ୍ରକଟ କରିଛନ୍ତି। ମାତ୍ର ଦୋଷୀକୁ ଉପଯୁକ୍ତ ଦଣ୍ଡ ମିଳୁ ବୋଲି ଶ୍ରୀ ସାହୁ ମତପ୍ରକାଶ କରିବା ସହିତ ଜାତୀୟ ପୁରସ୍କାରପ୍ରାପ୍ତ ଶିକ୍ଷକଙ୍କ ଚିକିତ୍ସା ଖର୍ଚ୍ଚ ସରକାର ବହନ କରିବା ପାଇଁ ଶ୍ରୀ ସାହୁ ଓଡିଶା ସରକାରଙ୍କ ନିକଟରେ ଦାବି ଉପସ୍ଥାପନ କରିଛନ୍ତି।

# ବ୍ରାହ୍ମଣୀ ନଦୀରୁ ଯୁବକ ନିଖୋଜ

ଢେଙ୍କାନାଳ,୧୪।୧୦(ସମିସ): ଗଁଦିଆ ଥାନା ଅନ୍ତର୍ଗତ ବଣସିଂ ପଞ୍ଚାୟତ ଭୁଇଁପୁର ଗ୍ରାମଦେଇ ଯାଇଥିବା ବ୍ରାହ୍ମଣୀ ନଦୀରୁ ଆଜି ଜଣେ ଯୁବକ ନିଖୋଜ ହୋଇଯାଇଥିବା ଜଣାପଡିଛି। କଟକ ଜିଲ୍ଲା ଆଠଗଡ଼ ଅଞ୍ଚଳର ଯୁବକ ଗ୍ୟାନେଶ ଦାସ ବୟସ ୨୨ ପିତା ରମେଶ ଦାସ ନିଜ ସମ୍ପର୍କୀୟଙ୍କ ଘର ଭୁଇଁପୂର ଗ୍ରାମକୁ ବୁଲିବାକୁ ଆସିଥିଲେ। ଆଜି ଗ୍ରାମ ନିକଟ ବ୍ରାହ୍ମଣୀ ନଦୀକୁ ଗାଧେଇବାକୁ ଯାଇଥିଲେ। ତେବେ ଅନେକ ସମୟ ବିତିଯିବା ପରେ ମଧ୍ୟ ଘରକୁ ନ ଫେରିବାରୁ ସମ୍ପର୍କୀୟମାନେ ଖୋଜାଖୋଜି ଆରମ୍ଭ କରିବା ସହିତ ଅଘଟଣ ସନ୍ଦେହ କରି ଦମକଳ ବାହିନୀକୁ ଖବର ଦେଇଥିଲେ। ଗଁଦିଆ ଦମକଳ ବାହିନୀ ଏବଂ ଭୁବନ ଦମକଳ ବାହିନୀ ମିଳିତ ଭାବରେ ନଦୀରେ ଖୋଜାଖୋଜି କରିବାପରେ ମଧ୍ୟ ତାଙ୍କ କୌଣସି ପତା ମିଳିନଥିବା ସୂଚନାରୁ ଜଣାପଡ଼ିଛି।


## ଆପଣଙ୍କ ପୁରୁଣା ବ୍ୟାଙ୍କ ଖାତାରେ ଟଙ୍କା ରଖି ଭୁଲିଯାଇଛନ୍ତି କି?



ଯାହା ଆପଣଙ୍କର ତାହାକୁ ପ୍ରାପ୍ତ କରିବାରେ ଆର୍‌ବିଆଇ ଆପଣଙ୍କୁ ସାହାଯ୍ୟ କରିବ ।

ଆପଣଙ୍କ ବ୍ୟାଙ୍କରେ ଅଚଳ ଖାତା (2 ବର୍ଷରୁ ଅଧିକ ଓ 10 ବର୍ଷ ପର୍ଯ୍ୟନ୍ତ ସମୟ ଧରି ନିଷ୍କ୍ରିୟ ଥିବା)ରେ ପଡ଼ିରହିଥିବା ଟଙ୍କା / ଦାବିହୀନ ଜମା (10 ବର୍ଷରୁ ଅଧିକ ସମୟ ଧରି)ଗୁଡ଼ିକୁ ଆର୍‌ବିଆଇର ଡିଇଏ ପାଣ୍ଠିକୁ ସ୍ଥାନାନ୍ତର କରିଦିଆଯାଇଥାଏ । ଆପଣ କିମ୍ବା ଆପଣଙ୍କର ଆଇନଗତ ଉତ୍ତରାଧିକାରୀ ତାହାକୁ ଯେକୌଣସି ସମୟରେ ଦାବି କରିପାରିବେ ।


## ନିଜ ଟଙ୍କାକୁ ଦାବି କରିବାର 3ଟି ସହଜ ସୋପାନ

1. ଆପଣଙ୍କ ବ୍ୟାଙ୍କର ଯେକୌଣସି ଶାଖା ପରିଦର୍ଶନ କରନ୍ତୁ, ତାହା ଆପଣଙ୍କ ନିୟମିତ ଶାଖା ନ ହୋଇଥିଲେ ମଧ୍ୟ କିଛି ଅସୁବିଧା ନାହିଁ
2. କେୱାଇସି ଦସ୍ତାବିଜ (ଆଧାର, ପାସ୍‌ପୋର୍ଟ, ମତଦାତା ପରିଚୟପତ୍ର କିମ୍ବା ଡ୍ରାଇଭିଂ ଲାଇସେନ୍ସ) ସହ ଏକ ଫର୍ମ ଦାଖଲ କରନ୍ତୁ
3. ଯାଞ୍ଚ ପରେ, ଯଦି ଆପଣଙ୍କର କୌଣସି ଅର୍ଥରାଶି ପ୍ରାପ୍ୟ ହୋଇଥାଏ ତେବେ ତାହାକୁ ସୁଧ ସହ ପ୍ରାପ୍ତ କରନ୍ତୁ

## ଆପଣଙ୍କର ଦାବିହୀନ ଜମାକୁ ଠାବ କରିବା ପାଇଁ

ଆପଣଙ୍କ ବ୍ୟାଙ୍କର ୱେବ୍‌ସାଇଟ୍‌ରେ ସନ୍ଧାନ କରନ୍ତୁ କିମ୍ବା ସମ୍ପ୍ରତି 30ଟି ବ୍ୟାଙ୍କକୁ ଅନ୍ତର୍ଭୁକ୍ତ କରୁଥିବା ଆର୍‌ବିଆଇର ଉଦ୍‌ଗମ ପୋର୍ଟାଲ (https://udgam.rbi.org.in) ଯାଞ୍ଚ କରନ୍ତୁ ।

ଅକ୍ଟୋବରରୁ ଡିସେମ୍ବର 2025 ମଧ୍ୟରେ ସାରାଦେଶରେ ସମସ୍ତ ଜିଲ୍ଲାରେ ଆୟୋଜିତ ହେଉଥିବା ସ୍ୱତନ୍ତ୍ର ଦାବିହୀନ ପରିସମ୍ପତ୍ତି ଶିବିର ପରିଦର୍ଶନ କରନ୍ତୁ




ଅଧିକ ବିବରଣୀ ପାଇଁ,
ପରିଦର୍ଶନ କରନ୍ତୁ: https://rbikehtahai.rbi.org.in
ମତାମତ ପାଇଁ, rbikehtahai@rbi.org.in କୁ ଲେଖନ୍ତୁ
କ୍ୟୁଆର୍ କୋଡ୍ ସ୍କାନ୍ କରନ୍ତୁ
ଆନୁଷ୍ଠାନିକ ହ୍ୱାଟ୍ସଆପ୍ ନମ୍ବର 99990 41935

ଜନହିତରେ ଜାରି କରିଛନ୍ତି
भारतीय रिज़र्व बैंक
RESERVE BANK OF INDIA
www.rbi.org.in


# ତପୋବନ ମେଳା ଆୟୋଜନ ନିମନ୍ତେ ପ୍ରସ୍ତୁତି ବୈଠକ

ଢେଙ୍କାନାଳ,୧୪।୧୦(ସମିସ):

ରାଜ୍ୟର ପ୍ରସିଦ୍ଧ ଶୈବପୀଠ କପିଳାସ ମହିମା ତପୋବନ ପୀଠସ୍ଥଳୀରେ କାର୍ତ୍ତିକ ଶୁକ୍ଳ ଦଶମୀ ଶୁକ୍ରବାର ଜନଜଗତ ଉଦ୍ଧାର ନିମନ୍ତେ ବାର୍ଷିକ ତପୋବନ ମେଳା ଅନୁଷ୍ଠିତ ହେବ। ଏହି ଉପଲକ୍ଷେ ମଧ୍ୟାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସଦଭାବନା ସଭାଗୃହଠାରେ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲଙ୍କ ଅଧକ୍ଷତାରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହି ମେଳା ଯେପରି ଶାନ୍ତିଶୃଙ୍ଖଳାର ସହିତ ସମାପନ ହେବ ସେଥିପାଇଁ ସମ୍ପୃକ୍ତ ବିଭାଗୀୟ ଅଧିକାରୀ ମାନେ ଯତ୍ନବାନ ହେବାକୁ କହିଥିଲେ। ଆବଶ୍ୟକ ସ୍ଥଳେ ରାସ୍ତା ମରାମତି ସହ ପାନୀୟଜଳ ଯୋଗାଣର ବ୍ୟବସ୍ଥା କରିବାକୁ ନିର୍ଦ୍ଦେଶ ଦେଇଥିଲେ। ମେଳାକୁ ଆସୁଥିବା ବୃଦ୍ଧବୃଦ୍ଧାମାନଙ୍କ ନିମନ୍ତେ ଯିବାଆସିବା ପାଇଁ ଏକ ସ୍ୱତନ୍ତ୍ର ଗାଡିର ବ୍ୟବସ୍ଥା କରାଯିବ ବୋଲି ସେ କହିଥିଲେ। କୌଣସି ପ୍ରକାରର ପଲିଥିନ ବ୍ୟବହାରକୁ ନିଷିଧ କରାଯିବ ଓ କେହି ବ୍ୟବହାର କଲେ ଏହାକୁ ଜବତ କରାଯିବ ବୋଲି ବନଖଣ୍ଡ ଅଧିକାରୀ ସୁମିତ କୁମାର କର ପ୍ରକାଶ କରିଥିଲେ। ମେଳାରେ ପର୍ଯ୍ୟାପ୍ତ ଆଲୋକ ବ୍ୟବସ୍ଥା କରାଯିବା ସହ ଭକ୍ତମାନଙ୍କ ରହଣି ପାଇଁ ଅସ୍ଥାୟୀ ଆଶ୍ରୟ ସ୍ଥଳର ବ୍ୟବସ୍ଥା ଓ ଆଇନଶୃଙ୍ଖଳା ରକ୍ଷା ବ୍ୟବସ୍ଥା କରାଯିବା ସମ୍ପର୍କରେ ଆଲୋଚନା ହୋଇଥିଲା। ବୈଠକରେ କୌପୀନଧାରୀ ମହିମା ସମାଜର ସଭାପତି ବାବା ରଘୁନାଥ ଦାସଙ୍କ ସହିତ ସାଧୁସନ୍ଥଗଣ, ତପୋବନ ମେଳାର ସମ୍ପାଦକ ପ୍ରଶାନ୍ତ କୁମାର ମହାପାତ୍ର, ମହିମା ଜ୍ୟୋତି ଯାତ୍ରାର ସଞ୍ଚୋଳକ ପ୍ରଦ୍ୟୁମ୍ନ ପ୍ରସାଦ ରଥ, ସଦର ବିଡିଓ ରାହୁଲ ମଣ୍ଡଳ ଓ ସମ୍ପୃକ୍ତ ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ରହି ପ୍ରସ୍ତୁତି ସମ୍ପର୍କରେ ଆଲୋଚନା କରିଥିଲେ। ଶେଷରେ ସଦର ଉପଜିଲ୍ଲାପାଳ ବିବୁଧ ଗଡନାୟକ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।



# ସମ୍ପାଦକୀୟ



ପ୍ରେମ ଓ କରୁଣା ବିନା ମାନବିକତା ମୂଲ୍ୟହୀନ
-ଦଲାଇ ଲାମା

ସକାଳ
THE SAKALA

## ଭତ୍ତା ଚିନ୍ତା

ଜନଆକାଂକ୍ଷିତ ଯୋଜନାଗୁଡ଼ିକୁ କେନ୍ଦ୍ର ସରକାର ସାଧାରଣତଃ କୌଣସି ରାଜ୍ୟ ବିଧାନସଭା ନିର୍ବାଚନ ଅବ୍ୟବହିତ ପୂର୍ବରୁ ଘୋଷଣା କରନ୍ତି ଏବଂ ଅପ୍ରତ୍ୟାଶିତ ସଫଳତା ମଧ୍ୟ ହାସଲ କରନ୍ତି । ଏହିକ୍ରମରେ ଆସନ୍ନ ବିହାର ବିଧାନସଭା ନିର୍ବାଚନ ପୂର୍ବରୁ ଆଶା କରାଯାଉଥିଲା ଯେ ସଂଗଠିତ ଅଣସରକାରୀ କ୍ଷେତ୍ରରେ କାର୍ଯ୍ୟରତ କର୍ମଚାରୀଙ୍କ ସାମାଜିକ-ଆର୍ଥିକ ନିରାପତ୍ତା ପାଇଁ ଉଦ୍ଦିଷ୍ଟ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି(ଇପିଏଫ୍) ଅନ୍ତର୍ଗତ ଅବସରକାଳୀନ ଭତ୍ତା ରାଶିରେ କିଛିଟା ବୃଦ୍ଧି ଘଟିବ । କିନ୍ତୁ ଇପିଏଫ୍‌ଓର ସଦ୍ୟତମ ବାର୍ଷିକ ବୈଠକରେ ଏହା ଆଜେଣ୍ଡାରେ ମଧ୍ୟ ସାମିଲ୍ ହୋଇନାହିଁ । ଏହାଛଡ଼ା ଏଭଳି କେତେକ ନିଷ୍ପତ୍ତି ନିଆଯାଇଛି, ଯାହା ଏତେ ଦ୍ୱନ୍ଦ୍ୱ ସୃଷ୍ଟି କରୁଛି ଯେ ସାଧାରଣ କର୍ମଚାରୀ କିମ୍ବା ନିଯୁକ୍ତିଦାତାଙ୍କ ପାଇଁ ମଧ୍ୟ ବୁଝି ବୁଝାଇବା କଷ୍ଟକର ହୋଇପଡୁଛି । ସେହିପରି ମୋଟ ଜମା ପରିମାଣର ଶତପ୍ରତିଶତ ଉଠାଣ ନିଷ୍ପତ୍ତିକୁ ନେଇ ମଧ୍ୟ ବିବାଦ ଉଠିଛି । ଯଦି ଅବସର ପୂର୍ବରୁ ସମ୍ପୂର୍ଣ୍ଣ ରାଶି ଉଠାଇ ନିଆଯାଏ ତେବେ ବାର୍ଦ୍ଧକ୍ୟ ଅସୁରକ୍ଷିତ ହୋଇପଡ଼ିବ ବୋଲି ଅଭିଯୋଗ ଆସିଛି ।

ବୈଠକର ନିଷ୍କର୍ଷ ଅନୁଯାୟୀ, ଜମା ଉଠାଣ ଓ ବିବାଦ ସମାଧାନ ପ୍ରକ୍ରିୟା ସରଳ ଓ ସର୍ତ୍ତରହିତ ହୋଇଛି ସତ; କିନ୍ତୁ ଦୀର୍ଘବର୍ଷ ଧରି ହୋଇଆସୁଥିବା ଅବସର ପରବର୍ତ୍ତୀ ଭତ୍ତା ବୃଦ୍ଧି ଦାବି ପ୍ରତି ଦୃଷ୍ଟି ନ ପଡ଼ିବା କ୍ଷୋଭର ବିଷୟ । ସମ୍ପ୍ରତି ଇପିଏଫ୍‌କୁ ଦରମା ଯୋଗଦାନ ଆଧାରରେ ଅବସର ଭତ୍ତା ସର୍ବନିମ୍ନ ୧ ହଜାରରୁ ସର୍ବାଧିକ ୬ ହଜାର ଟଙ୍କା ପର୍ଯ୍ୟନ୍ତ ମିଳୁଛି । ସାମ୍ପ୍ରତିକ କ୍ରମବର୍ଦ୍ଧିଷ୍ଣୁ ମହଙ୍ଗା ଯୁଗରେ ଏତିକି ରାଶି ସମୁଦ୍ରକୁ ଶଙ୍ଖେ ଭଳି । ବୋଧହୁଏ ସରକାର ଅନ୍ୟାନ୍ୟ ସାମାଜିକ ଭତ୍ତା ଯୋଜନାକୁ ତୁଳନା କରି ଇପିଏଫ୍ ପେନ୍‌ସନ୍ ରାଶି ବୃଦ୍ଧି କରିବାକୁ ଉଚିତ ମଣୁ ନାହାନ୍ତି । ବିଭିନ୍ନ ସାମାଜିକ ଯୋଜନାରେ ମିଳୁଥିବା ଭତ୍ତା ନିର୍ବାଚନ ରାଜନୀତିର ଏକ ଅଂଶବିଶେଷ । ଅପରପକ୍ଷରେ ଇପିଏଫ୍ ସମ୍ପୂର୍ଣ୍ଣ ରୂପେ କର୍ମଚାରୀଙ୍କ ଝାଳବୁହା ଧନର ଯୋଗଦାନରେ ଗଠିତ । ସମ୍ପ୍ରତି ଦେଶରେ ୩୦ କୋଟି ଇପିଏଫ୍ ଆକାଉଣ୍ଟଧାରୀ ଥିବା ବେଳେ ସେମାନଙ୍କର ଏବଂ ସେମାନଙ୍କ ନିଯୁକ୍ତିଦାତାଙ୍କ ଯୋଗଦାନ ପରିମାଣ ୨୬ ଲକ୍ଷ କୋଟି ଟଙ୍କା । ସରକାରୀ କର୍ମଚାରୀମାନଙ୍କୁ ଦିଆଯାଉଥିବା ପେନ୍‌ସନ୍ ପ୍ରକ୍ରିୟା ଅନୁସରଣରେ ଇପିଏଫ୍‌ଓ ଏହି ବିପୁଳ ରାଶିକୁ ଲାଭଦାୟକ ପ୍ରତିଭୂତି ଅଂଶଧନରେ ନିବେଶ କଲେ ଆକାଉଣ୍ଟଧାରୀମାନେ ଅବସର ପରେ ଉପକୃତ ହୁଅନ୍ତେ ।

ଇପିଏଫ୍ ଆକାଉଣ୍ଟଧାରୀଙ୍କ ମଧ୍ୟରୁ ସିଂହଭାଗ ମଧ୍ୟବିତ୍ତ-ନିମ୍ନମଧ୍ୟବିତ୍ତ ଶ୍ରେଣୀର, ଯେଉଁମାନେ ସରକାରୀ ମାଗଣା ଯୋଜନା ଏବଂ ବିଭିନ୍ନ ଗରିବ କଲ୍ୟାଣ ଯୋଜନାରୁ ବଞ୍ଚିତ । ସମ୍ପ୍ରତି ଜୀବନ ଧାରଣର ଅତ୍ୟାବଶ୍ୟକ ସାମଗ୍ରୀ, ଶିକ୍ଷା ଓ ସ୍ୱାସ୍ଥ୍ୟ ଖର୍ଚ୍ଚ ଏତେ ବଢ଼ିଯାଇଛି ଯେ ଦରମା ଗଣ୍ଡିକ ଘରକୁ ଆସିବାର ପ୍ରଥମ ସପ୍ତାହରେ ହିଁ ସରିଯାଉଛି । ଏଭଳି ଅବସ୍ଥାରେ ଭବିଷ୍ୟତ ପାଇଁ ସଞ୍ଚୟ ଜମା ସୁଯୋଗ ମଧ୍ୟ ସଂକୁଚିତ । ତେଣୁ ଅବସର ପରେ ଖଟିଖିଆମାନେ କେମିତି ବଞ୍ଚିବେ ସେ ବିଷୟରେ ଅନ୍ତତଃ ସରକାର ସହୃଦୟତାର ସହ ମାନବିକ ଦୃଷ୍ଟିକୋଣରୁ ଚିନ୍ତା କରିବା ଉଚିତ ହେବ ।

## ବିପଦ ଟଳିନି

ନୋବେଲ୍ ବିଳାସୀ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମଧ୍ୟସ୍ଥତାରେ ଇସ୍ରାଏଲ୍ ଓ ହମାସ୍ ମଧ୍ୟରେ ଯୁଦ୍ଧବନ୍ଦୀ ପ୍ରତ୍ୟର୍ପଣ ପ୍ରକ୍ରିୟା ଆରମ୍ଭ ହୋଇଛି । ଏଥିସହିତ ଗାଜାରେ ଶାନ୍ତି ବାହାଲ୍ ହେବାର ଆଶାର ଝଲକ୍‌ଟିଏ କେବଳ ଦେଖାଦେଇଛି, କିନ୍ତୁ ଅସ୍ଥିରତା ଓ ଅନିଶ୍ଚିତତାର ବାଦଲ୍ ଏ ପର୍ଯ୍ୟନ୍ତ ହଟିନାହିଁ । ଏହାପୂର୍ବରୁ ମଧ୍ୟ ଉଭୟ ପକ୍ଷରୁ ଅସ୍ତ୍ରବିରତି ଓ ଯୁଦ୍ଧବନ୍ଦୀ ପ୍ରତ୍ୟର୍ପଣ ପ୍ରୟାସ ଭଣ୍ଡୁର ହୋଇଥିଲା । ସମ୍ପ୍ରତି ବିଶ୍ୱର ବଡ଼ଭାଇ ଆମେରିକା ଉପସ୍ଥିତିରେ ଏହି ପ୍ରକ୍ରିୟା ସମ୍ପାଦିତ ହେଉଛି । କିନ୍ତୁ ଏହାର ଅର୍ଥ ନୁହେଁ ଯେ ଉଭୟ ପକ୍ଷ ମନରେ ଜଳୁଥିବା ନିଆଁ ପ୍ରଶମିତ ହୋଇସାରିଛି । ଅନ୍ତତଃ କ୍ଷମତାଲିପ୍ସୁ ଓ ଯୁଦ୍ଧଖୋର ବେଞ୍ଜାମିନ୍ ନେତାନ୍ୟାହୁ ଇସ୍ରାଏଲ୍ ଶାସନ ମୁଖ୍ୟ ଥିବା ପର୍ଯ୍ୟନ୍ତ ଇସ୍ରାଏଲ୍-ପାଲେଷ୍ଟାଇନ୍ ମଧ୍ୟରେ ସମ୍ପୂର୍ଣ୍ଣ ଶାନ୍ତି ସହାବସ୍ଥାନ ସାକାର ହେବ ବୋଲି ବିଶ୍ୱାସ ଆସୁନାହିଁ ।

ଗାଜାପଟିରେ ଟ୍ରମ୍ପ ନିଜର ଯେଉଁ ସ୍ୱପ୍ନ-ପ୍ରକଳ୍ପ ପରିକଳ୍ପନା କରିଛନ୍ତି, ତା'କୁ ସାକାର କରିବା ପାଇଁ ସେହି ଅଞ୍ଚଳରେ ଶାନ୍ତି ଫେରିବା ତାଙ୍କ ପାଇଁ ଅପରିହାର୍ଯ୍ୟ । କିନ୍ତୁ ସେ ଯେ ମଧ୍ୟପ୍ରାଚ୍ୟରେ ଶାନ୍ତି ଚାହାନ୍ତି ତାହା କଳ୍ପନାତୀତ । ମଧ୍ୟପ୍ରାଚ୍ୟରେ ଶାନ୍ତି ଓ ସ୍ଥିରତା ବାହାଲ ହେଲେ ଆମେରିକାର ଆଣବିକ-ଇନ୍ଧନ ଓ ଯୁଦ୍ଧାସ୍ତ୍ର ବାଣିଜ୍ୟର ମହତାକାଂକ୍ଷା ସାକାର ହୋଇପାରିବ ନାହିଁ କି ଇରାନ୍‌କୁ କାବୁ କରିହେବ ନାହିଁ । ତେଣୁ ନିଜକୁ ବିଶ୍ୱ ଶାନ୍ତିଦୂତ ଭାବେ ଉପସ୍ଥାପନା କରୁଥିଲେ ମଧ୍ୟ ମଧ୍ୟପ୍ରାଚ୍ୟକୁ ସର୍ବଦା ଅଶାନ୍ତ ଓ ଅସ୍ଥିର ରଖିବା ପାଇଁ ଆମେରିକାର ସର୍ବକାଳୀନ ବୈଦେଶିକ ନୀତି ବିରୋଧରେ ଟ୍ରମ୍ପ ଯିବେ ନାହିଁ । ଅପରପକ୍ଷରେ ଆମେରିକା ବିରୋଧରେ ଯାଇ ଜାତିସଂଘର ସଂଖ୍ୟାଗରିଷ୍ଠ ସଦସ୍ୟ ପାଲେଷ୍ଟାଇନ୍‌ର ସାର୍ବଭୌମତ୍ୱ ସପକ୍ଷରେ ଭୋଟ ଦେଇଛନ୍ତି । ପାଲେଷ୍ଟାଇନ୍ ବିଧିବଦ୍ଧ ଭାବେ ସାର୍ବଭୌମ ରାଷ୍ଟ୍ର ଘୋଷିତ ହେଲେ ହମାସ୍‌ଙ୍କ ନିରାପଦ ଆଶ୍ରୟସ୍ଥଳୀ ହେବା ନିଶ୍ଚିତ, ଯାହାକୁ ନେତାନ୍ୟାହୁ ବରଦାସ୍ତ କରିବେ ନାହିଁ କି ଇସ୍ରାଏଲ୍ ବିରୋଧରେ ଆମେରିକା ମଧ୍ୟ ଯିବ ନାହିଁ । ତେଣୁ ଏହି ପ୍ରସଙ୍ଗ ଆଗାମୀ ଦିନରେ ପୁଣି ଉତ୍ତେଜନା ଓ ହିଂସା ସୃଷ୍ଟି କରିବାର ଆଶଙ୍କା ରହିଛି । ଇତିମଧ୍ୟରେ ଟ୍ରମ୍ପ ପ୍ରାୟୋଜିତ ଏହି ଯୁଦ୍ଧବିରତି ଚୁକ୍ତିକୁ ଆଫ୍‌ଗାନିସ୍ତାନ ଓ ପାକିସ୍ତାନର କେତେକ ଅଞ୍ଚଳରେ ତୀବ୍ର ବିରୋଧ ହେଉଛି । ହମାସ ମଧ୍ୟ ଚୁକ୍ତିର କେତେକ ସର୍ତ୍ତକୁ ବିରୋଧ କରିଛି ଅଥଚ ବାଧ୍ୟବାଧକତାରେ କାର୍ଯ୍ୟକାରୀ କରୁଛି । ତେଣୁ ଏହି ବିରୋଧ ଓ ଅସନ୍ତୋଷ ପୁଣି ଏକ ଆତଙ୍କବାଦୀ ଆକ୍ରମଣ, ହିଂସା ଓ ଯୁଦ୍ଧକୁ ଜନ୍ମ ଦେବା ଅସମ୍ଭବ ନୁହେଁ ।

ଇସ୍ରାଏଲ୍-ପାଲେଷ୍ଟାଇନ ବିବାଦର ମୂଳ ସମସ୍ୟାର ସମାଧାନ ନ ହେବା ଯାଏଁ ମଧ୍ୟପ୍ରାଚ୍ୟରେ ଶାନ୍ତି ଓ ସ୍ଥିରତା କେବଳ ଏକ ସ୍ୱପ୍ନ ମାତ୍ର । କେବଳ ଯୁଦ୍ଧବନ୍ଦୀ ପ୍ରତ୍ୟର୍ପଣ ଓ ଅସ୍ତ୍ରବିରତି ଭଳି ତାଳିପକା ପ୍ରୟାସରେ ଏହି ମହତ୍ ଲକ୍ଷ୍ୟ ପୂରଣ ହୋଇପାରିବ ନାହିଁ । ଚତୁର ଆମେରିକା ଓ ବାଚାଳ ଟ୍ରମ୍ପ ଏହା ବୁଝି ମଧ୍ୟ ଅବୁଝା ରହିବାର ଛଳନା କରୁଛନ୍ତି । ବେଲୁନ୍‌ର ଗୋଟିଏ ସ୍ଥାନରେ ଚାପ ପଡ଼ିଲେ ଅନ୍ୟ ପଟ ଫୁଲି ଉଠିବା ଭଳି ଗାଜା ଶାନ୍ତ ହେଲେ ମଧ୍ୟ ଅଶାନ୍ତି, ଆତଙ୍କ ଓ ହିଂସା ଅନ୍ୟ ସ୍ଥାନରେ ମୁଣ୍ଡ ଟେକିପାରେ ।

# ଗଣତନ୍ତ୍ରର ଅପ୍ରତିହତ ସ୍ୱର: ମ୍ୟାଁମାର୍‌ରୁ ଭେନ୍‌ଜୁଏଲା

ମନୋରଂଜନ ମହାନ୍ତି

ବିଶ୍ୱ-ଇତିହାସରେ ଦୁଇଟି ସ୍ୱର୍ଣ୍ଣିମ ଅଧ୍ୟାୟ । ମଣିଷର ଗଣତାନ୍ତ୍ରିକ ଅଧିକାର ପାଇଁ ସାମରିକ ଶାସନ ବିରୋଧରେ ସଂଗ୍ରାମ କରି ମ୍ୟାଁମାର୍‌ର ଅଙ୍ଗ୍ ସାନ୍ ସୁକୀ ପାଇଥିଲେ ନୋବେଲ ଶାନ୍ତି ପୁରସ୍କାର ୧୯୯୧ ମସିହାରେ । ତିନି ଦଶନ୍ଧିରୁ ଊର୍ଦ୍ଧ୍ୱ କାଳ ପରେ ୨୦୨୫ ମସିହାର ନୋବେଲ୍ ଶାନ୍ତି ପୁରସ୍କାର ପାଇଁ ମନୋନୀତ ହୋଇଛନ୍ତି ଭେନ୍‌ଜୁଏଲାର ବିପ୍ଳବିଣୀ ଲୌହମାନବୀ ରୂପେ ପରିଚିତା ମ୍ୟାରିଆ କୋରିନା ମାଚାଡ଼ୋ । ସେଠାରେ ଏକଛତ୍ରବାଦୀ ଶାସନର ବିଲୋପ କରି ଜନସାଧାରଣଙ୍କ ଗଣତାନ୍ତ୍ରିକ ଅଧିକାର ପାଇଁ ଦୀର୍ଘ ଏକ ଦଶନ୍ଧି ଧରି ଚାଲିଥିବା ଆନ୍ଦୋଳନର ନେତୃତ୍ୱ ସେ ନେଉଛନ୍ତି । ଭେନ୍‌ଜୁଏଲା ଦକ୍ଷିଣ-ଆମେରିକାର ଏକ ରାଷ୍ଟ୍ର । ତା' ସୀମାକୁ ଲାଗିଛି କ୍ୟାରିବୀୟ ସାଗର ଓ ଉତ୍ତରଆଟ୍‌ଲାଣ୍ଟିକ୍ ମହାସାଗର । ତା'ର କ୍ଷେତ୍ରଫଳ ୯, ୧୬, ୪୪୫ ବର୍ଗ କି.ମି. । ଜନସଂଖ୍ୟା ମାତ୍ର ୩୦.୫ନିୟୁତ । ଅଥଚ ଦେଶଟି ସଂପ୍ରତି ଘୋର ସଂକଟ ମଧ୍ୟରେ ଗତି କରୁଛି ।

ହ୍ୟୁଗୋ ଚାଭେଜ୍ ରାଷ୍ଟ୍ରପତି ଥିଲାବେଳେ ସାମାଜିକ, ଅର୍ଥନୈତିକ, ରାଜନୈତିକ ସଂକଟ ଆରମ୍ଭ ହୋଇ ଏବର ରାଷ୍ଟ୍ରପତି ନିକୋଲାସ୍ ମାଦୁରୋ ଓ ଉପରାଷ୍ଟ୍ରପତି ଡେଲ୍‌ସି ରୋଡ୍‌ରିଗେଜ୍‌ଙ୍କ ଶାସନ ସମୟରେ ବହୁଗୁଣିତ ହୋଇଛି । ମୁଦ୍ରାସ୍ଫୀତି, ଅନାହାର, ରୋଗ, ଅପରାଧ, ମୃତ୍ୟୁହାର ବୃଦ୍ଧି, ଦେଶାନ୍ତର ଗମନ ଦୃଷ୍ଟିରୁ ଭେନ୍‌ଜୁଏଲା ହେଉଛି ଲାଟିନ୍-ଆମେରିକା ଓ କ୍ୟାରିବୀୟ ଅଞ୍ଚଳରେ ଦ୍ୱିତୀୟ ଦରିଦ୍ର ରାଷ୍ଟ୍ର । ସେଠି ପ୍ରଚୁର ତୈଳସମ୍ପଦ ଭରିରହିଛି । 'ପେଟ୍ରୋଲିଅସ୍ ଡି ଭେନ୍‌ଜୁଏଲା ଏସ୍.ଏ' ନାମକ ରାଷ୍ଟ୍ରାୟତ୍ତ ତୈଳ ଓ ପ୍ରାକୃତିକ ବାଷ୍ପ କମ୍ପାନୀ ତା'ର ପରିଚାଳନା ଦାୟିତ୍ୱରେ ଅଛି । କିନ୍ତୁ ସରକାରୀ କୁ-ପରିଚାଳନା ହେତୁ ତୈଳ ଉତ୍ପାଦନ ହ୍ରାସ ପାଉଛି । ଏଣେ ତୈଳ ରପ୍ତାନି ଉପରେ ନିର୍ଭରଶୀଳତା ମାତ୍ରାଧିକ ହେଉଛି । ତୈଳ ମୂଲ୍ୟ ହ୍ରାସ ପାଉଛି । ସର୍ବବୃହତ୍ ତୈଳସମ୍ପଦ ଥାଇ ମଧ୍ୟ ଦେଶବାସୀ ଦରିଦ୍ର ।

ରାଜନୈତିକ ଅସ୍ଥିରତା ସାଙ୍ଗକୁ ଭ୍ରଷ୍ଟାଚାର, ଦୁର୍ବଳ ନେତୃତ୍ୱ, ଅମଲାତନ୍ତ୍ରର ଅଧିନାୟକବାଦୀ ଶୈଳୀ ଜନସାଧାରଣଙ୍କ ଦୁର୍ଦ୍ଦଶା ପାଇଁ ପୂର୍ଣ୍ଣତଃ ଦାୟୀ । ବ୍ୟକ୍ତି-ସ୍ୱାଧୀନତା ଓ ନିରାପତ୍ତାର ଘୋର ଅଭାବ । ଖାଦ୍ୟାଭାବ, ପାନୀୟଜଳ ସଂକଟ, ସ୍ୱାସ୍ଥ୍ୟ ସୁବିଧାର ଅଭାବ ହେତୁ ୫ନିୟୁତ ଲୋକ ଦେଶାନ୍ତର ହେଲେଣି । ବେଆଇନ୍ ଭାବରେ ଆମେରିକାରେ ରହୁଥିବା ଭେନ୍‌ଜୁଏଲା-ଅଧିବାସୀଙ୍କ ସଂଖ୍ୟା ୨୦୦୭ରେ ଥିଲା ୫୫, ୦୦୦, ୨୦୨୧ରେ ୧, ୯୫, ୦୦୦, ୨୦୨୩ରେ ୬, ୫୦, ୦୦୦, ୨୦୨୫ରେ ୭ଲକ୍ଷ । କୃଷି ଓ ଉତ୍ପାଦନ କ୍ଷେତ୍ର ସମ୍ପୂର୍ଣ୍ଣ ଅବହେଳିତ । ପରିସଂଖ୍ୟାନ ଅନୁଯାୟୀ ୩୦ନିୟୁତ ଜନସଂଖ୍ୟାବିଶିଷ୍ଟ ଭେନ୍‌ଜୁଏଲାରେ ପ୍ରାୟ ଏକ-ତୃତୀୟାଂଶ ଅର୍ଥାତ୍ ୯.୩ ନିୟୁତ ଲୋକ ଖାଦ୍ୟାଭାବରେ ପୀଡ଼ିତ । ଚିକନ୍‌ଗୁନିଆ, ଡେଙ୍ଗୁ, ହେପାଟାଇଟିସ୍-ଏ, ହେପାଟାଇଟିସ୍-ବି, ମ୍ୟାଲେରିଆ, ମିଳିମିଳା ରୋଗୀଙ୍କ ସଂଖ୍ୟା ବଢ଼ିବଢ଼ି ଚାଲିଛି । ଅଥଚ ଆବଶ୍ୟକ ଔଷଧର ଉତ୍କଟ ଅଭାବ । ବେକାରୀ, ବେରୋଜଗାରୀ ବଢୁଥିବାରୁ ଅପରାଧ ବୃଦ୍ଧି ପାଉଛି । ଏକଛତ୍ରବାଦୀ ଶାସକଙ୍କ ସ୍ୱେଚ୍ଛାଚାର ହେତୁ ମାନବାଧିକାର ଉଲ୍ଲଙ୍ଘନ ହେଉଛି । ଫଳତଃ ନାଗରିକ ଅସନ୍ତୋଷ ବୃଦ୍ଧି ପାଉଛି । ଭେନ୍‌ଜୁଏଲାକୁ ଯାଉଥିବା ଲୋକଙ୍କୁ ବେଆଇନ୍ ଅଟକ ରଖାଯାଉଛି, ଯନ୍ତ୍ରଣା ଦିଆଯାଉଛି । ଆତଙ୍କବାଦ ଓ ଅପହରଣ ଭଳି ମାମଲାରେ ଜଡ଼ିତ କରାଇ ସ୍ଥାନୀୟ ଆଇନ୍‌ର ମନମୁଖି ପ୍ରୟୋଗ କରାଯାଉଛି ।

ସ୍ୱଳ୍ପ ଜନସଂଖ୍ୟା ବିଶିଷ୍ଟ ଗୋଟେ କ୍ଷୁଦ୍ର ରାଷ୍ଟ୍ରର ଏପରି ଦୁଃସ୍ଥିତି କାଳରେ ରାଷ୍ଟ୍ରନାୟକଙ୍କ ଏକଛତ୍ରବାଦ ବିରୋଧରେ ବଜ୍ର ସ୍ୱର ଜାଗ୍ରତ କରି ସାଧାରଣ ଜନତାଙ୍କ ଗଣତାନ୍ତ୍ରିକ ଅଧିକାର ପାଇଁ ଜନ-ଆନ୍ଦୋଳନ ଜରିଆରେ ନିରବଚ୍ଛିନ୍ନ ପ୍ରୟାସ କରୁଥିବା ମ୍ୟାରିଆ କୋରିନା ମାଚାଡ଼ୋ ଚଳିତ ବର୍ଷର ନୋବେଲ୍ ଶାନ୍ତି ପୁରସ୍କାର ବିଜୟିନୀ । ମ୍ୟାରିଆ ଜଣେ ଇଣ୍ଡଷ୍ଟ୍ରିଆଲ୍ ବା ଔଦ୍ୟୋଗିକ ଇଂଜିନିୟର୍ ଓ ବିତ୍ତକ୍ଷେତ୍ର (ଫାଇନାନ୍ସ)ରେ ସ୍ନାତକୋତ୍ତର ଉପାଧିପ୍ରାପ୍ତ । 'ସୁମେଟ୍' ସଂଗଠନର ପ୍ରତିଷ୍ଠାତ୍ରୀ ଭାବରେ ନିଜର ରାଜନୈତିକ ଜୀବନ ସେ ଆରମ୍ଭ କରିଥିଲେ । ସେଥିସହିତ 'ଭେଣ୍ଟେ ଭେନ୍‌ଜୁଏଲା' ନାମକ ରାଜନୈତିକ ଦଳର ଜାତୀୟ ସଂଯୋଜିକା ଅଛନ୍ତି । ୨୦୧୪ରୁ ଏପର୍ଯ୍ୟନ୍ତ ରାଷ୍ଟ୍ରପତି ନିକୋଲାସ୍ ମାଦୁରୋଙ୍କ ସରକାର ବିରୋଧରେ ଏକ ଶକ୍ତିଶାଳୀ ସାମାଜିକ ଆନ୍ଦୋଳନର ନେତୃତ୍ୱ ନେଉଛନ୍ତି ମ୍ୟାରିଆ । ୨୦୨୪ରୁ ଗୋପନବାସରେ ଅଛନ୍ତି । ଏକ ଦଶନ୍ଧି ବ୍ୟାପୀ ତାଙ୍କର ସଂଗ୍ରାମକୁ ସ୍ୱୀକୃତି ଜଣାଇ ନୋବେଲ୍ କମିଟି ତାଙ୍କୁ ପ୍ରଦାନ କରିଛି ଅନ୍ତଃରାଷ୍ଟ୍ରୀୟ ସ୍ତରରେ ସର୍ବଶ୍ରେଷ୍ଠ ଶାନ୍ତି ପୁରସ୍କାର ।

ଗଣତାନ୍ତ୍ରିକ ଅଧିକାର ପାଇଁ ମ୍ୟାରିଆଙ୍କ ସଂଗ୍ରାମ ଆମକୁ ମନେପକାଇ ଦେଉଛି ଆଜିକୁ ପ୍ରାୟ ଚାରି ଦଶନ୍ଧି ତଳେ ବର୍ମା (ଆଧୁନିକ ମ୍ୟାଁମାର୍)ରେ ସାମରିକ ଶାସନକର୍ତ୍ତା ଜେନେରାଲ୍ ନି ୱିନ୍‌ଙ୍କ ବିରୋଧରେ ଜନଆନ୍ଦୋଳନକୁ କିଭଳି ତୀବ୍ରତର କରିଥିଲେ ବିପ୍ଳବିଣୀ ଅଙ୍ଗ୍‌ସାନ୍ ସୁକୀ । ଜେନେରାଲ ନି ୱିନ୍‌ଙ୍କ ସାମରିକ ଶାସନରେ ବର୍ମାର ଅଧିବାସୀମାନେ ଅତ୍ୟନ୍ତ ଅତିଷ୍ଠ ଓ ଅସ୍ଥିର ହୋଇପଡ଼ିଥିଲେ । ୧୯୮୮ ମସିହାରେ ସୁକୀ ରେଙ୍ଗୁନ୍‌ରେ ପହଞ୍ଚି ବର୍ମାବାସୀଙ୍କ ଦୁରବସ୍ଥାକୁ ହୃଦୟଙ୍ଗମ କଲେ । ସୁକୀ ଲକ୍ଷ୍ୟ କଲେ ଛାତ୍ରମାନେ ନି ୱିନ୍‌ଙ୍କ ବିରୋଧରେ ଆନ୍ଦୋଳନ କରୁଛନ୍ତି । ସୁତରାଂ ସେ ନିଜକୁ ସେହି ଆନ୍ଦୋଳନରେ ସାମିଲ କରାଇଲେ ।

ସାରା ଦେଶରେ ସାମରିକ ଶାସନ ବିରୋଧରେ ପ୍ରତିବାଦର ସ୍ୱର ଜାଗି ଉଠିଲା । ୧୯୮୮ ଜୁଲାଇ ୨୩ ତାରିଖରେ ନି ୱିନ୍ 'ବର୍ମିଜ୍ ସୋସିଆଲିଷ୍ଟ ପ୍ରୋଗ୍ରାମ୍ ପାର୍ଟି'ର ନେତୃତ୍ୱରୁ ଓହରିଯିବାକୁ ସ୍ଥିରକଲେ । ୧୯୮୮ ଅଗଷ୍ଟ ୧୫ ତାରିଖରେ ସୁକୀ ନିଜର ଏକ ଲେଖା ସାମରିକ ଶାସନକର୍ତ୍ତାଙ୍କୁ ଦେଲେ । ସେହି ଲେଖାର ଶୀର୍ଷକ ଥିଲା - 'ଦି ଫର୍‌ମେସନ୍ ଅଫ୍ ଏ ପିପୁଲ୍‌ସ୍ କନ୍‌ସଲ୍‌ଟେଟିଭ୍ କମିଟି' । ଶାନ୍ତିପୂର୍ଣ୍ଣ ଓ ନିରସ୍ତ୍ର ଆନ୍ଦୋଳନକାରୀମାନଙ୍କ ବିରୋଧରେ ଦମନମୂଳକ ପନ୍ଥା ଗ୍ରହଣ ନକରିବା ପାଇଁ ଏବଂ ସମସ୍ତ ରାଜନୈତିକ ବନ୍ଦୀଙ୍କୁ ଖଲାସ କରିଦେବା ପାଇଁ ଉକ୍ତ ଲେଖାରେ ସୁକୀ ସାମରିକ ଶାସନକର୍ତ୍ତାଙ୍କୁ ନିବେଦନ କରିଥିଲେ । ଏହି ଲେଖାରେ ମଧ୍ୟ ବର୍ମାର କେତେକ ବିଶିଷ୍ଟ ନାଗରିକ ସ୍ୱାକ୍ଷର କରିଥିଲେ ।

ସମଗ୍ର ଦେଶରେ ଶାନ୍ତିପୂର୍ଣ୍ଣ ଓ ଅହିଂସ ଆନ୍ଦୋଳନ ଏକ ବିରାଟ ଆକାର ଧାରଣ କରିବାରୁ ଜେନେରାଲ ନି ୱିନ୍ କ୍ଷମତାରୁ ଓହରିଗଲେ । ୧୯୮୮ ସେପ୍ଟେମ୍ବର ୧୮ ତାରିଖରେ ଜେନେରାଲ ସ'-ମାଉଙ୍ଗ୍ ସାମରିକ ଶାସନକର୍ତ୍ତା ହେଲେ । ସେତିକିବେଳେ ସୁକୀ ଏକ ଦଳ ଗଢ଼ିଲେ ଯାହାର ନାମ ହେଲା 'ନେସ୍‌ନାଲ୍ ଲିଗ୍ ଫର୍ ଡେମୋକ୍ରେସି' । ୧୯୮୮ ଅଗଷ୍ଟ ୧୫ତାରିଖରୁ ୧୯୮୯ ଜୁଲାଇ ୨୦ ତାରିଖ ପର୍ଯ୍ୟନ୍ତ ସୁକୀ ନିରବଚ୍ଛିନ୍ନ ଭାବରେ ସଂଗ୍ରାମ କଲେ ସାମରିକ ଏକଛତ୍ରବାଦ ବିରୋଧରେ । ସୁକୀଙ୍କର ଜନପ୍ରିୟତା ସମଗ୍ର ଦେଶରେ କ୍ରମଶଃ ବୃଦ୍ଧି ପାଇବାକୁ ଲାଗିଲା । ୧୯୯୦ ମେ ୨୭ ତାରିଖରେ ବର୍ମା (ଆଧୁନିକ ମ୍ୟାଁମାର୍)ରେ ସାଧାରଣ ନିର୍ବାଚନ ଅନୁଷ୍ଠିତ ହେଲା । ସେଥିରେ ୪୮୫ଟି ଆସନ ମଧ୍ୟରୁ ସୁକୀଙ୍କ 'ନେସ୍‌ନାଲ୍ ଲିଗ୍ ଫର୍ ଡେମୋକ୍ରେସି' ଦଳ ୩୯୨ଟି ଆସନରେ ବିଜୟ ହାସଲ କଲେ । ସମୁଦାୟ ୧୩ ନିୟୁତ ଭୋଟ ମଧ୍ୟରୁ ସୁକୀଙ୍କ ଦଳ ଶତକଡ଼ା ୭୨ ଭାଗ ଭୋଟ୍ ପାଇ ନିରଙ୍କୁଶ ସଂଖ୍ୟାଗରିଷ୍ଠତା ହାସଲ କଲେ । ନିର୍ବାଚନ ପୂର୍ବରୁ ମାସ ମାସ ଧରି ସୁକୀ ୧୦୦୦ରୁ ଊର୍ଦ୍ଧ୍ୱ ସଭାରେ ଉଦ୍‌ବୋଧନ ଦେଇଥିଲେ ।

ନିର୍ବାଚନରେ ସୁକୀଙ୍କ 'ଗଣତନ୍ତ୍ର-ଦଳ'ର ବିପୁଳ ବିଜୟ ଦେଖି ସାମରିକ ଶାସକମାନେ କ୍ରୋଧାନ୍ୱିତ ଓ ଈର୍ଷାପରାୟଣ ହୋଇଉଠିଲେ । ଗଣତନ୍ତ୍ର ସପକ୍ଷରେ ମ୍ୟାଁମାର୍‌ର ଅଧିବାସୀଙ୍କ ରାୟକୁ ସାମରିକ ଶାସକମାନେ ଅସ୍ୱୀକାର ଓ ଅସମ୍ମାନ କଲେ । ୧୯୯୦ ଅକ୍ଟୋବର ମାସରୁ ୧୯୯୨ ଜାନୁଆରୀ ମଧ୍ୟରେ ସୁକୀଙ୍କ 'ନେସ୍‌ନାଲ୍ ଲିଗ୍ ଫର୍ ଡେମୋକ୍ରେସି' ଦଳର ପାର୍ଲାମେଣ୍ଟ ସଭ୍ୟମାନଙ୍କର ବିଚାର ହୋଇ ପ୍ରତ୍ୟେକଙ୍କୁ ୧୦ରୁ ୨୫ବର୍ଷ ପର୍ଯ୍ୟନ୍ତ କାରାଦଣ୍ଡରେ ଦଣ୍ଡିତ କରାଗଲା । ବନ୍ଦୀଶାଳାରେ ରାଜନୈତିକ ବନ୍ଦୀମାନଙ୍କ ପ୍ରତି ଅକଥନୀୟ ଅତ୍ୟାଚାର କରାଗଲା । ୧୯୯୧ ଜୁଲାଇ ୨୦ତାରିଖରୁ ସୁକୀଙ୍କୁ ଗୃହବନ୍ଦୀ କରି ରଖାଗଲା ।

ମ୍ୟାଁମାର୍‌ରେ ଗଣତନ୍ତ୍ର ଶାସନ ପ୍ରତିଷ୍ଠା କରିବା ଉଦ୍ଦେଶ୍ୟରେ ସୁକୀ ଯେପରି ନିରବଚ୍ଛିନ୍ନ ସଂଗ୍ରାମ ଓ ସାଧନା କରି ଆସିଥିଲେ, ଯେପରି ଚରମ ତ୍ୟାଗ ସ୍ୱୀକାର କରିଥିଲେ, ଇତିହାସରେ ତାହା ଅତୁଳନୀୟ । ୧୯୯୧ର ନୋବେଲ୍ ଶାନ୍ତି ପୁରସ୍କାର ତାଙ୍କୁ ପ୍ରଦାନ କରାଯାଇଥିଲା । ମଣିଷର ଗଣତାନ୍ତ୍ରିକ ଅଧିକାର ପାଇଁ ସାମରିକ ଓ ଏକଛତ୍ରବାଦୀ ଶାସନ ବିରୋଧରେ ସାହସିକ ସଂଗ୍ରାମ କରିଥିବା ଏହି ଦୁଇଜଣ ବିପ୍ଳବିଣୀ ନାରୀ ବିଶ୍ୱ ଇତିହାସରେ ଚିର ସ୍ମରଣୀୟ ହୋଇ ରହିବେ । ଏକଛତ୍ରବାଦ ବିରୋଧରେ ଅବଳା ରୂପେ ବିଦିତ ନାରୀମାନଙ୍କର ଉପରୋକ୍ତ ଯୁଗାନ୍ତକାରୀ ସଂଗ୍ରାମକୁ ନୋବେଲ୍ ସ୍ୱୀକୃତି ନାରୀ ସଶକ୍ତୀକରଣର ଦୃଢ଼ ବାର୍ତ୍ତା, ସର୍ବୋପରି ପୁରୁଷପ୍ରାଧାନ୍ୟ ସମାଜକୁ ଏକ ଭିନ୍ନ ସଂକେତ ଦେଉଛି ।

(ଅବସରପ୍ରାପ୍ତ ପ୍ରାଧ୍ୟାପକ)
ଧର୍ମଶାଳା(ଯାଜପୁର),
ମୋ: ୯୮୫୩୨୮୨୯୬୨

# ଜ୍ଞାନର ଅହଙ୍କାର ଓ ଅହଙ୍କାରର ଜ୍ଞାନ

ଶ୍ରୀବତ୍ସ ନାୟକ

ଏମିତି ଏକ ସମୟ ଆସିବ ଯେଉଁ ସମୟରେ ତୁମ ପାଖରେ ଚପଲ ଥିବ, କିନ୍ତୁ ପାଦରେ ବଳ ନଥିବ । ହାତ ଥିବ, କିନ୍ତୁ ଯୋଡ଼ିବାକୁ ଶକ୍ତି ନଥିବ । ସମସ୍ତେ ଥାଇ ବି ପାଖରେ କେହି ନଥିବେ । ସମୟ ଆସିବ ଯୌବନରେ ବାର୍ଦ୍ଧକ୍ୟର ଛାଇ ଖେଳିଯିବ, ସ୍ୱପ୍ନ ଦେଖୁଥିବ ହେଲେ ରାତି ନଥିବ । ସମୟ ଆସିବ ତୁମକୁ ବି କେହି ଉପହାସ କରିବେ । ତୁମେ ବି କାହା ନିର୍ଦ୍ଦେଶକୁ ଅପେକ୍ଷା କରିବ । ନିରସ୍ତ୍ର ସୈନିକ ଭଳି ମୂକ ପାଲଟିଯିବ । ବିରହ ବିଚ୍ଛେଦର ଯନ୍ତ୍ରଣା ଭୋଗିବାକୁ ପଡ଼ିବ, ସମସ୍ତ କୁକର୍ମର ପଶ୍ଚାତାପ କରିବାକୁ ପଡ଼ିବ । ତେଣୁ ଏତେ ଗର୍ବ ଅହଙ୍କାର କାହିଁକି? ସମୟ ଆସିବ ସବୁ ଅହଙ୍କାର ଚୂରମାର ହୋଇଯିବ ।

ମଣିଷ ମନର ଅହଂ ଭାବନାରେ ଆତ୍ମଗର୍ବ ଅତିଶୟ । ଏ ମଣିଷ ଅହଂ ଭାବନାରେ ବୁଡ଼ି ନିଜକୁ ମଣେ ମହାନ । ନମ୍ରତା ଭାବନା ପ୍ରତି ବୀତସ୍ପୃହ ହୋଇ ଆତ୍ମଗର୍ବେ ବଳୀୟାନ ହୁଏ । ଅଜ୍ଞାନ ଅନ୍ଧକାର ରହିତ ମଣିଷ ଅହଙ୍କାର କରିବା ସ୍ୱାଭାବିକ । କିନ୍ତୁ ଯେତେବେଳେ ଜ୍ଞାନୀ ଲୋକମାନେ ନିଜ ଜ୍ଞାନକୁ ନେଇ ଗର୍ବ ଓ ଅହଙ୍କାର କରିଥା'ନ୍ତି, ସେତେବେଳେ ସମାଜ ବିନାଶ ଆଡ଼କୁ ଗତି କରିଥାଏ । କିଏ ନିଜର ଧନକୁ ନେଇ ଗର୍ବ କରେ ତ କିଏ ପୁଣି ନିଜର ସୌନ୍ଦର୍ଯ୍ୟକୁ ନେଇ ଗର୍ବ କରେ । କିଏ ଜ୍ଞାନକୁ ନେଇ ଗର୍ବ କରେ ତ କିଏ ପୁଣି ନିଜର ଦାନ ଓ ଭକ୍ତିକୁ ନେଇ ଗର୍ବ କରେ । ଅଧୁନା ସମାଜରେ ଅହଙ୍କାରୀ ଜ୍ଞାନୀମାନଙ୍କର ଅଭାବ ନାହିଁ । ଏହି ଅହଙ୍କାରୀ ଜ୍ଞାନୀମାନେ ନିଜର ଜ୍ଞାନର ଦ୍ୱାହି ଦେଇ ବିକାଶ ଆଳରେ ସମାଜକୁ ବିନାଶ ଆଡ଼କୁ ନେଇଯାଉଛନ୍ତି ।

ଲଙ୍କାପତି ରାବଣ ବେଦ, ଶାସ୍ତ୍ର ଓ ସଙ୍ଗୀତରେ ବେଶ୍ ପାରଙ୍ଗମ ଥିଲେ । ସେ ଶିବଭକ୍ତ ମଧ୍ୟ ଥିଲେ । ତାଙ୍କର ତପସ୍ୟାରେ ସ୍ୱୟଂ ଶିବଙ୍କୁ ସନ୍ତୁଷ୍ଟ କରିଥିଲେ । ସେ ବ୍ରହ୍ମଜ୍ଞାନୀ ଥିଲେ, କିନ୍ତୁ ସେଇ ଜ୍ଞାନକୁ ସେ ବିନମ୍ରତାରେ ବ୍ୟବହାର କରି ନ ଥିଲେ । ସୀତାଙ୍କୁ ହରଣ କରିବା, ନିଜକୁ ସବୁଠାରୁ ଶ୍ରେଷ୍ଠ ଭାବିବା ସେଇ ଅହଙ୍କାରର ପରିଣାମ ସ୍ୱରୂପ ତାଙ୍କର ସ୍ୱର୍ଣ୍ଣ ଲଙ୍କା ଧ୍ୱଂସ ହେଲା । ଜ୍ଞାନ ସହିତ ବିନମ୍ରତା ନଥିଲେ ସେଇ ଜ୍ଞାନ ବିନାଶକାରୀ ସଦୃଶ । ଦୁର୍ବାସା ଋଷି ବଡ଼ ଜ୍ଞାନୀ ଓ ତପସ୍ୱୀ ଥିଲେ । କିନ୍ତୁ କ୍ରୋଧ ଓ ଅହଙ୍କାରବଶତଃ ତାଙ୍କର ଶାପରେ ଅନେକ ରାଜ୍ୟ, ଅନେକ ପରିବାର ଦୁର୍ଭୋଗରେ ପଡ଼ିଥିଲା । ରାଜା ବଳୀଙ୍କ ଦାନ ଦେବାର ଅହଙ୍କାର ଓ ଆତ୍ମବଡ଼ିମା ଯୋଗୁଁ ପାତାଳ ପୁରକୁ ଗଲେ । ଅହଙ୍କାର ପାଇଁ ମହର୍ଷି ନାରଦ ମଧ୍ୟ ଶ୍ରେଷ୍ଠ ଭକ୍ତ ହେବାର ଯୋଗ୍ୟତା ହରେଇଛନ୍ତି । ଯେତେବେଳେ ଜ୍ଞାନ କ୍ରୋଧ ସହିତ ମିଶେ ସେଥିରୁ କେବଳ ଦୁଃଖ ଜନ୍ମେ । ମହାଭାରତର ଦୁର୍ଯ୍ୟୋଧନ ଯୁଦ୍ଧଶାସ୍ତ୍ର, ରାଜନୀତି ଓ କୌଶଳରେ ଥିଲେ ଅପାର ଜ୍ଞାନୀ । ସେ ଶିକ୍ଷା ଓ ଶକ୍ତିରେ ସମ୍ପନ୍ନ ଥିଲେ ମଧ୍ୟ ଅହଙ୍କାରରେ ପାଣ୍ଡବମାନଙ୍କୁ ଦ୍ୱେଷ କରି ତାଙ୍କ ସମସ୍ତ ଜ୍ଞାନକୁ ଅନ୍ୟାୟରେ ବ୍ୟୟ କଲେ । ଶେଷରେ କୁରୁକ୍ଷେତ୍ରରେ ତାଙ୍କର ପରାଜୟ ହେଲା । ଜ୍ଞାନ ଯଦି ସତ୍ୟରେ ନ ଥାଏ, ସେଥିରୁ ଅବଶ୍ୟ ବିନାଶ ଆସେ ।

ହିଟଲର୍ ଅସାଧାରଣ ରାଜନୀତିକ ଜ୍ଞାନ, ସମ୍ବୋଧନ କରିବାର କଳା ଓ ସେନାନୀତିରେ ନିପୁଣ ଥିଲେ । ସେହି ଜ୍ଞାନକୁ ଯଦି ସେ ମାନବସେବାରେ ବ୍ୟବହାର କରିଥା'ନ୍ତେ, ସମଗ୍ର ବିଶ୍ୱ ଉନ୍ନତିର ପଥରେ ଯାଇପାରିଥା'ନ୍ତା । କିନ୍ତୁ ସେ ଅହଙ୍କାର, ହିଂସା ଓ ଅନ୍ୟଜାତି ପ୍ରତି ଦ୍ୱେଷରେ ସେଇ ଜ୍ଞାନକୁ ବ୍ୟବହାର କଲେ । ପରିଣାମ ସ୍ୱରୂପ ବିଶ୍ୱ ଦେଖିଲା ଦ୍ୱିତୀୟ ବିଶ୍ୱଯୁଦ୍ଧ । ଏଠାରେ ଜ୍ଞାନ ରହିତ ଅହଙ୍କାର ପ୍ରଳୟଙ୍କାରୀ ବିଶ୍ୱବ୍ୟାପୀ ଯୁଦ୍ଧକୁ ନିମନ୍ତ୍ରଣ କରିଥିଲା । ମୋଗଲ୍ ସମ୍ରାଟ୍ ଔରଙ୍ଗଜେବ ରାଜନୀତି, ଶାସନ ଓ ଧର୍ମଶାସ୍ତ୍ରରେ ଜ୍ଞାନୀ ଥିଲେ । କିନ୍ତୁ ସେଇ ଜ୍ଞାନକୁ ସେ ସହିଷ୍ଣୁତାରେ ନୁହେଁ, କଠୋରତାରେ ବ୍ୟବହାର କଲେ । ତାଙ୍କର ଅହଙ୍କାରୀ ନୀତି ସମଗ୍ର ମୋଗଲ ସାମ୍ରାଜ୍ୟକୁ ଦୁର୍ବଳ କରିଦେଲା । ଶାସନରେ ଜ୍ଞାନ ଅହଙ୍କାରରେ ବ୍ୟବହୃତ ହେଲେ, ସାମ୍ରାଜ୍ୟ ଧ୍ୱଂସ ନିଶ୍ଚିତ । ଇତିହାସ ସାକ୍ଷୀ ଅଛି ଯେ ଏହିଭଳି ଅନେକ ଜ୍ଞାନୀମାନଙ୍କର ଅହଙ୍କାର ଯୋଗୁଁ ସେମାନଙ୍କର ପତନ ହୋଇଛି ଏବଂ ସମଗ୍ର ସମାଜ ଧ୍ୱଂସାବିମୁଖୀ ହୋଇଛି ।

ଜ୍ଞାନର ଅହଙ୍କାର ମଣିଷକୁ ତଳିତଳାନ୍ତ କରିଦିଏ । କିନ୍ତୁ ଅହଙ୍କାରର ଜ୍ଞାନ ମଣିଷର ଶ୍ରେଷ୍ଠତାକୁ ପ୍ରତିପାଦିତ କରିଥାଏ । ଯେଉଁ ମଣିଷ ପାଖରେ ଅହଙ୍କାର ବିଷୟରେ କିଛି ନା କିଛି ଜ୍ଞାନ ଥିବ ସେମାନେ ହେଲେ ପ୍ରକୃତ ଜ୍ଞାନୀ । ମର୍ଯ୍ୟାଦାପୁରୁଷ ଶ୍ରୀରାମ ଜ୍ଞାନୀ ଥିଲେ, କିନ୍ତୁ ତାଙ୍କର ଜ୍ଞାନ ଥିଲା ଅହଙ୍କାର ବର୍ଜନ ଉପରେ । ଅବତାରୀ ପୁରୁଷ ଶ୍ରୀକୃଷ୍ଣ କେବେ ବି ନିଜକୁ ଭାଗବାନ ବୋଲି ସମ୍ବୋଧିତ କରିନାହାନ୍ତି । ସକ୍ରେଟିସ୍ ନିଜ ମହାନତାର ପ୍ରମାଣ ଦେବାକୁ ଯାଇ କହିଛନ୍ତି ଯେ ମୁଁ ଏତିକି ଜ୍ଞାନ ଆହରଣ କରିଛି ଯେ ମୁଁ କିଛି ଜାଣିନାହିଁ । ଏହା ହିଁ ପ୍ରକୃତ ଜ୍ଞାନ । ଏହି ବିନମ୍ରତାରୁ ସେ ମହାନ୍ । ପ୍ରକୃତ ଜ୍ଞାନୀ ସିଏ, ଯିଏ ଜ୍ଞାନକୁ ଅହଙ୍କାରରେ ନୁହେଁ, ସେବାରେ ବ୍ୟବହାର କରେ ।

ଜ୍ଞାନ ହେଉଛି ମଣିଷର ସର୍ବୋତ୍କୃଷ୍ଟ ସମ୍ପଦ । ଜ୍ଞାନର ଆଲୋକରେ ମଣିଷ ନିଜେ ସଚେତନ ହୁଏ ଏବଂ ସମାଜକୁ ଆଗକୁ ନେଇଯାଏ । କିନ୍ତୁ କେବେ କେବେ ଏହି ଜ୍ଞାନ ମଣିଷକୁ ବିନମ୍ର କରିବାରୁ ବ୍ୟର୍ଥ ହୋଇ ଅହଙ୍କାରର ସୃଷ୍ଟି କରେ । ଏହି ଜ୍ଞାନର ଅହଙ୍କାର ସମସ୍ତଙ୍କ ପାଇଁ କ୍ଷତିକାରକ । ଜ୍ଞାନର ସତ୍ୟ ସ୍ୱରୂପ ଯଥାର୍ଥ ଜ୍ଞାନ ମଣିଷକୁ ନମ୍ରତା, ସହିଷ୍ଣୁତା ଓ ସେବାଭାବୀ କରିଥାଏ । 'ବିଦ୍ୟା ଦଦାତି ବିନୟମ୍' । ଅର୍ଥାତ୍, ସତ୍ୟ ଜ୍ଞାନ ବିନମ୍ରତାକୁ ଜନ୍ମ ଦେଇଥାଏ । ତେଣୁ ଜ୍ଞାନର ଅହଙ୍କାରକୁ ପରିତ୍ୟାଗ କରି ଅହଙ୍କାର ବିଷୟରେ ଜ୍ଞାନ ଆହରଣ କଲେ ସମାଜର ମଙ୍ଗଳ ସାଧିତ ହେବ ।

କଟକ, ମୋ: ୯୪୩୮୦୭୦୮୪୯

# ରାଧା ଦାମୋଦର ବ୍ରତ

ଲୋକକଥାରେ ଲୋକଦେବତା

ସ୍ୱପ୍ନେଶ୍ୱର

ଦ୍ୱାପର ଯୁଗର କଥା । ମାମୁ କଂସର ନିମନ୍ତ୍ରଣ ପାଇ କୃଷ୍ଣବଳରାମ ଅକ୍ରୁରଙ୍କ ସହ ରଥାରୋହଣ କରି ମଥୁରା ଯିବା ପାଇଁ ବାହାରିଲେ । କୃଷ୍ଣ ଥିଲେ ଗୋପୀଗୋପାଳମାନଙ୍କର ପ୍ରାଣର ପ୍ରାଣ । ତେଣୁ ଗୋପୀମାନେ ଏକତ୍ରିତ ହୋଇ କୃଷ୍ଣଙ୍କର ପଥରୋଧ କଲେ । ଶ୍ରୀକୃଷ୍ଣ ସେମାନଙ୍କୁ ରାସ୍ତା ଛାଡ଼ି ଦେବାକୁ ଅନୁରୋଧ କରି କହିଲେ- '...ମନରେ ନ ଭାଳ, ଗୋପୀଗୋପାଳ ଭେଟ ସର୍ବକାଳ ।' କିନ୍ତୁ ଗୋପୀମାନେ ଥିଲେ ନଛୋଡ଼ବନ୍ଧା । କେବେ ଓ କେଉଁଠାରେ ଦେଖାହେବ ବୋଲି ସେମାନେ କୃଷ୍ଣଙ୍କ ପାଖରେ ଅଳି କଲେ । ତହୁଁ ଶ୍ରୀକୃଷ୍ଣ କହିଲେ, ... 'ଚଳ ନୀଳଗିରି, ରତ୍ନ ସିଂହାସନେ ଥିବୁ ବିହରି / ସବୁହୁଁ ଅଧିକ ଅତି ପୂଣ୍ୟ ମାସ ଅଟେ କାର୍ତ୍ତିକ / ମୋତେ କାର୍ତ୍ତିକ ମାସରେ ଭେଟିବ, ରାଇ ଦାମୋଦର କରି ପୂଜିବ / ସିନ୍ଧୁକୂଳରେ ରାଇ ଦାମୋଦର, ମୋତେ ପୂଜିବ ଥିବି ମୁଁ ସେଠାର / ମୋର କାର୍ତ୍ତିକେ ଦାମୋଦର ମୂର୍ତ୍ତି. ମୋତେ ପୂଜିବ ଗୋ ଗୋପ ଯୁବତୀ(ଓଡ଼ିଆ ଓଷାବ୍ରତ କଥା) ।'

ଶ୍ରୀକୃଷ୍ଣଙ୍କ ଉପଦେଶ ଅନୁସାରେ ନୀଳାଚଳରେ କାର୍ତ୍ତିକ ମାସରେ ରାଧାଦାମୋଦରଙ୍କର ଯୁଗଳ ମୂର୍ତ୍ତିର ଆରାଧନା କରି ରାଧାଦାମୋଦର ବ୍ରତ ପାଳନ କରାଯାଏ । ମହାପ୍ରଭୁ ଜଗନ୍ନାଥ ବ୍ରତଧାରୀମାନଙ୍କର ଆରାଧନା ଶ୍ରଦ୍ଧାର ସହ ଗ୍ରହଣ କରନ୍ତି ବୋଲି ବିଶ୍ୱାସ କରାଯାଏ ଏବଂ ସେ ବିଷୟରେ ଶ୍ରୀକ୍ଷେତ୍ରରେ ଏକ ରୋଚକ ଲୋକକଥା ଶୁଣିବାକୁ ମିଳେ । ପୁରୀର ଶ୍ୱେତଗଙ୍ଗା ନିକଟରେ ବାସୁଦେବ ନାମକ ଜଣେ ବ୍ରାହ୍ମଣ ବାସ କରୁଥିଲେ । ତାଙ୍କ ମାଆ ଶ୍ରୀୟା, ପତ୍ନୀ ରାଧା ଓ ଭଉଣୀ ସୁମେଧାଙ୍କୁ ନେଇ ତାଙ୍କର ଚାରିଜଣର ପରିବାର । ରାଧା ଓ ସୁମେଧା ଥିଲେ ମହାପ୍ରଭୁ ଜଗନ୍ନାଥଙ୍କର ଭକ୍ତ । ସବୁ ବର୍ଷ କାର୍ତ୍ତିକ ମାସରେ ଦୁହେଁ ନିଷ୍ଠାର ସହ ରାଧାଦାମୋଦର ବ୍ରତ ପାଳନ କରୁଥିଲେ । କିନ୍ତୁ ବୁଢ଼ୀ ଶ୍ରୀୟାଙ୍କୁ ଏ ସବୁ ଭଲ ଲାଗୁ ନ ଥିଲା । ସକାଳୁ ସକାଳୁ ଘରର କାମଦାମ ଛାଡ଼ି ଝିଅ ଓ ବୋହୂର ପୂଜା କରି ଯିବାକୁ ଶ୍ରୀୟା ପସନ୍ଦ କରୁ ନଥିଲେ । ଦିନେ ନଣନ୍ଦ ଭାଉଜ ପୂଜା ପାଇଁ ବାହାରିବା ବେଳକୁ ଶ୍ରୀୟା ଭୀଷଣ ଝଗଡ଼ା କଲେ । ରାଧା ଓ ସୁମେଧାଙ୍କ ପୂଜାରେ ବିଳମ୍ବ ଘଟିଲା । ସମୟ ଗଡ଼ି ଯାଉଥିବାରୁ ଦୁହେଁ ମହାପ୍ରଭୁଙ୍କୁ ପ୍ରାର୍ଥନା କଲେ । ମହାପ୍ରଭୁ ଶ୍ରୀଜଗନ୍ନାଥ ତାଙ୍କ କାତର ପ୍ରାର୍ଥନା ଶୁଣିଲେ । ତାଙ୍କ ଆଦେଶରେ ମାତା ସରସ୍ୱତୀ ବୁଢ଼ୀର କଣ୍ଠରେ ବିଜେ ହେଲେ ଏବଂ ପୂଜା ପାଇଁ ଅନୁମତି ଦେଲେ । ନଣନ୍ଦ ଭାଉଜ ଡେରିରେ ସମୁଦ୍ର କୂଳକୁ ଯାଇ ପୂଜା ଆରାଧନା ଆରମ୍ଭ କଲେ । ସେମାନଙ୍କ ଭକ୍ତି ଓ ପୂଜାରେ ନିଷ୍ଠା ଦେଖି ମହାପ୍ରଭୁ ମୁଗ୍ଧ ହେଲେ ଓ ସେଠାରେ ଅନେକ ସମୟ ପର୍ଯ୍ୟନ୍ତ ରହିଗଲେ ।

ଏଣେ ଶ୍ରୀମନ୍ଦିରରେ ସକାଳ ଧୂପ ପାଇଁ ଗର୍ଭଗୃହରେ ପ୍ରସାଦ ବଢ଼ା ହେଲା ଏବଂ ଟେରା ପଡ଼ିଲା । ଧୂପ ପରେ ମହାପ୍ରଭୁଙ୍କୁ ଦର୍ଶନ କରିବା ପାଇଁ ଭକ୍ତମାନଙ୍କ ସହିତ ଗଜପତି ମହାରାଜା ମଧ୍ୟ ଅପେକ୍ଷା କରିଥିଲେ । ପ୍ରସାଦ ଅର୍ପଣ ପୂର୍ବରୁ ପଣ୍ଡା ମହାପ୍ରଭୁଙ୍କୁ ଆବାହନ କରି ଚଳୁରେ ଦର୍ଶନ କରନ୍ତି । ତା' ପରେ ଭୋଜନ ପ୍ରସାଦ ସମର୍ପଣ ହେବା ଶ୍ରୀମନ୍ଦିରର ପରମ୍ପରା । କିନ୍ତୁ ସେ ଦିନ ମହାପ୍ରଭୁ ରାଧା ଓ ସୁମେଧାର ପୂଜା ସମୁଦ୍ର କୂଳରେ ଗ୍ରହଣ କରୁଥିବାରୁ ଚଳୁରେ ଦର୍ଶନ ଦେଲେ ନାହିଁ । ଗଜପତି ଭାବିଲେ ଯେ ସେବକମାନେ କିଛି ଅନ୍ୟାଚାର କରି ଥିବାରୁ ଠାକୁର ଚଳୁରେ ଆସୁ ନାହାନ୍ତି । ତେଣୁ ସେ ତତକ୍ଷଣାତ୍ ସଂପୃକ୍ତ ସେବକମାନଙ୍କୁ ବହିଷ୍କାର କରି ଶାସନୀ ବ୍ରାହ୍ମଣମାନଙ୍କୁ ନିଯୁକ୍ତ କଲେ । ସେବକ ପ୍ରିୟ ଜଗନ୍ନାଥ ସତ୍ୟାଗ୍ରହ କଲେ । ସେ ନବନିଯୁକ୍ତ ସେବକମାନଙ୍କର ସେବା ଗ୍ରହଣ କଲେ ନାହିଁ । ତାହା ଦେଖି ଗଜପତି, ସେବକ, ସାଧୁସନ୍ଥ ଓ ଭକ୍ତମାନେ ମଧ୍ୟ ଉପବାସରେ ରହିଲେ । ତୃତୀୟ ଦିନ ରାତିରେ ମହାପ୍ରଭୁ ରାଜାଙ୍କୁ ସ୍ୱପ୍ନରେ କହିଲେ- 'ତିନିଦିନ ହେଲା ମୋ ଉପବାସ, ମୋର ପଣ୍ଡାଙ୍କୁ କରିଅଛୁ ବସ / ତୁ ଯେ ବୋଲିଲୁ ଉଚ୍ଛୁର ହୋଇଲା, ତହିଁ ପଣ୍ଡାଙ୍କର ଦୋଷ ନୋହିଲା / ମୋତେ ଦେଖିଲେ ସିନା ଚଳୁ ଦେବେ, ମୁଁ ତ ସେଠାରେ ନ ଥିଲି ଦଇବେ / ସେଇଠାରେ ମୋର ବଡ଼ ଶରଧା, ଯହିଁ ପୂଜନ୍ତି ଦାମୋଦର ରାଧା ।'(ଓଡ଼ିଆ ଓଷାବ୍ରତ କଥା) । ତା' ପରଦିନ ରାଜା ନିଜେ ମନ୍ଦିରକୁ ଯାଇ ପ୍ରଥମେ ମହାପ୍ରଭୁଙ୍କୁ କ୍ଷମା ପ୍ରାର୍ଥନା କଲେ । ତା' ପରେ ପଣ୍ଡାମାନଙ୍କୁ କ୍ଷମା ମାଗି ପୁଣି ସେମାନଙ୍କୁ ସେବାରେ ନିଯୁକ୍ତି ଦେଲେ । ମନ୍ଦିରର ନୀତିକାନ୍ତି ପୂର୍ବବତ୍ ସୁରୁଖୁରୁରେ ଚାଲିଲା ।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

## ଜୟ ଢ଼ୋଲକିଆ ହେବେ ବିଜେପି ପ୍ରାର୍ଥୀ

# ବୃହତ୍ ବ୍ୟବଧାନରେ ବିଜୟୀ ହେବୁ: ବିଜେଡି

### ପ୍ରତାରକଙ୍କୁ ଉଚିତ୍ ଜବାବ ଦେବେ ନୂଆପଡ଼ାବାସୀ

ଭୁବନେଶ୍ୱର,୧୪।୧୦(ସମିସ): ଚଳିତ ବର୍ଷ ଦଶହରା ପରେ ପରେ ରାଜ୍ୟର ପାଣିପାଗ ନରମ ହେଉଥିବାବେଳେ ନୂଆପଡ଼ା ରାଜନୀତି ଉଷ୍ମ ହେବାରେ ଲାଗିଛି। ପୂର୍ବରୁ କଂଗ୍ରେସ ଘାସିରାମ ମାଝୀଙ୍କୁ ପ୍ରାର୍ଥୀ ଘୋଷଣା କରିଥିବାବେଳେ ବିଜେପି ଜୟ ଢ଼ୋଲକିଆଙ୍କୁ ପ୍ରାର୍ଥୀ କରିବାକୁ ନିଷ୍ପତ୍ତି ନେଇଛି । ଆସନ୍ତା ୧୭ ତାରିଖରେ ଜୟ ଢୋଲକିଆ ବିଜେପି ପ୍ରାର୍ଥୀଭାବେ ନାମାଙ୍କନ ଦାଖଲ କରିବେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରାଜ୍ୟ ସଭାପତି ମନମୋହନ ସାମଲ,

**ଉଷ୍ମ ହେଉଛି ନୂଆପଡ଼ା ରାଜନୀତି**

ଦଳର ମନ୍ତ୍ରୀ, ସାଂସଦ ଓ ବିଧାୟକମାନେ ଉପସ୍ଥିତ ରହିବେ ବୋଲି ବିଜେପି ସାଂସଦ ସୁଜିତ୍ କୁମାର ସୂଚନା ଦେଇଛନ୍ତି ।

ଅନ୍ୟପକ୍ଷରେ ନୂଆପଡ଼ା ଉପନିର୍ବାଚନ ପ୍ରସଙ୍ଗରେ ବିଜେଡିର ବରିଷ୍ଠ ନେତା ତଥା ବିଧାୟକ ଅରୁଣ କୁମାର ସାହୁ ବିଜେପିକୁ ତେରଛା ବାଣ ମାରିବା ସହ ଅକଳ୍ପନୀୟ ବ୍ୟବଧାନରେ ବିଜେଡି ବିଜୟ ହେବ ବୋଲି ଦୃଢ଼ୋକ୍ତି ପୋଷଣ କରିଛନ୍ତି। ସେ କହିଛନ୍ତି ଯେ ଗତକାଲି ଉପନିର୍ବାଚନ ବିଜ୍ଞପ୍ତି ପ୍ରକାଶ ପାଇଛି। ବିଜେଡି ଠିକଣା ସମୟରେ ବଢ଼ିଆ ପ୍ରାର୍ଥୀ ଦେବ, ସେ ନେଇ ସନ୍ଦେହ ପ୍ରକାଶ କରିବାର ଆବଶ୍ୟକତା ନାହିଁ।ନୂଆପଡାରେ ଜିତାପଟ ହାସଲ କରିବା ବିଜେଡିର ଆଭିମୁଖ୍ୟ । ସେହି ଅନୁଯାୟୀ ଦଳ କାର୍ଯ୍ୟ କରୁଛି। ଜଣେ ଚାଲିଗଲା ପରେ ତାଙ୍କ ପରିବାରରୁ ଜଣଙ୍କୁ ପ୍ରାର୍ଥୀ ଦେବା ପରମ୍ପରା ବନ୍ଦ ହେବା ଆବଶ୍ୟକ ବୋଲି ସେ ମତବ୍ୟକ୍ତ କରିଛନ୍ତି।

ଅନୁରୂପ ଭାବରେ ବିଜେଡିର ଅନ୍ୟତମ ବିଧାୟକ ସାରଦା ପ୍ରସନ୍ନ ଜେନା କହିଛନ୍ତି ଯେ ବିଜେଡି ଓ ନବୀନ ପଟ୍ଟନାୟକଙ୍କ ସହ ନୂଆପଡ଼ାବାସୀ ଅଛନ୍ତି। ପ୍ରତାରଣା କରୁଥିବା ଲୋକଙ୍କ ସହ ନୂଆପଡ଼ାବାସୀ ରହିବେ ନାହିଁ ବୋଲି ନିଷ୍ପତ୍ତି ନେଇ ସାରିଛନ୍ତି। ରାଜ୍ୟ ବିଜେପି ସରକାର ରାଜ୍ୟ ସହ ପ୍ରତାରଣା କରୁଥିବା ବେଳେ ଜୟ ଢୋଲକିଆ ନୂଆପଡ଼ାବାସୀଙ୍କ ସହ ପ୍ରତାରଣା କରିଛନ୍ତି। ଉଭୟଙ୍କୁ ଭୋଟର ଠିକଣା ସମୟରେ ଜବାବ୍ ଦେବେ। ନୂଆପଡା ଉପ ନିର୍ବାଚନ ପାଇଁ ବଡ଼ ଷ୍ଟ୍ରାଟେଜି ବିଜେଡି କରିଛି। ବିଜେଡି ଯେଉଁ ଷ୍ଟାଇଲରେ ଲଢ଼ିବ ବିଜେପି ତାହା ପରିକଳ୍ପନା ବି କରି ପାରିବ ନାହିଁ। ପ୍ରାର୍ଥୀ ଚୟନ କୁ ନେଇ ଦଳରେ କୌଣସି ଅଡୁଆ ନାହିଁ। ଠିକ ସମୟରେ ସଭାପତି ପ୍ରାର୍ଥୀଙ୍କ ନାମ ଘୋଷଣା କରିବେ ବୋଲି ସେ କହିଛନ୍ତି।

## ବଡ଼ଧରଣର ନିଶା କାରବାର ରାକେଟ ପର୍ଦ୍ଦାଫାସ

# ୫୧୦୦ ବୋତଲ କଫ୍‌ସିରପ୍ ଜବତ, ୨୦ ଗିରଫ

ସମ୍ବଲପୁର, ୧୪।୧୦(ସମିସ): ସମ୍ବଲପୁର ପୁଲିସ ଆଜି ଏକ ବଡ଼ଧରଣର ନିଶା କାରବାର ରାକେଟ୍‌ର ପର୍ଦ୍ଦାଫାସ କରିଛି। ବରେଇପାଲି ଥାନା ଅଞ୍ଚଳରେ ବେଆଇନ ଭାବେ ଚାଲାଣ ହେଉଥିବା ୫୧୦୦ ବୋତଲ କଫସିରପ୍ ଜବତ କରିବା



ସହ ଏଥିରେ ସମ୍ପୃକ୍ତ ୨୦ ଜଣଙ୍କୁ ଗିରଫ କରିଛି। ସେମାନଙ୍କ ମଧ୍ୟରୁ ପାଞ୍ଚଜଣ ଏହି କାରବାରର ମାଷ୍ଟରମାଇଣ୍ଡ ବୋଲି ଜଣାଯାଇଛି। ଅଭିଯୁକ୍ତମାନେ ହେଲେ, ଲୋକେଶ ପଧାନ ଓରଫ୍ ଆକାଶ (୩୦), ମନୀଷ ସିଂହ (୨୭), ମହିନ୍ଦ୍ର କିସାନ(୨୫), ପ୍ରଭାତ ଭୋଇ ଓରଫ୍ ଟିଟୁ (୨୩), ଅମୋଦ କରାଲି (୩୨), ତ୍ରିନାଥ ବେହେରା ଓରଫ୍ ଟିନୁ (୩୧), ଶେଖ ଫିରୋଜ ଓରଫ୍ ସୋନୁ (୨୯), ପୀତବାସ ସାହୁ (୪୦), ସତ୍ୟମ ନାଗ (୩୩), ଚିଣ୍ଟୁ ସୁନା (୨୫), ସଞ୍ଜୀବ ମେହେର (୨୦), ରବି ଦାସ ଓରଫ ସାହୁ (୨୫) ଓ ସତ୍ୟମ ସ୍ୱାଇଁ (୩୦), ଦୁର୍ଗା ଦୀପ (୪୦), ବସନ୍ତ ଗୁରୁ (୨୭), ସୁଦର୍ଶନ ରାଉତ ଓରଫ୍ ସୋନୁ (୨୩), ହାସାନ ରାଜା (୨୪), ପପି ବିଭାର (୨୫), ଅମନ ଦୀପ (୨୧) ଓ ଅନିଲ ଯାଦବ (୩୨)। ସେମାନଙ୍କଠାରୁ ଗୋଟିଏ କାର, ଗୋଟିଏ ପିକ୍‌ଅପ୍ ଭ୍ୟାନ, ୧୭ଟି ଜରିବ୍ୟାଗ୍‌ରେ ୫୧୦୦ ବୋତଲ ଏସ୍‌କଫ୍ କଫସିରପ୍, ୫ଟି ମୋବାଇଲ ଓ ନଗଦ ୪୦,୯୨୦ ଟଙ୍କା ଜବତ କରାଯାଇଛି। ଜବତ କଫସିରପ୍‌ର ମୂଲ୍ୟ ପାଖାପାଖି ୧୫ ଲକ୍ଷ ଟଙ୍କା ହେବ ବୋଲି ଆକଳନ କରାଯାଉଛି। ଜିଲ୍ଲା ପୁଲିସ କାର୍ଯ୍ୟାଳୟରେ ଆରକ୍ଷୀ ଅଧୀକ୍ଷକ ମୁକେଶ କୁମାର ଭାମୁ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦେଇଛନ୍ତି। ଏହି ମାମଲାର ତଦନ୍ତ ଜାରି ରହିଛି ଏବଂ ଆଗକୁ ଗିରଫଦାରୀ ସଂଖ୍ୟା ବଢ଼ିବ ବୋଲି ସେ କହିଛନ୍ତି। ବରେଇପାଲି ପୁଲିସ ଏକ ମାମଲା ରୁଜୁ କରି ଅଭିଯୁକ୍ତମାନଙ୍କୁ କୋର୍ଟଚାଲାଣ କରିଛି।

ଏସ୍‌ପି ଶ୍ରୀ ଭାମୁ କହିଛନ୍ତି, ଅଭିଯୁକ୍ତ ଲୋକେଶ, ମହିନ୍ଦ୍ର, ପ୍ରଭାତ, ଅମୋଦ ଓ ମନୀଷ ଗୋଟିଏ ପିକ୍‌ଅପ୍ ଓ କାର୍‌ରେ କଟକରୁ ଏହି ବେଆଇନ କଫସିରପ୍ ଆଣିଥିଲେ। ଏହି କଫସିରପ୍‌କୁ ସେମାନେ

**କଟକକୁ ଲମ୍ବିଛି ଚେର**

ବିଭିନ୍ନ ପଡ଼ାରେ ବେଆଇନ ବିକ୍ରୟକାରୀଙ୍କୁ ଦେଇଥାନ୍ତେ। ପଚରାଉଚରା ସମୟରେ ଲୋକେଶ କହିଛି ଯେ ସେ ସ୍ଥାନୀୟ କଫସିରପ ଚାଲାଣକାରୀମାନଙ୍କଠାରୁ ଟଙ୍କା ସଂଗ୍ରହ କରି ପରଧିଆପାଲିର ଚନ୍ଦ୍ରଶେଖର ନାଏକକୁ ଦେଇଥିଲା। ସେ ୟୁପିଆଇ ଜରିଆରେ କଟକର ଡ୍ରଗ୍ ଯୋଗାଣକାରୀକୁ ଟଙ୍କା ପଠାଇଥିଲା। ଏହି ମାମଲାର ତଦନ୍ତ ଜାରି ରହିଛି। ଫେରାର୍ ଥିବା କିଛି ଅଭିଯୁକ୍ତଙ୍କୁ ଖୁବ୍‌ଶୀଘ୍ର ଗିରଫ କରାଯିବ ବୋଲି ଏସ୍‌ପି କହିଛନ୍ତି। ମୁଖ୍ୟ ଅଭିଯୁକ୍ତ ୫ ଜଣ ଧରାପଡ଼ିଥିବାବେଳେ ୨ ଜଣ ଫେରାର ଅଛନ୍ତି। ଏହିଭଳି ନିଶା କାରବାରକୁ କିଛି ଲୋକ ଆର୍ଥିକ ସହଯୋଗ ଦେଉଛନ୍ତି, ସେମାନଙ୍କ ପର୍ଦ୍ଦାଫାସ କରାଯିବା ସହ ସେମାନଙ୍କ ସମ୍ପତ୍ତି ବ୍ୟାଜ୍ୟାପ୍ତ କରାଯିବ। ପ୍ରାୟ ସମସ୍ତଙ୍କ ନାମରେ ଅପରାଧିକ ମାମଲା ରହିଛି।

# ପୁଲିସ ଇନ୍‌ଫର୍ମର୍ ସନ୍ଦେହରେ ବିଜେପି କର୍ମୀଙ୍କୁ ହତ୍ୟା

ମାଲକାନଗିରି, ୧୪।୧୦(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ ବିଜାପୁର ଜିଲ୍ଲାର ଉସୁର ବ୍ଲକ୍‌ର ମୁଞ୍ଜାଲ କାଙ୍କେର ଗ୍ରାମର ଜଣେ ସକ୍ରିୟ ବିଜେପି କର୍ମୀ ସତ୍ୟମ୍ ପୁନେମଙ୍କୁ ମାଓବାଦୀମାନେ ହତ୍ୟା କରିଛନ୍ତି। ମାଓବାଦୀମାନେ ତାଙ୍କୁ ଘରୁ ଟାଣି ଆଣି କିଛି ଦୂରକୁ ନେଇଯାଇଥିଲେ ଏବଂ ରଶି ସାହାଯ୍ୟରେ ଗଳାକାଟି ହତ୍ୟା କରିଥିଲେ। ମାଓବାଦୀମାନେ ଘଟଣାସ୍ଥଳ ନିକଟରେ ଏକ ହାତ ଲେଖା ଚିଠି ମଧ୍ୟ ଛାଡ଼ିଥିଲେ। ମାଓ ସଂଗଠନର ମଦେଡ ଏରିଆ କମିଟି ଏହି ଘଟଣା ଘଟାଇଥିବା ଉକ୍ତ ଚିଠିରେ ଉଲ୍ଲେଖ ରହିଛି। ତେବେ ତାଙ୍କୁ ପୂର୍ବରୁ ବାରମ୍ବାର ଚେତାବନୀ ସତ୍ତ୍ୱେ ସେ ମାଓବାଦୀଙ୍କ ତଥ୍ୟ ପୁଲିସକୁ ଦେଉଥିବାରୁ ସତ୍ୟମ ପୁନେମଙ୍କୁ ମୃତ୍ୟୁଦଣ୍ଡ ଦିଆଯାଇଥିବା ସଙ୍ଗଠନ ପକ୍ଷରୁ କୁହାଯାଇଛି। ଘଟଣାକୁ ନେଇ ପରିବାର ଲୋକେ ଇଲମିଡି ପୁଲିସ ଷ୍ଟେସନକୁ ସୂଚନା ଦେଇଛନ୍ତି। ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।


**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**


**ପୂର୍ବ ତଟ ରେଳପଥ**

**ଶୁଦ୍ଧିପତ୍ର ସଂ. - 01**

ଟେଣ୍ଡର ବିଜ୍ଞପ୍ତି ସଂ. ETCECONIBBS2025044 ତା. 25.09.2025 ରିଖ

ଉପରୋକ୍ତ ଟେଣ୍ଡର ବିଜ୍ଞପ୍ତିରେ ନିମ୍ନଲିଖିତ ସଂଶୋଧନ କରାଯାଇଛି, ଯାହାକୁ ଦୟାକରି ଧ୍ୟାନ ଦେବା ଆବଶ୍ୟକ।

**ବିଷୟ :** ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :-

| ପ୍ରକାଶିତ ଅନୁଯାୟୀ | ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ |
|---|---|
| ତା.28.10.2025 ରିଖ 1200 ଘଟିକାରେ | ତା.07.11.2025ରିଖ 1200 ଘଟିକାରେ |

ବିସ୍ତୃତ ବିବରଣୀ ନିମନ୍ତେ ଦୟାକରି ୱେବସାଇଟ୍ : www.ireps.gov.in ଅବଲୋକନ କରନ୍ତୁ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର

PR-133/CI/25-26

**AFFIDAVIT**

By Virtue of an affidavit sworn before The Notary Public, Bhubaneswar Vide CF No 743, date- 16/09/2025 I , Elieo harijan, resident of At- Tikirachura, Po- Binjili, Po-Kosagumunda,Dist- Nabarangapur ,Pin-764058, declare that I have changed my daughter 's name from Suhana Abha Rani to Suhana Abharani Chalki. Hens,Suhana Abharani Chalki She shall be know as For all future purposes.

**SUHANA ABHARANI CHALKI**

**AFFIDAVIT**

By Virtue of an affidavit Sl. No. 437/25, dtd. 14.05.2025 before the Notary Public, Bhubaneswar, I, Ruksana Begum, At- Ray No.90, Shanti Nagar, Sikharchandi, Po. KIIT, Ps.- Infocity, Bhubanesar have changed my minor son's name from Rajaya Mustafa to Mir Raza E Mustafa for all purposes. Henceforth he shall be known as **Mir Raza E Mustafa** for all purposes.

**Sd/- Ruksana Begum**

## ପାର୍ଟ ପ୍ଲଟ୍ ପଞ୍ଜୀକରଣ

# ଏସ୍‌ଓପି ଜାରି; ଫିଟିଲା ବାଟ

ଭୁବନେଶ୍ୱର,୧୪।୧୦ (ସମିସ): ଫିଟିଲା ପାର୍ଟ ପ୍ଲଟ ପଞ୍ଜୀକରଣ ବାଟ। ଏଥିପାଇଁ ଆଜି ନୂଆ ଏସଓପି ଜାରି କରିଛନ୍ତି ରାଜ୍ୟ ସରକାର। ରାଜସ୍ୱ ଏବଂ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ସମଗ୍ର ରାଜ୍ୟରେ ପାର୍ଟ ପ୍ଲଟ୍ ପଞ୍ଜୀକରଣକୁ ସୁବ୍ୟବସ୍ଥିତ କରିବା ପାଇଁ ଏକ ନୂତନ ଏସ୍‌ଓପି ଅଣାଯାଇଛି।

ଏହି ନୂଆ ଏସ୍‌ଓପି ଦ୍ୱାରା ପୂର୍ବର ସମସ୍ତ ନିର୍ଦ୍ଦେଶାବଳୀକୁ ଅଗ୍ରାହ୍ୟ କରିଦିଆଯାଇଥିବା ବେଳେ ଜନସାଧାରଣଙ୍କ ପାଇଁ ସମାନତା, ସ୍ୱଚ୍ଛତା ଏବଂ ସହଜତା ସୁନିଶ୍ଚିତ କରିବାରେ ଏହି ଏସ୍‌ଓପି କାର୍ଯ୍ୟ କରିବ ବୋଲି କୁହାଯାଉଛି ।

**ଗ୍ରାମାଞ୍ଚଳରେ ଜଳାଶୟ ବ୍ୟତୀତ ପାର୍ଟ ପ୍ଲଟ୍ ବିକ୍ରିକୁ ଅନୁମତି**

**ଘୋଷଣାନାମା ଦେଇ ହୋଇପାରିବ ଚାଷ ଜମି ପଞ୍ଜୀକରଣ**

**ସହରାଞ୍ଚଳରେ ପଞ୍ଜୀକରଣ ହୋଇପାରିବ ୫୦୦ ବର୍ଗ ମିଟର ପରିମିତିର ପ୍ଲଟ୍**



ପଞ୍ଜୀକରଣ ଅଧିକାରୀଙ୍କ ମଧ୍ୟରେ ଅସଙ୍ଗତି ଦୂର କରିବା ସହିତ ପଞ୍ଜୀକରଣ ଅଧିନିୟମ ୧୯୦୮ ଏବଂ ଓଡ଼ିଶା ପଞ୍ଜୀକରଣ (ସଂଶୋଧନ) ଅଧିନିୟମ ୨୦୧୩ ଅନୁଯାୟୀ ରହିଥିବା ସ୍ୱଷ୍ଟ ନିର୍ଦ୍ଦେଶନାମାକୁ ଏସ୍‌ଓପିରେ ସ୍ପଷ୍ଟ କରାଯାଇଛି। ପାର୍ଟ ପ୍ଲଟ ପଞ୍ଜୀକରଣ ସମୟରେ ରାଜ୍ୟର ଅଧିକାରୀମାନେ ଆଇନ ଏବଂ ପ୍ରକ୍ରିୟା ବିଷୟରେ ଦ୍ୱନ୍ଦରେ ରହୁଥିଲେ; ଏଥିପାଇଁ ପ୍ଲଟ୍ ପଞ୍ଜୀକରଣରେ ସମାନତା ଆସିପାରୁ ନ ଥିଲା ଓ ଜନସାଧାରଣ ଅନେକ ଅସୁବିଧା ଭୋଗୁଥିଲେ। ଏହାକୁ ଦୃଷ୍ଟିରେ ରଖି ରାଜସ୍ୱ ମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ ଏହି ଏସଓପି ଆଣାଯାଇଛି। ଏଣିକି ଗ୍ରାମାଞ୍ଚଳରେ ଜଳଜମି କିସମ ପ୍ଲଟ୍ ବ୍ୟତୀତ ଗ୍ରାମାଞ୍ଚଳରେ ଆଂଶିକ ପ୍ଲଟ୍ ପଞ୍ଜୀକରଣ ପାଇଁ ଅନୁମତି ଦିଆଯାଇଛି। ବିନା ପୂର୍ବ ସର୍ତ୍ତରେ ଏହି ଅନୁମତି ଦିଆଯିବ। ଏହାକୁ ସମ୍ପୂର୍ଣ୍ଣ ପ୍ଲଟ୍ ଭାବରେ ସ୍ଥାନାନ୍ତର କରାଯିବ। ସବ୍-ଡିଭିଜନ ସହିତ ୫୦୦ ବର୍ଗ ମିଟରରୁ ଅଧିକ ହେବ ନାହିଁ। ସେହିପରି ଚାଷ ଜମି କ୍ଷେତ୍ରରେ ଯଦି ପ୍ଲଟ୍ କୃଷି କିସମ ହୋଇ ରହିଥାଏ, କେବଳ କୃଷି ବ୍ୟବହାରକୁ ସୁନିଶ୍ଚିତ କରୁଥିବା 'ଫର୍ମ ଡି' ରେ ଏକ ସ୍ୱ-ଘୋଷଣା ଦ୍ୱାରା ଏହି ପଞ୍ଜୀକରଣ କରାଯିବ।

ସହରାଞ୍ଚଳ ଓ ଯୋଜନାବଦ୍ଧ ଅଞ୍ଚଳ ଆଦି ଓଡ଼ିଶା ବିକାଶ କର୍ତ୍ତୃପକ୍ଷ ଏବଂ ଟାଉନ ପ୍ଲାନିଂ ଅଧିନିୟମ ଦ୍ୱାରା ପରିଚାଳିତ ହେଉଛି। ତେଣୁ ପାରିବାରିକ ସବ-ଡିଭିଜନ, ଛୋଟ ସବ-ଡିଭିଜନ (୫୦୦ ବର୍ଗ ମିଟରରୁ କମ୍ ଏବଂ କୌଣସି ରିଅଲ ଇଷ୍ଟେଟ୍ ବ୍ୟବହାର ହେବନି) ଏହାକୁ ମଧ୍ୟ ଅନୁମତି ଦିଆଯାଇଛି। ସେହିପରି ସହ-ଅଂଶୀଦାର ଡିଭିଜନ (ସମ୍ମତି ଏବଂ ଆନୁପାତିକ ଅଂଶ ସହିତ) ପୂର୍ବରୁ ଥିବା ଛୋଟ ପ୍ଲଟ୍ ଯାହାକି ୨୦୨୫ ଓଡିଏ, ଟିପି ଏବଂ ଆଇଟି ଦ୍ୱିତୀୟ ସଂଶୋଧନ ନିୟମ ପୂର୍ବରୁ ରେକର୍ଡ ହୋଇଥିବା ୫୦୦ ବର୍ଗ ମିଟରରୁ କମ୍ ପ୍ଲଟ୍‌ଗୁଡ଼ିକୁ ପଞ୍ଜୀକରଣ ପାଇଁ ଅନୁମତି ଦିଆଯାଇଛି। ପଞ୍ଜୀକରଣ ଅଧିକାରୀମାନେ ମ୍ୟାପ, ସୀମା ଏବଂ ଘୋଷଣାଗୁଡ଼ିକୁ ଯାଞ୍ଚ କରିବା ନିୟମର ଅନୁପାଳନ କରିବାକୁ କୁହାଯାଇଛି। ରେକର୍ଡରେ ସ୍ୱ-ଘୋଷଣାଗୁଡ଼ିକୁ ସଂରକ୍ଷିତ ରଖିବାକୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ତୁରନ୍ତ ପ୍ରଭାବଃ ସ୍ୱରୂପ ଏହି ଏସଓପିକୁ କାର୍ଯ୍ୟକାରୀ ପାଇଁ ବିଭାଗ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି।

**GOVERNMENT OF ODISHA** A-729

**"e" PROCUREMENT NOTICE**

**Bid Identification No: S.E. KCD-I (KIP)-07/2025-26**

**(Pertaining to Kanpur Canal Division-I, Jhumpura)**

| | | |
|---|---|---|
| 1. | Name of the Work | "M/R to Kanupur Irrigation Colony, Jhumpura for the FY 1st June 2025 to 31 March 2026." |
| 2 | Estimated cost | Rs.6,26,590.00 |
| 3 | Period of completion | 06 (Six) Calendar Months including rainy season. |
| 4 | Date & time of availability of bid document in the portal | Dt.15.10.2025 from 10.00 Hours to Dt.29.10.2025 up to 17.00 Hours |
| 5 | Last date / Time for receipt of bids in the portal | 29.10.2025 up to 17.00 Hours. |
| 6 | Date & Time of opening of tender | 30.10.2025 at 11.00 Hours. |
| 7 | Name and address of the Officer Inviting Bid | Er Duryodhan Kisan Superintending Engineer, Kanpur Canal Division-I, At/PO- Jhumpura, Dist- Keonjhar, Odisha-758031 |

Further details can be seen from the e-Procurement portal "https://www.tendersodisha.gov.in."

(Er. Duryodhan Kisan)
Superintending Engineer,
Kanpur Canal Division-I,
Jhumpura, Keonjhar, Odisha..

OIPR-32157/11/0005/2526

**AFFIDAVIT**

By virtue of an affidavit (Date.22/09/2025) sworn before the Executive Magistrate, Padampur. I, **Mamata Bhoi** (new name), W/o Late Himanshu Sekhar Sahoo, permanent & current resident of AT/PO- Kanut, Dist- Balangir, PIN- 767026, Odisha declare that I have changed my name from **Mamata Sahoo** (old name) to **Mamata Bhoi** (new name). Henceforth, I shall be known as **Mamata Bhoi** (new name) for all purposes.

**Mamata Bhoi**

**AFFIDAVIT**

By virtue of an affidavit sworn before Notary Public, Bhubaneswar, on dated 10.10.2025, I Sangram Kishore Rout, Resident At- Panamurga, Po- Ghatipiri, Dist- Dhenkanal, Odisha, PIN- 759015, declare that I have changed my son's name from Saubhagya Jena to Soubhagya Rout. Henceforth, He shall be known as **SOUBHAGYA ROUT** for all future purposes.

**AFFIDAVIT**

I, Jabir Mohammed, S/o- Late Sagir Mohammad, resident of Paikerapur, Post- Chhatia, Ps- Byree, Dist- Jajpur, PIN- 754023, Odisha declare by this affidavit No. 312, dtd- 27.09.2025 that now onwards I shall be known as **JABIR MOHAMMAD** for all future purposes.

**AFFIDAVIT**

I, Smt. Kamalesh Kumari Parida, W/o- Lingraj Parida, at Adarshmarg, Po/Ps– Ainthapali, Dist.: Sambalpur, declare by this affidavit before Notary Public, Sambalpur that my maiden name was Kamalesh Kumari Dang as per my Voter ID. After married with Lingraj Parida, my name changed from Kamalesh Kumari Dang to Kamalesh Kumari Parida. Henceforth, I shall be known as **Kamalesh Kumari Parida** for all purposes.

## ଯାନ୍ତ୍ରିକ ପଦ୍ଧତିରେ ଧାଡ଼ି ବୁଣା ଧାନ ଯନ୍ତ୍ର

ଚଳିତ ବର୍ଷ ରାଜ୍ୟ ସରକାଙ୍କ ଦ୍ୱାରା ରାଜ୍ୟ ଯୋଜନା ଅନ୍ତର୍ଗତ ଧାଡ଼ିରେ ଧାନ ବୁଣା ଯନ୍ତ୍ର ୨୦୨୫ - ୨୬ ବର୍ଷରେ ଆମ୍ଭ ଢେଙ୍କାନାଳ ଜିଲ୍ଲାରେ ୮୮୦ ହେକ୍ଟର ଚାଷ ଜମିରେ ଧାଡ଼ି ପ୍ରଣାଳୀରେ ଧାନ ବୁଣା ଯନ୍ତ୍ର ଦ୍ୱାରା ଚାଷ କରାଯାଇଅଛି । ଆମ୍ଭ ଜିଲ୍ଲାର ସାତଟି ବ୍ଲକ ତଥା ସଦର, ଗଁଦିଆ, ଓଡ଼ାପଡ଼ା, ହିନ୍ଦୋଳ, କାମାକ୍ଷାନଗର, ଭୁବନ ଓ କଙ୍କଡ଼ାହାଡ଼ ବ୍ଲକରେ ଏହି ଯୋଜନା ଚାଲୁଅଛୁ ।

ଏହି ଅତ୍ୟାଧୁନିକ ପ୍ରଣାଳୀ ଦ୍ୱାରା ଜମିରେ ପାଣିର ଅବଶ୍ୟକତା କମ୍ ଥାଏ ଉପଯୁକ୍ତ ଗଭୀରତାରେ ଗଛକୁ ଗଛକୁ ଦୂରତାରେ ବିହନ ବୁଣା ଯାଏ । ଅଙ୍କୁରୋଦଗମ ଗଜା ଶକ୍ତି ବୃଦ୍ଧି ହୁଏ ଏବଂ ଅଧିକ ଲାଭ ମିଳେ । ଏହା ଦ୍ୱାରା ଖର୍ଚ୍ଚ କମ୍, ଶୀଘ୍ର ଅମଳ ଏବଂ ଶ୍ରମ କମ୍ ହୋଇଥାଏ । ସରକାରଙ୍କ ଦ୍ୱାରା ପ୍ରତି ଚାଷୀ ମାନେ ଏହି ଯୋଜନା ଦ୍ୱାରା ଉପକୃତ ହେବେ ।

ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ
ଢେଙ୍କାନାଳ

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.10.2025, I Binod Kumar Behera, resident At- Haridagahir, Ps- Karikol, Sub Dist- Athagad, Dist- Cuttack, Odisha, PIN- 754209 declare that I have changed my name from Binod Kumar Beura to Binod Kumar Behera. Henceforth I shall be known as **BINOD KUMAR BEHERA** for all purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 13/09/2025. I, **Pradyumna Benia** (new name), formerly called as **Pradyumna Jenia** (old name), S/o Madana Benia, permanent resident of AT- Amurla, PO- Binekela, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my name from **Pradyumna Jenia** (old name) to **Pradyumna Benia** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I shall be known as **Pradyumna Benia** (new name) for all purposes.

**Pradyumna Benia**

## ଡିସେମ୍ବର ୧୩ରୁ ୭ମ ବାରିପଦା ଜାତୀୟ ଆଦିବାସୀ କ୍ଷୁଦ୍ର ଚଳଚ୍ଚିତ୍ର ଉତ୍ସବ



ବାରିପଦା,୧୪।୧୦(ସମିସ): ସାନ୍ତାଳୀ ଆର୍ଟ ଆଣ୍ଡ ଫିଲ୍ମ ଡେଭେଲପମେଣ୍ଟ ଫାଉଣ୍ଡେସନ୍ ଆନୁକୂଲ୍ୟରେ ୭ମ ବାରିପଦା ଜାତୀୟ ଆଦିବାସୀ କ୍ଷୁଦ୍ର ଚଳଚ୍ଚିତ୍ର ଉତ୍ସବ ଡିସେମ୍ବର ୧୩ ଓ ୧୪ ତାରିଖରେ ଅନୁଷ୍ଠିତ ହେବ। ଜାତୀୟସ୍ତରୀୟ ଏହି ପ୍ରତିଯୋଗିତାରେ ପ୍ରତିବର୍ଷ ପରି ଏବର୍ଷ ମଧ୍ୟ ଦୁଇଟି ବିଭାଗ ଯଥା କ୍ଷୁଦ୍ର ଚଳଚ୍ଚିତ୍ର (୩୦ମିନିଟ୍) ଓ ଡକ୍ୟୁମେଣ୍ଟାରି (୪୫ମିନିଟ୍) ଫିଲ୍ମଗୁଡ଼ିକ ଅଂଶଗ୍ରହଣ କରିପାରିବେ। ଇଚ୍ଛୁକ ପ୍ରଯୋଜକମାନେ ଅନଲାଇନ୍‌ରେ ନଭେମ୍ବର ୨୦ତାରିଖ ସୁଦ୍ଧା ପଞ୍ଜୀକରଣ କରିପାରିବେ ବୋଲି ଫାଉଣ୍ଡେସନ୍‌ର ପ୍ରତିଷ୍ଠାତା ଦୀପକ କୁମାର ବେଶ୍ରା ଜଣାଇଛନ୍ତି। ଫାଉଣ୍ଡେସନ୍‌ର ପ୍ରମୁଖ ପୃଷ୍ଠପୋଷକ ତଥା ପୂର୍ବତନ ମନ୍ତ୍ରୀ ସରୋଜିନୀ ହେମ୍ବ୍ରମ ଉତ୍ସବର ସଫଳତା କାମନା କରିବା ସହ ବହୁ ସଂଖ୍ୟାରେ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବା ପାଇଁ ଅନୁରୋଧ କରିଛନ୍ତି। ପ୍ରତିଯୋଗିତାରେ ସର୍ବଶ୍ରେଷ୍ଠ କ୍ଷୁଦ୍ର ଚଳଚ୍ଚିତ୍ର, ଡକ୍ୟୁମେଣ୍ଟାରୀ, ଡେବ୍ୟୁ ନିର୍ଦ୍ଦେଶକ, ଛାତ୍ର ଚଳଚ୍ଚିତ୍ର, ଶିଶୁ ଚଳଚ୍ଚିତ୍ର ଓ ମହିଳା ନିର୍ଦ୍ଦେଶିକାଙ୍କୁ ପୁରସ୍କୃତ କରାଯିବା ସହ ନିର୍ଦ୍ଦିଷ୍ଟ ବ୍ୟକ୍ତିବିଶେଷଙ୍କୁ ଗୌରବ ଓ ଆଜୀବନ ସଫଳତା ସମ୍ମାନରେ ସମ୍ମାନିତ କରାଯିବ ବୋଲି ଶ୍ରୀ ବେଶ୍ରା କହିଛନ୍ତି।

**ନଭେମ୍ବର ୨୦ ସୁଦ୍ଧା ପଞ୍ଜୀକରଣ**

**କଟକ କ୍ଲବ୍**

ପଞ୍ଜିକୃତ କାର୍ଯ୍ୟାଳୟ: ବାରବଟି ଫୋର୍ଟ, ବାରବାଟୀ ଷ୍ଟାଡିୟମ ନିକଟ, କଟକ – ୭୫୩୦୦୧, ଓଡିଶା
ଫୋନ୍: ୦୬୭୧-୨୩୦୧୦୪୧, ୭୯୭୮୨୬୭୬୫୦
CIN: U91990OR1949NPL000181
ୱେବସାଇଟ୍: www.cuttackclub.com, ଇ-ମେଲ୍: info@cuttackclub.com

କଟକ କ୍ଲବର ସଦସ୍ୟମାନଙ୍କ ପାଇଁ ସୂଚନା
(କମ୍ପାନୀ (ପରିଚାଳନା ଓ ପ୍ରଶାସନ) ନିୟମାବଳୀ, 2014 ର ନିୟମ 20(4)(v) ଅନୁଯାୟୀ)

ଏତଦ୍ୱାରା ସୂଚିତ କରାଯାଉଛି ଯେ, ୭୬ତମ ବାର୍ଷିକ ସାଧାରଣ ସଭା (AGM) ରବିବାର, ୨୫ ଅକ୍ଟୋବର ୨୦୨୫ ରେ ସକାଳ ୧୦.୦୦ ଟାରେ, କଟକ କ୍ଲବର ସେଣ୍ଟେନାରୀ ହଲ୍ (ଆନେକ୍ସ-୧), ବାରବଟି ଫୋର୍ଟ, ବାରବାଟୀ ଷ୍ଟେଡିୟମ ନିକଟରେ, କଟକ - ୭୫୩୦୦୧, ଓଡିଶା ଠାରେ ଆୟୋଜିତ ହେବ। ସଦସ୍ୟମାନଙ୍କୁ ନିମ୍ନଲିଖିତ ବିଷୟ ସୂଚନା ଦିଆଯାଉଛି

1) AGM ର ନୋଟିସ, ଏଜେଣ୍ଡା, ଯୋଗ୍ୟତା ମାନଦଣ୍ଡ ଓ ପ୍ରସ୍ତାବ ସମ୍ବନ୍ଧୀୟ ନିୟମାବଳୀ ସଦସ୍ୟମାନଙ୍କ ନିବନ୍ଧିତ ଇ-ମେଲ ଆଇ.ଡି. ଏବଂ WhatsApp ମାଧ୍ୟମରେ ପଠାଯାଇଛି।
2) କମ୍ପାନୀ ନ୍ୟାସନାଲ ସିକ୍ୟୁରିଟିଜ ଡିପୋଜିଟୋରି ଲିମିଟେଡ୍ (NSDL) କୁ ସଦସ୍ୟମାନଙ୍କ ପାଇଁ ଇ-ଭୋଟିଂ ସୁବିଧା ପ୍ରଦାନ କରିବାକୁ ନିଯୁକ୍ତ କରିଛି। ବ୍ୟବସାୟଗୁଡିକ ଇଲେକ୍ଟ୍ରୋନିକ ମାଧ୍ୟମରେ ରିମୋଟ୍ ଭୋଟିଂ (E-voting) ଓ ଶାରୀରିକ ଭୋଟିଂ (Physical voting) ଦୁହିଁଟି ମାଧ୍ୟମରେ ସମ୍ପାଦିତ ହେବ।
3) ରିମୋଟ୍ ଇ-ଭୋଟିଂ ଅବଧି ୨୪.୧୦.୨୦୨୫ (ଶୁକ୍ରବାର) ସକାଳ 09:00 ଠାରୁ ସନ୍ଧ୍ୟା 17:00 (IST) ପର୍ଯ୍ୟନ୍ତ ରହିବ। ଉକ୍ତ ସମୟସୀମା ପରେ ରିମୋଟ୍ ଭୋଟିଂ ଅନୁମତି ନହେବ।
4) ଶାରୀରିକ ଭୋଟିଂ ୨୫.୧୦.୨୦୨୫ (ଶନିବାର) ଦିନ କ୍ଲବ ପ୍ରାଙ୍ଗଣରେ ଦୁପର 12.00 ଠାରୁ ଆରମ୍ଭ ହେବ। ଯେ ସଦସ୍ୟମାନେ ପୂର୍ବରୁ ଇ-ଭୋଟିଂ କରିଥିବେ ସେମାନେ ସଭାରେ ଯୋଗ ଦେଇପାରିବେ, କିନ୍ତୁ ପୁଣିଥରେ ଭୋଟ ଦେଇପାରିବେ ନାହିଁ।
5) ରିମୋଟ୍ ଇ-ଭୋଟିଂ ପାଇଁ User ID ଓ Password ସହିତ ନିର୍ଦ୍ଦେଶନାମା NSDL ଦ୍ୱାରା ସଦସ୍ୟମାନଙ୍କ ନିବନ୍ଧିତ ଇମେଲ ଓ ମୋବାଇଲ ନମ୍ବରକୁ ପଠାଯିବ (କଟଅଫ ତାରିଖ ୩୧ ଅଗଷ୍ଟ ୨୦୨୫ ଅନୁସାରେ)। ଯଦି ଇ-ଭୋଟିଂରେ କୌଣସି ଅସୁବିଧା ହୁଏ, କ୍ଲବ ତାହା ପାଇଁ ଦାୟୀ ନହେବ।
6) NSDL ର ଇମେଲ ପାଇଲେ, ସେମାନଙ୍କ ୱେବସାଇଟ୍ https://www.evoting.nsdl.com କୁ ଯାଆନ୍ତୁ। "Login" ବିକଳ୍ପକୁ ଚୟନ କରନ୍ତୁ (Shareholder/Member ଶିରୋନାମାର ତଳେ ଉପଲବ୍ଧ)। ତାହାପରେ ସିଷ୍ଟମ ଆପଣଙ୍କୁ User ID ପ୍ରବେଶ କରିବାକୁ ପଚାରିବ- NSDL ଦ୍ୱାରା ପ୍ରଦାନିତ User ID ଓ Password ପ୍ରବେଶ କରନ୍ତୁ।
7) ସଫଳତାର ସହିତ ଲଗଇନ୍ କଲାପରେ, e-voting ପୃଷ୍ଠାରେ "EVEN" ବିକଳ୍ପ ଚୟନ କରନ୍ତୁ ଓ ଭୋଟ ଦିଅନ୍ତୁ। ପସନ୍ଦ କରାଯାଇଥିବା ବିକଳ୍ପ ଚୟନ କରି "Submit" ଏବଂ "Confirm" କ୍ଲିକ୍ କରନ୍ତୁ। "Vote cast successfully" ବାର୍ତ୍ତା ଦେଖାଯିବ।
8) ଏକଥର ଭୋଟ ନିଶ୍ଚିତ କଲାପରେ ତାହାକୁ ପରିବର୍ତ୍ତନ କରିପାରିବେ ନାହିଁ।
9) ଯଦି କୌଣସି ସମସ୍ୟା ବା ଅସୁବିଧା ହୁଏ, ଦୟାକରି ଯୋଗାଯୋଗ କରନ୍ତୁ।
Ph.: 022-48867000, 022-24997000, Email: evoting@nsdl.co.in

କଟକ କ୍ଲବ ପକ୍ଷରୁ ଓ ତାହାର ପକ୍ଷରେ
ସୁଭେନ୍ଦୁ ମୋହନ ପଟ୍ଟନାୟକ
ମାନ୍ୟବର ସଚିବ ତଥା ନିର୍ଦ୍ଦେଶକ
DIN: 02407792

**ପଞ୍ଚାୟତ ସମିତି, ମାଲକାନଗିରି**

**PANCHAYAT SAMITI, MALKANGIRI**

Dist.: Malkangiri
Pin-764048, Ph./Fax : 06861-231219
Email: ori-bmalkangiri@nic.in

**ବିଜ୍ଞାପନ**

ଏତଦ୍ୱାରା ପଞ୍ଚାୟତ ସମିତି, ମାଲକାନଗିରି ଅଧିନସ୍ଥ ସମସ୍ତ ଗ୍ରାମ ପଞ୍ଚାୟତର ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି କି ଯେ , ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା ଅଧିନରେ ଆର୍ଥିକ ବର୍ଷ(୨୦୨୫-୨୬) ୦୧.୦୪.୨୦୨୫ ଠାରୁ ୩୦.୦୯.୨୦୨୫ ଓ ପ୍ରଧାନମନ୍ତ୍ରୀ ଆବାସ ଯୋଜନା - ଗ୍ରାମୀଣ ଯୋଜନା ଅଧିନରେ କାର୍ଯ୍ୟକାରୀ କରାଯାଇ ଥିବା ପଞ୍ଚାୟତ ସମିତି , ଲାଇନ ଡିପାର୍ଟମେଣ୍ଟ , ଗ୍ରାମ ପଞ୍ଚାୟତ ସ୍ତରୀୟ କିମ୍ବା ଅନ୍ୟାନ୍ୟ କାର୍ଯ୍ୟକାରୀ ସଂସ୍ଥା ମାନଙ୍କ ଦ୍ୱାରା କାର୍ଯ୍ୟକାରୀ କରାଯାଇ ଥିବା ସମସ୍ତ ଆବଶ୍ୟକୀୟ ନଥିପତ୍ର ସହ କାର୍ଯ୍ୟକୁ ତନଖି ଦେଖିବେ ଓ ସାମାଜିକ ସମୀକ୍ଷା କାର୍ଯ୍ୟକ୍ରମ ନିମ୍ନ ନିର୍ଧାରିତ କାର୍ଯ୍ୟସୂଚୀ ଅନୁସାରେ ଅନୁଷ୍ଠିତ ହେବ । ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ ମାଲକାନଗିରି ଙ୍କ ପତ୍ର ସଂଖ୍ୟା ୫୨୦୩ ତାରିଖ ୧୦.୧୦.୨୦୨୫ ପ୍ରକାରେ ନିମ୍ନ ନିର୍ଧାରିତ କାର୍ଯ୍ୟସୂଚୀ ଅନୁସାରେ ଅନୁଷ୍ଠିତ ହେବ । ଏଣୁ ସମସ୍ତ ଗ୍ରାମ ପଞ୍ଚାୟତ କାର୍ଯ୍ୟକାରୀ ଅଧିକାରୀ, କନିଷ୍ଠ ଯନ୍ତ୍ରୀ, ଗ୍ରାମ ପଞ୍ଚାୟତ ରୋଜଗାର ସହାୟକ, ମେଟ୍ ଓ ଅନ୍ୟାନ୍ୟ କାର୍ଯ୍ୟକାରୀ ସଂସ୍ଥା ଅଧିକାରୀ ମାନଙ୍କୁ ନିଜ ନିଜ ଗ୍ରା.ପ. ଅଫିସରେ କାର୍ଯ୍ୟସୂଚୀ ଅନୁସାରେ ସମସ୍ତ ଆବଶ୍ୟକୀୟ ନଥିପତ୍ର ସହ ଉପସ୍ଥିତ ରହିବାକୁ ଅନୁରୋଧ କରାଗଲା । ଏଥିସହ ପ୍ରଧାନମନ୍ତ୍ରୀ ଆବାସ ଯୋଜନା - ଗ୍ରାମୀଣ ଯୋଜନାରେ ଅନ୍ତର୍ଭୁକ୍ତ ଥିବା ସମସ୍ତ ନଥିପତ୍ର ଗୁଡ଼ିକୁ ଯାଞ୍ଚ କରିବା ପାଇଁ ସମୀକ୍ଷା ଦଳକୁ ପ୍ରଦାନ କରିବେ ।

ମାଲକାନଗିରି ଅଧିନସ୍ଥ ସମସ୍ତ ଗ୍ରାମ ପଂଚାୟତର ସରପଞ୍ଚ ଓ ସର୍ବସାଧାରଣଙ୍କୁ ଅନୁରୋଧ କରା ଯାଉଛି ଯେ ଏଥିରେ ସହଯୋଗ କରିବା ହେବେ ।

| କ୍ରମିକ ନମ୍ବର | ଗ୍ରାମ ପଞ୍ଚାୟତ | ସାମାଜିକ ସମୀକ୍ଷା ଆରମ୍ଭ ତାରିଖ | ସାମାଜିକ ସମୀକ୍ଷା ଶେଷ ତାରିଖ | ଗ୍ରାମସଭା ତାରିଖ | ନୋଡାଲ ଅଧିକାରି | ବ୍ଲକ୍ ସ୍ତରୀୟ ଜନଶୁଣାଣୀ ତାରିଖ |
|---|---|---|---|---|---|---|
| ୧ | ଡାଲାନଗୁଡା | ୧୫.୧୦.୨୦୨୫ | ୩୦.୧୦.୨୦୨୫ | ୩୦.୧୦.୨୦୨୫ | ଏମ୍. ଆଇ | ୩୦.୦୩.୨୦୨୬ |
| ୨ | ତଣ୍ଡିକି | ୧୫.୧୦.୨୦୨୫ | ୩୦.୧୦.୨୦୨୫ | ୩୦.୧୦.୨୦୨୫ | ବି.ପି.ଏମ୍ (ଓ.ଏଲ.ଏମ୍) | |
| ୩ | ପଡ୍ମଗିରି | ୧୫.୧୦.୨୦୨୫ | ୩୦.୧୦.୨୦୨୫ | ୩୦.୧୦.୨୦୨୫ | ଡବ୍ଲୁ.ଇ.ଓ | |
| ୪ | ସିନ୍ଧିମାଲା | ୩୧.୧୦.୨୦୨୫ | ୧୭.୧୧.୨୦୨୫ | ୧୭.୧୧.୨୦୨୫ | ଏମ୍. ଆଇ | |
| ୫ | ଉଡୁପା | ୩୧.୧୦.୨୦୨୫ | ୧୭.୧୧.୨୦୨୫ | ୧୭.୧୧.୨୦୨୫ | ଏ.ଇ.ଇ | |
| ୬ | ଗଙ୍ଗଲା | ୩୧.୧୦.୨୦୨୫ | ୧୭.୧୧.୨୦୨୫ | ୧୭.୧୧.୨୦୨୫ | ଡବ୍ଲୁ.ଇ.ଓ | |
| ୭ | ପେଦାୱାଡା | ୧୮.୧୧.୨୦୨୫ | ୦୩.୧୨.୨୦୨୫ | ୦୩.୧୨.୨୦୨୫ | ଏ.ପି.ଓ | |
| ୮ | ଗୌଡ଼ଗୁଡା | ୧୮.୧୧.୨୦୨୫ | ୦୩.୧୨.୨୦୨୫ | ୦୩.୧୨.୨୦୨୫ | ଏ.ବି.ଡି.ଓ | |
| ୯ | ଝରାପାଲି | ୧୮.୧୧.୨୦୨୫ | ୦୩.୧୨.୨୦୨୫ | ୦୩.୧୨.୨୦୨୫ | ବି.ପି.ଏମ୍ (ଓ.ଏଲ.ଏମ୍) | |
| ୧୦ | ତମସା | ୦୪.୧୨.୨୦୨୫ | ୨୨.୧୨.୨୦୨୫ | ୨୨.୧୨.୨୦୨୫ | ବି.ପି.ଯି (ଆର.ଏଚ୍) | |
| ୧୧ | ତଣ୍ଡାପାଲି | ୦୪.୧୨.୨୦୨୫ | ୨୨.୧୨.୨୦୨୫ | ୨୨.୧୨.୨୦୨୫ | ଏ.ଇ.ଇ | |
| ୧୨ | ଗୋରାଖୁଣ୍ଟା | ୦୪.୧୨.୨୦୨୫ | ୨୨.୧୨.୨୦୨୫ | ୨୨.୧୨.୨୦୨୫ | ଏମ୍. ଆଇ | |
| ୧୩ | ଶିଖପାଲି | ୦୨.୦୨.୨୦୨୬ | ୧୮.୦୨.୨୦୨୬ | ୧୮.୦୨.୨୦୨୬ | ଏ.ପି.ଓ | |
| ୧୪ | ମାଟାପାକା | ୦୨.୦୨.୨୦୨୬ | ୧୮.୦୨.୨୦୨୬ | ୧୮.୦୨.୨୦୨୬ | ଏ.ବି.ଡି.ଓ | |
| ୧୫ | ସେରପାଲି | ୦୨.୦୨.୨୦୨୬ | ୧୮.୦୨.୨୦୨୬ | ୧୮.୦୨.୨୦୨୬ | ସି.ଡି.ପି.ଓ | |
| ୧୬ | ପେଡ଼ାକୋଣ୍ଡା | ୨୦.୦୨.୨୦୨୬ | ୦୬.୦୩.୨୦୨୬ | ୦୬.୦୩.୨୦୨୬ | ଏମ୍. ଆଇ | |
| ୧୭ | ବିରଲକ୍ଷ୍ମଣପୁର | ୨୦.୦୨.୨୦୨୬ | ୦୬.୦୩.୨୦୨୬ | ୦୬.୦୩.୨୦୨୬ | ବି.ପି.ଏମ୍ (ଓ.ଏଲ.ଏମ୍) | |
| ୧୮ | ପାଣ୍ଡ୍ରୀପାଣି | ୨୦.୦୨.୨୦୨୬ | ୦୬.୦୩.୨୦୨୬ | ୦୬.୦୩.୨୦୨୬ | ବି.ପି.ଯି (ଆର.ଏଚ୍) | |
| ୧୯ | ମାର୍ଦ୍ଦାପାଲି | ୦୯.୦୩.୨୦୨୬ | ୨୫.୦୩.୨୦୨୬ | ୨୫.୦୩.୨୦୨୬ | ଏ.ଇ.ଇ | |

ଗୋଷ୍ଠୀ ଉନ୍ନୟନ ଅଧିକାରୀ
ମାଲକାନଗିରି

**AFFIDAVIT**

I, Bimla Nandi, W/O Late-Ram Chandra Nandi, resident of Chhancha, Ward No.25, Po/Ps-Baripada Town, Dist.- Mayurbhanj, Pin.No.-757001, Odisha, declared by this affidavit No-1043 dtd. 14.10.2025 that now onwards I shall be known as Bimala Nandi (67) for all future purposes.

**Bimla Nandi**

**AFFIDAVIT**

By virtue of an affidavit (No. 605/25) sworn before the Notary Public, Borigumma on dated- 12/10/2025. I, **Sri Padu Jani,** S/o Late Ghana Jani, Address: Village- Phundaguda, Khudiguda, PO/PS- Borigumma, Dist- Koraput, Pin- 764056, Odisha declare that I have changed my son's name from **Kamandan Jani** to **Kamaladan Jani** in his Aadhar Card (vide No. 8139 7095 7497). Henceforth, he shall be known as **Kamaladan Jani** (new name) for all purposes.

**Sri Padu Jani**

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.10.2025, I Kanchan Mohanty, W/o- Susanta Kumar Mohanty resident At- Bisunipada, Po- Jhintisasan, Balakati, Dist- Khordha, Odisha, PIN- 752100 declare that I have changed my name from Kanchan Vishwakarma to Kanchan Mohanty. Henceforth I shall be known as **KANCHAN MOHANTY** for all purposes.

**AFFIDAVIT**

By virtue of an affidavit No. 5822, sworn before the Executive Magistrate Champua on dated- 14/10/2025. I **Jasabati Munda,** W/o-Markanda Munda, resident of Vill/Po- Bankia, Ps- Champua, Dist- Keonjhar Pin- 758044, Odisha declare that I have changed my name from **Joshabati Munda** (old name) to **Jasabati Munda** (new name). Henceforth she shall be known as **Jasabati Munda** for all future purposes.

**Jasabati Munda**

**AFFIDAVIT**

By Virtue of an affidavit sworn before The Notary Public, Bhubaneswar Vide CF No 744, date- 16/09/2025 I , Elieo harijan, resident of At- Tikirachura, Po- Binjili, Po-Kosagumunda,Dist- Nabarangapur ,Pin-764058, declare that I have changed my Son's name from Lucky sawan kumar to Lucky sawan Chalki.Hens ,Lucky sawan chalki. He shall be know as for all future purposes.

**LUCKY SWAIN CHALKI**

ଭାଙ୍ଗିଲା ପରମ୍ପରା

# ବିଳମ୍ବ ହେଲା କେନ୍ଦ୍ରାପଡ଼ା ଗଜଲକ୍ଷ୍ମୀ ଭସାଣି

- ପ୍ରଥମ ଦିନରେ ବିସର୍ଜିତ ହୋଇପାରିଲେନି ସବୁ ମେଢ଼
- ତ୍ରୁଟି ହୋଇଥିବା ସ୍ୱୀକାର କଲେ ଏସ୍‌ପି






କେନ୍ଦ୍ରାପଡ଼ା, ୧୪।୧୦(ସମିସ)

ଭାଙ୍ଗିଲା ବର୍ଷ ବର୍ଷର ପରମ୍ପରା। ୫ ଘଣ୍ଟାରୁ ଊର୍ଦ୍ଧ୍ୱ ବିଳମ୍ବ ଯୋଗୁଁ ମେଳଣ ପଡ଼ିଆରେ ମା'ଙ୍କ ନିକଟରେ ଭୋଗ ଲାଗି ହୋଇପାରିଲାନାହିଁ। ନିଜେ ଏସ୍‌ପି ସିଦ୍ଧାର୍ଥ କଟାରିଆ ତ୍ରୁଟି ହୋଇଥିବା ସ୍ୱୀକାର କରିଛନ୍ତି। ଗଜଲକ୍ଷ୍ମୀ ପୂଜା ମେଳଣ ସୋମବାର ଆରମ୍ଭ ହୋଇଥିବାବେଳେ ମଙ୍ଗଳବାର ଭସାଣି ଉତ୍ସବ ଆରମ୍ଭ ହୋଇଛି। ରାତି ସୁଦ୍ଧା କେତେକ ମେଢ ପାଣିରେ ବିସର୍ଜିତ ହୋଇଥିବାବେଳେ ବାକି ଅନେକ ମେଢ ରାସ୍ତାରେ ଅଟକି ରହିଛନ୍ତି। ପ୍ରଶାସନିକ ନିଷ୍ପତ୍ତି ଅନୁଯାୟୀ ଦୁଇ ଦିନରେ ମେଳଣ ଓ ଭସାଣି ଉତ୍ସବ ଶେଷ ହେବା ପରିବର୍ତ୍ତେ ଏହା ତୃତୀୟ ଦିନକୁ ଗଡ଼ିଯିବା ନେଇ ଅନୁମାନ କରାଯାଉଛି।

ସୋମବାର ରାଜ୍ୟର ଅନନ୍ୟ ଜଗଲକ୍ଷ୍ମୀ ପୂଜା ମେଳଣ ଉତ୍ସବ ଆରମ୍ଭ ହୋଇଥିଲା। ୪୮ଟି ମେଢ ଏହି ଉତ୍ସବରେ ସାମିଲ ହୋଇଥିଲେ। ସୋମବାର ରାତି ସୁଦ୍ଧା ସମସ୍ତ ମେଢ ପୁରୁଣା ବସଷ୍ଟାଣ୍ଡରେ ପହଞ୍ଚିବା କଥା। ମଙ୍ଗଳବାର ଭୋର ସମୟରେ ମେଳଣ ପଡ଼ିଆରେ ଭୋଗ ଲାଗିବା ପରେ ମେଢ ବିସର୍ଜନ ଘାଟ ଅଭିମୁଖେ ବାହାରିଥା'ନ୍ତେ। କେତେକ ପୂଜା କମିଟି ନିୟମ ଭୁଲିଯାଇ ମେଳଣ ପଡ଼ିଆରେ ପହଞ୍ଚିବାକୁ ବହୁ ବିଳମ୍ବ କରିଥିଲେ। ଫଳରେ ମାତ୍ର ୮ଟି ମେଢ ରାତି ୧୨ଟା ସୁଦ୍ଧା ମେଳଣ ପଡ଼ିଆରେ ପହଞ୍ଚିଥିଲେ। ଉଚ୍ଚ ଶବ୍ଦ କରୁଥିବା ବୈଦ୍ୟୁତିକ ବାଦ୍ୟଯନ୍ତ୍ର ବନ୍ଦ ହୋଇଯିବା ଫଳରେ ରାସ୍ତାରେ ଥିବା ଅନ୍ୟ ମେଢ ଆଗକୁ ବଢ଼ି ନ ଥିଲେ। ଭୋର ସୁଦ୍ଧା ୨୬ଟି ମେଢ ପଡ଼ିଆରେ ପହଞ୍ଚିଥିଲେ। ଅନ୍ୟ ୨୨ଟି ମେଢ ପଡ଼ିଆର ପୂର୍ବ ଓ ପଶ୍ଚିମ ଦିଗ ରାସ୍ତାରେ ଅଟକି ରହିଥିଲେ। ପ୍ରଶାସନିକ ଚାପରେ ରାସ୍ତାରେ ଥିବା ମେଢ ଅପରାହ୍ନ ୨ଟା ପରେ ଶୋଭାଯାତ୍ରା କରି ମେଳଣ ପଡ଼ିଆକୁ ଆଗମନ କରିଥିଲେ। ସମସ୍ତ ମେଢ ମେଳଣ ପଡ଼ିଆରେ ପହଞ୍ଚିବାରେ ବିଳମ୍ବ ହୋଇଥିଲା। ତେଣୁ ଠାକୁରଙ୍କ ଭୋଗ ଖାଇବା ସମୟ ଅପରାହ୍ନ ୪ଟା ହୋଇଯାଇଥିଲା। ପରେ ନୂଆ ବସଷ୍ଟାଣ୍ଡ ଥାନପତି ମେଢ ମେଳଣ ପଡ଼ିଆ ଛାଡି ନୂଆ ବସଷ୍ଟାଣ୍ଡସ୍ଥ ବିସର୍ଜନ ଘାଟରେ ଆସି ବସିଥିଲେ। ପରେ କାକଟ ମଙ୍ଗଳା ଓ ଧର୍ମଗୁଳା ଅନୁଯାୟୀ ଗୋଟିଏ ପରେ ଗୋଟିଏ ଅନ୍ୟ ମେଢ ଶୋଭାଯାତ୍ରାରେ ବିସର୍ଜନ ଘାଟ ଅଭିମୁଖେ ଯାତ୍ରା କରିଥିଲେ। ମେଳଣ ପଡ଼ିଆରେ ଥିବା କେତେକ ମେଢ ବିଳମ୍ବ ଯୋଗୁଁ ଅନ୍ୟ ରାସ୍ତା ଦେଇ ବିସର୍ଜନ ଘାଟକୁ ଆସିବାକୁ ବାଧ୍ୟ ହୋଇଥିଲେ। ଏହାଦ୍ୱାରା ପରମ୍ପରା ଭଙ୍ଗ ହୋଇଥିଲା ବୋଲି ଆଲୋଚନା ହୋଇଥିଲା। କାହିଁକି ପରମ୍ପରା ଭଙ୍ଗ ହେଲା ଓ ଏଥିପାଇଁ କିଏ ଦାୟୀ ବୋଲି କେତେକ ପୂଜା କମିଟି ସଦସ୍ୟ ପ୍ରଶ୍ନ କରିଛନ୍ତି। ମଙ୍ଗଳବାର ରାତି ୨ଟା ସୁଦ୍ଧା ୨୧ଟି ମେଢ ଗୋବରୀ ନଦୀ ଓ ଅନ୍ୟ ଜଳାଶୟ ବିସର୍ଜନ ଘାଟରେ ବିସର୍ଜିତ ହେବାର ସମ୍ଭାବନା ରହିଛି। ବାକି ମେଢ ବୁଧବାର ବିସର୍ଜିତ ହେବେ ବୋଲି ପ୍ରଶାସନ ପକ୍ଷରୁ ଅନୁମାନ କରାଯାଉଛି।

## ନିମ୍ନମାନର ଖାଦ୍ୟ ବିକ୍ରି, ହେଲାନି ଯାଞ୍ଚ



ଗଜଲକ୍ଷ୍ମୀ ଭସାଣିରେ ଖଚାଖଚ ଭିଡ଼। ମିଳିଲା ବାସୀ ଓ ନିମ୍ନମାନର ଖାଦ୍ୟ। ହେଲାନି ଖାଦ୍ୟ ଯାଞ୍ଚ। ନାହିରେ ତେଲ ଦେଇ ଶୋଇଛି ଖାଦ୍ୟ ନିରାପତ୍ତା ବିଭାଗ। ଗଜଲକ୍ଷ୍ମୀ ପୂଜା ଅବସରରେ ଅନେକ ଖାଦ୍ୟ ଷ୍ଟଲ ଓ ଫାଷ୍ଟଫୁଡ୍ ସେଣ୍ଟରରେ ଭିଡ଼ ଦେଖିବାକୁ ମିଳିଥିଲା। ଦୁର୍ଭାଗ୍ୟର ବିଷୟ ଷ୍ଟଲରେ ଖାଦ୍ୟ ନିରାପତ୍ତା ଅଧିକାରୀଙ୍କ ନିରୀକ୍ଷଣ ଦେଖିବାକୁ ମିଳିଲା ନାହିଁ। ସୁଯୋଗରେ ବ୍ୟବସାୟୀ ବାସି ଓ ନିମ୍ନମାନର ଗୁପଚୁପ, ଚାଉମିନ ଓ ଫାଷ୍ଟଫୁଡ୍ ଜନସାଧାରଣଙ୍କୁ ବିକ୍ରି କରିଛନ୍ତି। ଏହା ଲୋକଙ୍କ ସ୍ୱାସ୍ଥ୍ୟ ଉପରେ ଖରାପ ପ୍ରଭାବ ପକାଇପାରେ ବୋଲି ମତ ପ୍ରକାଶ ପାଇଛି।

## ରାସ୍ତା ଜାମ; ନିୟନ୍ତ୍ରଣରେ ପୁଲିସ ଫେଲ୍

ଗଜଲକ୍ଷ୍ମୀ ଭସାଣି ଅବସରରେ କେନ୍ଦ୍ରାପଡ଼ା ସହରର ମୁଖ୍ୟ ଓ ବାଇପାସ ରାସ୍ତା ଜାମ୍ ହୋଇଯାଇଥିଲା। ସନ୍ଧ୍ୟାରୁ ଲୋକଙ୍କ ଭିଡ଼ ବଢ଼ିଯିବାରୁ ଗାଡ଼ି ଚଳାଚଳ ପ୍ରାୟ ବନ୍ଦ ହୋଇଯାଇଥିଲା। ସହରର ପ୍ରମୁଖ ରାସ୍ତା ବାଇପାସ, ହାଇସ୍କୁଲ ଛକ, ମେଡ଼ିକାଲ ରୋଡ୍, ବଡ଼ହାଟରୁ ତିନିମୁହାଣି, ଜିଲ୍ଲାପାଳ କାର୍ଯ୍ୟାଳୟରୁ ଗରାପୁର, ବଡହାଟରୁ ସାନ୍ତସାହି ଭଳି ବଜାର ଅଞ୍ଚଳ ଓ ମୁଖ୍ୟ ରାସ୍ତାରେ ଦୀର୍ଘ ସମୟ ଯାନବାହନ ଅଟକି ଯାଇଥିଲା। ଟ୍ରାଫିକ ନିୟନ୍ତ୍ରଣ ପାଇଁ ପୁଲିସ ପକ୍ଷରୁ ପ୍ରୟାସ ହୋଇଥିଲେ ମଧ୍ୟ ଭିଡ଼ ନିୟନ୍ତ୍ରଣ କରିବା ଅସମ୍ଭବ ହୋଇପଡ଼ିଥିଲା। ଏ ନେଇ ସ୍ଥାନୀୟ ଲୋକ, ଦେଖଣାହାରୀ ଦୁଃଖ ପ୍ରକାଶ କରିଛନ୍ତି। ପ୍ରତିବର୍ଷ ଏଭଳି ସମସ୍ୟା ହେଉଥିଲେ ମଧ୍ୟ ପ୍ରଶାସନ ପକ୍ଷରୁ କୌଣସି ପୂର୍ବ ଯୋଜନା ହେଉ ନ ଥିବା ଅଭିଯୋଗ କରିଛନ୍ତି।



# ଆଞ୍ଚଳିକ ସାଧନ କେନ୍ଦ୍ରସ୍ତରୀୟ ଶିଶୁ ମହୋତ୍ସବ



**ଗୋବିନ୍ଦପୁର, ୧୪।୧୦(ସମିସ):** ବାଙ୍ଗରା ନୋଡାଲ ଓ କୃପାସିନ୍ଧୁ ଉଚ୍ଚ ବିଦ୍ୟାଳୟରେ ଜରିବାଙ୍କ କ୍ଲଷ୍ଟର ପକ୍ଷରୁ ଆଞ୍ଚଳିକ ସାଧନ କେନ୍ଦ୍ରସ୍ତରୀୟ ଶିଶୁ ମହୋତ୍ସବ ସୁରଭି ଅନୁଷ୍ଠିତ ହୋଇଛି। ଅତିଥି ଭାବେ ଶିକ୍ଷାବିତ ଗଗନ ଧଳ, ସରପଞ୍ଚ ଜ୍ଞାନରଞ୍ଜନ ଜେନା, କୃପାସିନ୍ଧୁ ବ ିବିଦ୍ୟାଳୟ ସଭାପତି ଗୁରୁଚରଣ ଥାଟୋଇ, ବାଙ୍ଗରା ନୋଡାଲ ସଭାପତି କୃତ୍ତିବାସ ମଲ୍ଲିକ, ସିଆରସିସି ବିଜୟ ମଲ୍ଲିକ, ରାଜକିଶୋର ନାୟକ, ବଙ୍ଗରା ନୋଡାଲ ପ୍ରଧାନଶିକ୍ଷକ ମୁକ୍ତେଶ୍ୱର ଜେନା, କୃପାସିନ୍ଧୁ ଉଚ୍ଚବିଦ୍ୟାଳୟ ପ୍ରଧାନଶିକ୍ଷକ ଧୀରେନ୍ଦ୍ର ଦାସ, ଶିକ୍ଷକ ନେତା ରଞ୍ଜନ ଧଳ ପ୍ରମୁଖ ଯୋଗ ଦେଇଥିଲେ। ଶିକ୍ଷକ ଦିଲ୍ଲୀପ ଦାଶ, ରତ୍ନାକର ସାହୁ ମଞ୍ଚ ପରିଚାଳନା କରିଥିଲେ। କୃତି ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା।

# ସାମାଜିକ କର୍ମୀଙ୍କ ଶେଷକୃତ୍ୟ ସମ୍ପନ୍ନ



**ମହାକାଳପଡ଼ା, ୧୪।୧୦(ସମିସ):** ରାମନଗର ପଞ୍ଚାୟତର ସାମାଜିକ କର୍ମୀ ବିଷ୍ଣୁ ରାୟ (୫୦)ଙ୍କ ଅକାଳ ବିୟୋଗ ଘଟିଛି। ମଙ୍ଗଳବାର କେନ୍ଦ୍ରାପଡ଼ା ଜିଲ୍ଲା ହସ୍ପିଟାଲରେ ବ୍ୟବଚ୍ଛେଦ ପରେ ରାମନଗର ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି। ତାଙ୍କ ମୃତଦେହକୁ ବିରାଟ ଶୋଭାଯାତ୍ରାରେ ରାମନଗର ପଞ୍ଚାୟତ ପରିକ୍ରମା କରାଯାଇଥିଲା। ମହାକାଳପଡ଼ା ନିର୍ବାଚନମଣ୍ଡଳୀ କଂଗ୍ରେସ ନେତା ବିଭ୍ରାଂଶୁ ଶେଖର ଲେଙ୍କା ଶବାଧାରରେ ଯୋଗଦେଇଥିଲେ। ମହାକାଳପଡ଼ା ବ୍ଲକ କଂଗ୍ରେସର ପୂର୍ବତନ ସଭାପତି କବିନ୍ଦ୍ର ସାମଲ, ସରପଞ୍ଚ ରଞ୍ଜନ ରାଉତ, ରାମନଗର ପଞ୍ଚାୟତ କଂଗ୍ରେସ ନେତା ଉପାନନ୍ଦ ଚକ୍ରବର୍ତ୍ତୀ, ରଞ୍ଜନ ରାଉଳ, ମାର୍ଶାଘାଇ କଂଗ୍ରେସର ଆଗଧାଡିର କର୍ମୀ ରଶ୍ମିରଞ୍ଜନ ମଲ୍ଲିକ, ପ୍ରଭାସ ଦାସ ପ୍ରମୁଖ ଯୋଗ ଦେଇଥିଲେ।

## ଶତାୟୁଙ୍କ ପରଲୋକ

**ପଟ୍ଟାମୁଣ୍ଡାଇ, ୧୪।୧୦(ସମିସ):** ଖଣତା ପଞ୍ଚାୟତ ରେସୋ ଗ୍ରାମର ଶତାୟୁ ବ୍ୟକ୍ତି କୃଷ୍ଣଚନ୍ଦ୍ର ବେହେରାଙ୍କ ପରଲୋକ ହୋଇଯାଇଛି। ତାଙ୍କୁ ୧୦୦ ବର୍ଷ ବୟସ ହୋଇଥିଲା। ସେ ଜଣେ ଧର୍ମପ୍ରାଣ, ପରୋପକାରୀ ବ୍ୟକ୍ତି ଥିଲେ। ଗ୍ରାମ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯାଇଛି। ଜ୍ୟେଷ୍ଠ ପୁତ୍ର ବସନ୍ତ ବେହେରା ମୁଖାଗ୍ନି ଦେଇଥିଲେ। ତାଙ୍କ ବିୟୋଗରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

# ପଟ୍ଟାମୁଣ୍ଡାଇରେ ଗଜଲକ୍ଷ୍ମୀ ଭସାଣି ଉତ୍ସବ



**ପଟ୍ଟାମୁଣ୍ଡାଇ, ୧୪।୧୦(ସମିସ):** ଶାରଦୀୟ ଦୁର୍ଗାପୂଜା ପରେ ମା' ଧନଦାତ୍ରୀଙ୍କ ଭସାଣି ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ପଟ୍ଟାମୁଣ୍ଡାଇ ଥାନା ଅନ୍ତର୍ଗତ ଗୋଗୁଆ ବଜାରରେ ୪ଟି ଗଜଲକ୍ଷ୍ମୀ ମୂର୍ତ୍ତି ପୂଜା ପାଇଥିବାବେଳେ ପଟ୍ଟାମୁଣ୍ଡାଇ ପୌରାଞ୍ଚଳ ଅନ୍ତର୍ଗତ ବକ୍ତାରପୁର ଓ ବାଲିପଡ଼ାରେ ଗୋଟିଏ ଗୋଟିଏ ପୂଜା ପାଇଥିଲେ। ଏସବୁ ମେଢ଼ର ଭସାଣି ଉତ୍ସବ ଆୟୋଜିତ ହୋଇଯାଇଛି। ବକ୍ତାରପୁର ଓ ବାଲିପଡ଼ାରେ ପାରମ୍ପରିକ ରୀତିନୀତି ଅନୁଯାୟୀ ମା' ଗଜଲକ୍ଷ୍ମୀଙ୍କ ପୂଜାର୍ଚ୍ଚନା କରାଯାଇଥିଲା। ପ୍ରତ୍ୟେକ ସନ୍ଧ୍ୟାରେ ବିଭିନ୍ନ ଗଜଲକ୍ଷ୍ମୀ ମେଢ଼ ନିକଟରେ ଭଜନ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଏଥିସହ ପ୍ରକୃତିପଲ୍ଲୀ ଶ୍ରୀରାମପୁର ପାଳପାଟଣାଠାରେ ଧନଦାତ୍ରୀ ମା' ଗଜଲକ୍ଷ୍ମୀଙ୍କ ପୂଜା ହୋଇଥିଲା। ଗଜଲକ୍ଷ୍ମୀ ପୂଜା ଉତ୍ସବକୁ ଶାନ୍ତିଶୃଙ୍ଖଳାର ସହିତ ପାଳନ କରିବା ପାଇଁ ପଟ୍ଟାମୁଣ୍ଡାଇ ଏସଡିପିଓ କ୍ଷମାସାଗର ପଣ୍ଡା, ଆଦର୍ଶ ଥାନା ଆଇଆଇସି ବନ୍ଦନା ପାତ୍ର ଓ ଗ୍ରାମାଞ୍ଚଳ ଥାନା ଆଇଆଇସି ଶ୍ରୀକାନ୍ତ ବାରିକ ବ୍ୟାପକ ବ୍ୟବସ୍ଥା କରିଥିଲେ। ଶାରଦୀୟ ଦୁର୍ଗାପୂଜା ପରେ ମା' ଧନଦାତ୍ରୀ ଗଜଲକ୍ଷ୍ମୀ ପୂଜା ଯୋଗୁଁ ସମଗ୍ର ପଟ୍ଟାମୁଣ୍ଡାଇ ସହର ଓ ଗ୍ରାମାଞ୍ଚଳର ମାହୋଲ ବଦଳି ଯାଇଥିଲା। ଭସାଣି ଉତ୍ସବରେ ପାରମ୍ପରିକ ଓ ଆଧୁନିକ ବାଜ୍ୟ ମା'ଙ୍କୁ ବିଦାୟ ଦିଆଯାଇଥିଲା।

# ପଟ୍ଟାମୁଣ୍ଡାଇ ପ୍ରାଥମିକ କୃଷି ସମବାୟ ସମିତି ପୁନଃକାର୍ଯ୍ୟକ୍ଷମ ଦାବି

**ପଟ୍ଟାମୁଣ୍ଡାଇ, ୧୪।୧୦(ସମିସ):** ପାଞ୍ଚବର୍ଷ ଧରି ଅଚଳ ହୋଇପଡ଼ିଥିବା ପଟ୍ଟାମୁଣ୍ଡାଇ ପ୍ରାଥମିକ କୃଷି ସମବାୟ ସମିତିକୁ ପୁନଃକାର୍ଯ୍ୟକ୍ଷମ ଦାବି କରାଯାଇଛି। ଏହା କରା ନ ଗଲେ ଆନ୍ଦୋଳନ କରିବାକୁ ଧମକ ଦେଇଛି ପଟ୍ଟାମୁଣ୍ଡାଇ ସମବାୟ ସୁରକ୍ଷା ମଞ୍ଚ। ପ୍ରଶାସନର ଦାୟିତ୍ୱହୀନତା ଓ ଦୂରଦୃଷ୍ଟି ଅଭାବରୁ ପାଞ୍ଚବର୍ଷ ଧରି କୃଷି ସମବାୟ ସମିତି ଚାଲିପାରୁନାହିଁ। ଫଳରେ ଶହ ଶହ ଚାଷୀ ସରକାରୀ ସୁବିଧା ପାଇବାରୁ ବଞ୍ଚିତ ହୋଇଛନ୍ତି। ଋଣ ଗ୍ରହୀତା ଚାଷୀ ସରକାରୀ ସୁବିଧାରୁ ବଞ୍ଚିତ ହେବା ସହିତ ଋଣ ଖିଲାପକାରୀ ତାଲିକାଭୁକ୍ତ ହୋଇ ଶତକଡା ୧୩.୭୫ ବର୍ଦ୍ଧିତ ହାରରେ ସୁଧ ଦେବାକୁ ବାଧ୍ୟ ହେଉଛନ୍ତି। ଏହି ସମବାୟ ସମିତି ନିର୍ବାଚନକୁ ନେଇ ଦ୍ୱନ୍ଦ୍ୱ ଉପୁଜିବା ପରେ ଏହା ସ୍ଥାଣୁ ଅବସ୍ଥାରେ ରହିଛି। ସମବାୟ ସମିତିରେ ସ୍ଥାୟୀ ସମ୍ପାଦକ ନିଯୁକ୍ତି କରା ନ ଯିବା କାରଣରୁ ଏହା ସଠିକ ଢ଼ଙ୍ଗରେ ଚାଲିପାରୁନାହିଁ। ପଟ୍ଟାମୁଣ୍ଡାଇ ସମବାୟ ସମିତିକୁ ରାଜ୍ୟ ସରକାରଙ୍କ ସମବାୟ ବିଭାଗ ଦେବାଳିଆ ଘୋଷଣା କରି ଏହାକୁ ଲିକ୍ୟୁଡେସନ କରି ଋଣୀ ସଭ୍ୟଙ୍କ ଋଣ ଛାଡ଼ କରିବା ପାଇଁ ଦାବି କରିଛି ସମବାୟ ସୁରକ୍ଷା ମଞ୍ଚ। ଏ ନେଇ ମଞ୍ଚ ପକ୍ଷରୁ ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ସମବାୟ ମନ୍ତ୍ରୀ, ସମବାୟ ବିଭାଗ ସଚିବଙ୍କ ସମେତ ରାଜ୍ୟ ସମବାୟ ସମିତି ନିବନ୍ଧକ, ସମବାୟ ସମିତି ପରିଚାଳନା ନିର୍ଦ୍ଦେଶକ, ପରିଚାଳନା ସମିତି ଅଡିଟର ଜେନେରାଲ, ଓଡ଼ିଶା ସର୍କଲର ନାବାର୍ଡ ସିଜିଏମ, କେନ୍ଦ୍ରାପଡ଼ା ଜିଲ୍ଲାପାଳ, ଉପଜିଲ୍ଲାପାଳ, ସମବାୟ ସମିତି ଉପନିବନ୍ଧକ, ସହକାରୀ ନିବନ୍ଧକ, କଟକ କେନ୍ଦ୍ର ସମବାୟ ସମିତି ବ୍ୟାଙ୍କ ସମ୍ପାଦକ, ପଟ୍ଟାମୁଣ୍ଡାଇ ତହସିଲଦାର ଓ କଟକ କେନ୍ଦ୍ର ସମବାୟ ସମିତି ବ୍ୟାଙ୍କ ପଟ୍ଟାମୁଣ୍ଡାଇ ଶାଖା ପରିଚାଳକଙ୍କୁ ସମବାୟ ସୁରକ୍ଷା ମଞ୍ଚ ସଭାପତି ବ୍ରଜବନ୍ଧୁ ଦାସ ଚିଠି ଲେଖିବା ସହିତ ପଟ୍ଟାମୁଣ୍ଡାଇ ପ୍ରାଥମିକ କୃଷି ସମବାୟ ସମିତିକୁ ପୁନଃ କାର୍ଯ୍ୟକ୍ଷମ କରା ନ ଗଲେ ବ୍ୟାପକ ଆନ୍ଦୋଳନ ହେବ ବୋଲି ଚେତାବନୀ ଦେଇଛନ୍ତି।

## ଧର୍ମପ୍ରାଣାଙ୍କ ପରଲୋକ

**ଡେରାବିଶ, ୧୪।୧୦(ସମିସ):** ଇନ୍ଦାଲୋ ପଞ୍ଚାୟତ ଅନ୍ତର୍ଗତ ଛକନା ଗ୍ରାମର ସଚିକଳା ମହାନ୍ତି (୮୩)ଙ୍କର ପରଲୋକ ହୋଇଯାଇଛି। ସେ ବୃକକ୍ ଓ ରକ୍ତ ସଂକ୍ରମଣ ରୋଗରେ ପୀଡ଼ିତ ହୋଇ କଟକର ଏକ ଘରୋଇ ନର୍ସିଂହୋମ୍‌ରେ ଚିକିତ୍ସିତ ହେଉଥିଲେ। ସେଠାରେ ତାଙ୍କର ମୃତ୍ୟୁ ହୋଇଯାଇଛି। ସେ ଜଣେ ଧର୍ମପ୍ରାଣ ମହିଳା ଥିଲେ। ସରପଞ୍ଚ ଜ୍ୟୋତ୍ସ୍ନାମୟୀ ବେହେରା, ପୂର୍ବତନ ସରପଞ୍ଚ ଅଶ୍ୱିନୀ ମହାନ୍ତି, ସମାଜସେବୀ ଶିଶିର ରାଉତରାୟ, ଗନ୍ଧର୍ବ ବେହେରା ପ୍ରମୁଖ ଶେଷ ଦର୍ଶନ କରିଥିଲେ। ସଚିକଳା ଛକନା ଗ୍ରାମର ୱାର୍ଡ଼ ସଭ୍ୟ ଥିଲେ।



# ଶିକ୍ଷାବିତ୍ କୃଷ୍ଣମୋହନ ରାଉତଙ୍କ ଶ୍ରଦ୍ଧାଞ୍ଜଳି ସଭା

**ପଟ୍ଟାମୁଣ୍ଡାଇ, ୧୪।୧୦(ସମିସ):** ପଟ୍ଟାମୁଣ୍ଡାଇ ଅଞ୍ଚଳର ବିଶିଷ୍ଟ ଶିକ୍ଷାବିତ ସାମ୍ୟବାଦୀ ନେତା କୃଷ୍ଣମୋହନ ରାଉତଙ୍କ ଏକାଦଶାହରେ ଓଉପଦାଠାରେ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ଧ୍ରୁବ-ଅନ୍ନପୂର୍ଣ୍ଣା କଳା ପରିଷଦ ସଭାପତି ନଳିନୀକାନ୍ତ ସ୍ୱାଇଁଙ୍କ ପୌରୋହିତ୍ୟରେ ଆୟୋଜିତ ଶ୍ରଦ୍ଧାଞ୍ଜଳି ସଭାରେ ରାଜନଗର ପୂର୍ବତନ ବିଧାୟକ ଅଲେଖ ଜେନା, ରାଜନଗର ମେଡିକାଲ ଅଫିସର ଡା. ରଶ୍ମିରଞ୍ଜନ ମହାନ୍ତି, ବରିଷ୍ଠ କଂଗ୍ରେସ ନେତା ଅଶୋକ ପ୍ରତିହାରୀ, ବରିଷ୍ଠ ସିପିଆଇ ନେତା ବାବାଜୀ ଧଳ, ସିପିଏମ ନେତା ସବେଶ୍ୱର ବାରିକ ଓ ସଲିଳେନ୍ଦୁ ମହାନ୍ତି, ପୂର୍ବତନ ସରପଞ୍ଚ ବିଜେଡି ନେତା ସୁବାସ ଦାଶ, ଯୁବନେତା ତ୍ରିଲୋଚନ ସ୍ୱାଇଁ, ପ୍ରାକ୍ତନ ପ୍ରଶାସକ କୁଶାସନ ମଲ୍ଲିକ, ଶିକ୍ଷାବିତ କିଶୋର ସେନ ପ୍ରମୁଖ ଯୋଗଦେଇ ସ୍ମୃତିଚାରଣ କରିଥିଲେ। ଧ୍ରୁବ-ଅନ୍ନପୂର୍ଣ୍ଣା କଳା ପରିଷଦର କଳାକାର ଭଜନ ପରିବେଷଣ କରିଥିଲେ। ଅଧ୍ୟାପିକା ପ୍ରତିମା ରାଉତ ଧନ୍ୟବାଦ ଦେଇଥିଲେ। ସୌରଭ ରାଉତ, ଶୁଭମ ରାଉତ, ନବୀନ ରାଉତ, ଅମୀୟ ରାଉତ, ଅର୍ପଣ ରାଉତ, ଅରୂପ ରାଉତ, ଅସିତ ରାଉତ ପ୍ରମୁଖ ପରିଚାଳନା କରିଥିଲେ।

# ୧୯ ବର୍ଷରୁ କମ୍ ରାଜ୍ୟ ମହିଳା କ୍ରିକେଟ୍ ଦଳରେ ଶୀତଲ



**ଆଳି, ୧୪।୧୦(ସମିସ):** ୧୯ ବର୍ଷରୁ କମ୍ ଓଡ଼ିଶା ମହିଳା କ୍ରିକେଟ୍ ଦଳରେ କୋଳିଡିହ ପଞ୍ଚାୟତ ଚନ୍ଦନନଗର ଚିନ୍ମୟ ରାଉତ ଓ ମମତା ରାଉତଙ୍କ ଝିଅ ଶୀତଲ ସ୍ଥାନ ପାଇ ଆଳି ପାଇଁ ଗୌରବ ଆଣିଛନ୍ତି। ଶୀତଲ ୨୦୨୩ରେ ବରୋଦାରେ ଆୟୋଜିତ ୧୪ ବର୍ଷରୁ କମ୍ କ୍ରିକେଟ୍‌ରେ ଖେଳି ୫ଟି ମ୍ୟାଚରୁ ୪ଟିରେ ଖେଳିବା ସୁଯୋଗ ପାଇଥିଲେ। ପରେ ସେ ୧୯ ବର୍ଷରୁ କମ୍ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଖେଳି ଜିଲ୍ଲା ସ୍ତରରୁ ମନୋନୀତ ହୋଇ ରାଜ୍ୟ ମହିଳା ୧୯ ବର୍ଷରୁ କମ କ୍ରିକେଟ ଶିବିରରେ ଯୋଗ ଦେଇଥିଲେ। ଆସନ୍ତା ୨୬ରୁ ଆରମ୍ଭ ହେଉଥିବା ୧୯ ବର୍ଷରୁ କମ୍ ମହିଳା ଟି-୨୦ ପାଇଁ ଘୋଷିତ ରାଜ୍ୟ ଦଳରେ ଶୀତଲ ସ୍ଥାନ ପାଇଛନ୍ତି। ଏ ନେଇ ତାଙ୍କ ଜନ୍ମସ୍ଥାନ କୋଳିଡିହ ସହିତ ସମଗ୍ର ଆଳି ଅଞ୍ଚଳରେ ଖୁସିର ଲହରି ଖେଳିଯାଇଛି।

# ଆର୍‌ଏସ୍‌ଏସ୍ ପକ୍ଷରୁ ହଂସୁଆ ସେତୁ ସଫେଇ

**ରାଜନଗର, ୧୪।୧୦(ସମିସ):** ରାଜନଗର ବ୍ଲକ ହଂସୁଆ ସେତୁକୁ ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ ପକ୍ଷରୁ ସଫା କରାଯାଇଛି। ରାଜନଗର ଖଣ୍ଡ ବିବେକାନନ୍ଦ ସ୍ୱୟଂ ଶାଖାର ପ୍ରାୟ ୨୫ ଜଣ ସ୍ୱୟଂସେବକ ଏହି ସଫେଇରେ ସାମିଲ ହୋଇଥିଲେ। ଏହି ସଫେଇ ସମୟରେ ରାଜନଗର ବିଡିଓ ଅନିରୁଦ୍ଧ ବେହେରା, ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ରଶ୍ମିରଞ୍ଜନ ମହାନ୍ତି ସଫେଇରେ ସାମିଲ ହୋଇଥିଲେ।



# ଓଳାଭର କଲେଜ ସ୍ୱାଗତ ତୋରଣ ରାସ୍ତା ବେହାଲ



**ରାଜକନିକା, ୧୪।୧୦(ସମିସ):** ଓଳାଭର କଲେଜ ସ୍ୱାଗତ ତୋରଣ ରାସ୍ତା ଅତ୍ୟନ୍ତ ଶୋଚନୀୟ ହୋଇପଡ଼ିଛି। ଏହି ରାସ୍ତା ଖାଲଖମାରେ ପରିପୂର୍ଣ୍ଣ ହୋଇଥିବାବେଳେ ଅଳିଆ ଆବର୍ଜନାରେ ଭର୍ତ୍ତି ହୋଇ ଦୁର୍ଗନ୍ଧମୟ ପରିବେଶ ସୃଷ୍ଟି କରିଛି। ବ୍ଲକ ପ୍ରଶାସନ ପକ୍ଷରୁ ଏହାର ନିରାକରଣ କରାଯାଉ ନ ଥିବାରୁ ଅସନ୍ତୋଷ ପ୍ରକାଶ ପାଇଛି।

ଆଗକୁ କାଳୀପୂଜା ଥିବାବେଳେ ଏହି ବାଟ ଦେଇ କଲେଜ ପଡ଼ିଆକୁ ହଜାର ହଜାର ଯାତ୍ରୀ ଯାତାୟାତ କରିବେ। ବର୍ଷ ତମାମ ଏହି କଲେଜ ପଡ଼ିଆ ପାଣି ଏହି ସ୍ୱାଗତ ତୋରଣ ରାସ୍ତାର ସଂଲଗ୍ନ ରାସ୍ତା ଦେଇ ଯିବା ଆସିବା କରିବା ବାଟ ବନ୍ଦ ହେବା ଦ୍ୱାରା ପାଣି ଓ କାଦୁଅ ପଚ ପଚ ହୋଇ ରହିଆସିଛି। ଆଗକୁ ଯାତ୍ରା ଓ ଉତ୍ସବ ଥିବାରୁ କାମ ଚଳାଇବା ଢଙ୍ଗରେ ଯୁବକ ସଂଘ ନବନିର୍ମିତ ମା' କାଳୀ ରୋଷେଇ ଘରୁ ବାହାରିଥିବା ଇଟା ଖଣ୍ଡ ତାରିଣୀ ଛକ ନିକଟ ଏହି ରାସ୍ତାରେ ପକାଯାଇଥିବାରୁ ରାସ୍ତାକୁ ସାମାନ୍ୟ ସୁଧାର ଆସିଛି। ଏ ଅଞ୍ଚଳରେ କାଳୀପୂଜା ଗଣପର୍ବ ମାନ୍ୟତା ପାଇଥିବାବେଳେ ବ୍ଲକ ପ୍ରଶାସନ ଆଦୌ ଗୁରୁତ୍ୱ ଦିଆଯାଉ ନ ଥିବାରୁ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ଯୁବକ ସଙ୍ଘ ପକ୍ଷରୁ ଏଭଳି ପଦକ୍ଷେପ ଗ୍ରହଣ କରାଯାଇଥିବାରୁ ରାସ୍ତା ଗମନାଗମନ ଉପଯୋଗୀ ହୋଇଛି। ଯାହାକି କାଳୀପୂଜା ସମୟରେ ସହାୟକ ହେବ। ତେବେ ପ୍ରଶାସନ ପକ୍ଷରୁ ସ୍ଥାୟୀ ପଦକ୍ଷେପ ଗ୍ରହଣ କରାଯିବାକୁ ସାଧାରଣରେ ଦାବି ହେଉଛି।

# ଲକ୍ଷ୍ମୀନାରାୟଣପୁର-ବେଲାରପୁର ମୁଖ୍ୟ ରାସ୍ତା ମରଣଯନ୍ତା

ପଞ୍ଚୁପାଣ୍ଡବ, ୧୪।୧୦(ସମିସ)



ଡେରାବିଶ ବ୍ଲକ ରଘୁଦେଇପୁର ପଞ୍ଚାୟତ ଅନ୍ତର୍ଗତ ଭୂଜୁବଳ ଗ୍ରାମ ଦେଇ ଯାଇଥିବା ଲକ୍ଷ୍ମୀନାରାୟଣରୁ ବେଲାରପୁର ଛକ ମଧ୍ୟ ରାସ୍ତା ମରଣଯନ୍ତା ପାଲଟିଛି। ଏହି ରାସ୍ତାରେ ବଡ଼ ବଡ଼ ଖାଲ ହୋଇଛି। ଫଳରେ ପ୍ରତିଦିନ ଦୁର୍ଘଟଣା ଘଟୁଥିବା ଅଭିଯୋଗ ହେଉଛି। ଏହି ରାସ୍ତା ପାର୍ଶ୍ୱରେ ଆର୍‌ଡବ୍ଲୁଏସଏସ ପକ୍ଷରୁ ଏକ ପାଣି ଟାଙ୍କି ତିଆରି ହୋଇଛି। ଟାଙ୍କି ନିର୍ମାଣ ସମୟରେ ବିଭିନ୍ନ ପ୍ରକାରର ମେସିନ ଯାତାୟାତ କରିବା ସହ ପାଣି ପାଇପ ବିଛାଇବା ପାଇଁ ଏହି ରାସ୍ତାକୁ ଠିକାଦାର ଖୋଳି ଦେଇଥିବା ଅଞ୍ଚଳବାସୀ କହିଛନ୍ତି। ସେହି ଦିନଠୁ ଖାଲ ମରାମତି ହୋଇ ନ ଥିବାରୁ ରାସ୍ତା ମରଣଯନ୍ତା ପାଲଟିଛି।

ଆରଡି ବିଭାଗ ପକ୍ଷରୁ କିଛିମାସ ପୂର୍ବରୁ ନୂତନ ପିଚୁ ରାସ୍ତା ହୋଇଥିଲା। ଲକ୍ଷ୍ମୀନାରାୟଣପୁର ପଞ୍ଚାୟତର ତରଜଙ୍ଗା ଗ୍ରାମରେ ଓଭରହେଡ ପାଣି ଟାଙ୍କି ହୋଇଥିବାବେଳେ ଠିକାଦାରଙ୍କ ମନମାନି ପାଇଁ ଲୋକେ ହଇରାଣ ହେଉଥିବା ଅଭିଯୋଗ ହେଉଛି। ରାସ୍ତାରେ ପ୍ରତିଦିନ ହଜାର ହଜାର ସଂଖ୍ୟକ ଲୋକ ଓ ଯାନବାହନ ଯାତାୟାତ କରୁଛି। ବେଣୀପୁର, ମଙ୍ଗଳପୁର, ଛୋଟି, ରଘୁଦେଇପୁର, କୁରୁଜଙ୍ଗା ଓ ନହଙ୍ଗ ପଞ୍ଚାୟତର ଲୋକେ ଚାଟରାଚକଡା ପଞ୍ଚାୟତ ଛତାରେ ଥିବା ଡେରାବିଶ ତହସିଲ ଅଫିସ, ଡେରାବିଶ ସ୍ୱାସ୍ଥ୍ୟକେନ୍ଦ୍ର ଓ ଛାତ୍ରଛାତ୍ରୀ ବିଭିନ୍ନ ସ୍କୁଲ କଲେଜକୁ ଯାତାୟାତ କରୁଛନ୍ତି। ରାସ୍ତାରେ ଖାଲ ଯୋଗୁଁ ସମସ୍ୟା ଭୋଗ କରୁଛନ୍ତି। ଏହି ରାସ୍ତାରେ ପ୍ରଶାସନିକ ଅଧିକାରୀ ଯିବା ଆସିବା କରୁଥିବାବେଳେ କାହାରି ଦୃଷ୍ଟିରେ ଏହା ପଡୁନି। ଏ ସମ୍ପର୍କରେ ଆର୍‌ଡବ୍ଲୁଏସଏସ ଜେଇଙ୍କୁ ପଚାରିବାରୁ ନ ଜାଣିଲା ଭଳି ଫୋନ ଉଠାଇ ପୁଣି କାଟି ଦେଇଥିଲେ।

## କାର୍ତ୍ତିକ ମାସ ଆରମ୍ଭରୁ ପରିବା ଦର ଆକାଶଛୁଆଁ

# ୫୦୦ ଟଙ୍କାରେ ବ୍ୟାଗ୍ ପୂରୁନି, ଖାଉଟି ହନ୍ତସନ୍ତ

ବାଲିକୁଦା,୧୪।୧୦(ସମିସ)



କାର୍ତ୍ତିକ ମାସ ଆରମ୍ଭରୁ ବାଲିକୁଦା ବ୍ଲକ୍‌ରେ ପରିବା ଦର ଆକାଶଛୁଆଁ ହୋଇଛି। ଚଢା ଦରରେ ପରିବା କିଣି ଖାଉଟି ହନ୍ତସନ୍ତ ହେଉଛନ୍ତି। ୫୦୦ ଟଙ୍କାର ପରିବା କିଣିଲେ ବ୍ୟାଗ ଭର୍ତ୍ତି ହେଉନି। ଗତ ଦୁଇମାସ ଧରି ଲଘୁଚାପଜନିତ ବର୍ଷା ଲାଗି ରହିଥିବାରୁ ପନିପରିବା ଫସଲ ନଷ୍ଟ ହୋଇଥିବାରୁ ଆବଶ୍ୟକ ଅନୁସାରେ ଫସଲ ଆମଦାନୀ ହୋଇପାରିନାହିଁ। ଫଳରେ କାର୍ତ୍ତିକ ମାସରେ ପରିବା ଦର ଆକାଶଛୁଆଁ ହୋଇଛି।

ଆଜି ବାଲିକୁଦା ହାଟରେ ପରିବା ଦର ଆକାଶଛୁଆଁ ହୋଇଥିଲା। କାଙ୍କଣ, ବିମ କିଲୋ ପ୍ରତି ଦର ୧୦୦ ଟଙ୍କା ଥିବାବେଳେ ଭେଣ୍ଡି, ବାଇଗଣ, ପୋଟଳ, ଝୁଡ଼ଙ୍ଗ, କଲରା ୮୦ ଟଙ୍କା ଉପରେ ରହିଥିଲା। ସେହିପରି ଜହ୍ନି, କାକୁଡ଼ି, ବିଲାତି, ସାରୁ ଛତିଶ୍ରଗଡ଼ କିଲୋ ପିଛା ୬୦ ଟଙ୍କାରେ ବିକ୍ରି ହୋଇଥିଲା। ପନିପରିବା ଦର ବୃଦ୍ଧି ଯୋଗୁଁ ବିଶେଷକରି ଗରିବ ଶ୍ରେଣୀର ପରିବାର ପ୍ରଭାବିତ ହୋଇଛନ୍ତି। ବାହାର ପରିବା ଉପରେ ଏଠିକାର ପରିବା ବ୍ୟବସାୟୀ ଓ ଖାଉଟି ନିର୍ଭର କରୁଥିବା ଯୋଗୁଁ ଦର ଆକାଶଛୁଆଁ ହୋଇଛି। ପରିବା ଦର ନିୟନ୍ତ୍ରଣ ପାଇଁ ପ୍ରଶାସନ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନ ଥିବା ଖାଉଟି ଅଭିଯୋଗ କରିଛନ୍ତି। ବାଲିକୁଦା ବ୍ଲକ୍‌ରେ ଶତକଡ଼ା ୬୦ ଭାଗ ପରିବାର ଖରିଫ ଫସଲ, ରବି ଫସଲ ଚାଷ ସହିତ ପନିପରିବା ଚାଷ କରି ପରିବାର ପ୍ରତିପୋଷଣ କରିଥା'ନ୍ତି। ପ୍ରାକୃତିକ ବିପର୍ଯ୍ୟୟ ଚାଷୀଙ୍କୁ ଅନେକ ସମୟରେ କ୍ଷତି ପହଞ୍ଚାଉଛି। ଅନ୍ୟପକ୍ଷରେ ବ୍ଲକ୍‌ରେ ଶୀତଳଭଣ୍ଡାର ନ ଥିବାରୁ ଅଧିକ ଅମଳ ସମୟରେ ଚାଷୀ ବଳକା ପରିବା ସଂରକ୍ଷିତ କରି ନ ପାରି ଶାଗ ମାଛ ଦରରେ ବିକ୍ରି କରି କ୍ଷତି ସହୁଛନ୍ତି। ପରିବା ଦର ନିୟନ୍ତ୍ରଣ କରିବା ପାଇଁ ବ୍ଲକ୍‌ରେ ଶୀତଳଭଣ୍ଡାର ନିର୍ମାଣ କରାଯିବା ନିହାତି ଆବଶ୍ୟକ ବୋଲି ଚାଷୀ କହିଛନ୍ତି। ବାଲିକୁଦା ହାଟକୁ ୩୦୦ରୁ ଊର୍ଦ୍ଧ୍ୱ ବ୍ୟବସାୟୀ ଆସୁଥିବାବେଳେ ବ୍ୟବସାୟୀଙ୍କ ପାଇଁ ପିଣ୍ଡି ନିର୍ମାଣ କରାଯାଇନାହିଁ। ଫଳରେ ସେମାନେ ଖୋଲା ଆକାଶ ତଳେ ପଲିଥିନ ଟାଣି ପରିବା ବିକୁଛନ୍ତି। ଏଥିପ୍ରତି ଜିଲ୍ଲା ନିୟନ୍ତ୍ରିତ ବଜାର କମିଟି ଅଧିକାରୀ ଦୃଷ୍ଟି ଦେବାକୁ ବ୍ୟବସାୟୀ ଦାବି କରିଛନ୍ତି।

## ନାଟ୍ୟକାର ରଘୁ ସାହୁ ହେଲେ ସାହିତ୍ୟ ସମାଜର ସଭ୍ୟ



କୁଜଙ୍ଗ,୧୪।୧୦(ସମିସ): ସାହିତ୍ୟ ସର୍ଜନାର ମୁଖଶାଳା ତଥା କଟକସ୍ଥ ସର୍ବପୁରାତନ ଶତାୟୁ ସାହିତ୍ୟ ଅନୁଷ୍ଠାନ ଉତ୍କଳ ସାହିତ୍ୟ ସମାଜ ନିର୍ବାଚନ ଅନୁଷ୍ଠିତ ହୋଇଯାଇଛି। ବାଣୀକ୍ଷେତ୍ର ଜଗତସିଂହପୁର ଜିଲ୍ଲା କୁଜଙ୍ଗ ମାଟିର ନାଟ୍ୟକାର ରଘୁ ସାହୁ ଉତ୍କଳ ସାହିତ୍ୟ ସମାଜର କାର୍ଯ୍ୟନିର୍ବାହିକା ସମିତି ସଭ୍ୟ ଭାବେ ବିଜୟୀ ହୋଇଛନ୍ତି। ୧୨ ତାରିଖ ରବିବାର ଦିନ ଉତ୍କଳ ସାହିତ୍ୟ ସମାଜ ପରିସର ଶ୍ରୀରାମଚନ୍ଦ୍ର ଭବନ ଓ ଶତାବ୍ଦୀ ଭବନରେ କଡ଼ା ପୁଲିସ ସୁରକ୍ଷା ବଳୟରେ ସଂସ୍ଥାର ୭ ଜଣ କର୍ମକର୍ତ୍ତା ଓ ୧୧ ଜଣ କାର୍ଯ୍ୟନିର୍ବାହିକା ସମିତି ସଭ୍ୟଙ୍କ ନିର୍ବାଚନ ହୋଇଥିଲା। ସମିତି ସଭ୍ୟ ନିର୍ବାଚନରେ ୨୫ ଜଣ ପ୍ରାର୍ଥୀ ୧୧ଟି କାର୍ଯ୍ୟନିର୍ବାହିକା ସମିତି ସଭ୍ୟ ପଦବୀ ପାଇଁ ପ୍ରତିଦ୍ୱନ୍ଦ୍ୱିତା କରିଥିଲେ। ରଘୁ ସାହୁ ତିନି ଦଶନ୍ଧି ମଧ୍ୟରେ ୪୫ରୁ ଊର୍ଦ୍ଧ୍ୱ ପୁସ୍ତକ ରଚନା କରିଛନ୍ତି। ଶ୍ରୀ ସାହୁ ପ୍ରିୟବନ୍ଧୁ ସାରସ୍ୱତ ଏକାଡେମୀ ସଭାପତି ଓ ପ୍ରିୟବନ୍ଧୁ ପତ୍ରିକା ସମ୍ପାଦକ ଅଛନ୍ତି। ଓଡ଼ିଶା ସାହିତ୍ୟ ଏକାଡେମୀ ପୁରସ୍କୃତ କବି ପୀତାମ୍ବର ତରାଇ, କୁଜଙ୍ଗ ପ୍ରେସ କ୍ଲବ ସଭାପତି ଫକୀର ପଣ୍ଡା, ସାମ୍ବାଦିକ ଫକିର ପଣ୍ଡା, କୁଜଙ୍ଗ ସମ୍ବାଦ ସାହିତ୍ୟ ଘର ସମ୍ପାଦକ ବାବୁରାମ ଚୌଧୁରୀ, ପ୍ରିୟବନ୍ଧୁ ସାରସ୍ୱତ ଏକାଡେମୀ ସମ୍ପାଦକ ଡକ୍ଟର ଗଙ୍ଗାଧର ସାମନ୍ତରାୟ, ମେଘ ମଲହାର ସଭାପତି ଡକ୍ଟର କେଶବ ଦଳେଇ, ସାହିତ୍ୟିକ ଗୋଲକ ପଲାଇ, ବାସବ ନନ୍ଦ, ସଂଯୁକ୍ତା ତ୍ରିପାଠୀ, ଗୋଲାପରାଣୀ ସାହୁ ଓ ପ୍ରେମଲତା ବାରିକଙ୍କ ସମେତ କୁଜଙ୍ଗର ବିଭିନ୍ନ ସାହିତ୍ୟ ଅନୁଷ୍ଠାନ ଓ ଯୁବ ସାହିତ୍ୟିକ ଜୟଦେବ ଲେଙ୍କାଙ୍କ ପକ୍ଷରୁ ଅଭିନନ୍ଦନ ଜ୍ଞାପନ କରାଯାଇଛି।

## ଜିଜେଏଆଇ କଲୋନୀରେ ଭାଗବତ ସପ୍ତାହ

ପାରାଦୀପ,୧୪।୧୦(ସମିସ): ସ୍ଥାନୀୟ ମଧୁବନ ଜିଜେଏଆଇ କଲୋନୀ ଭାଗବତ ମଇଦାନରେ ବାବା ବୈକୁଣ୍ଠନାଥ ଭାଗବତ ପ୍ରଚାର ସମିତି ପକ୍ଷରୁ ଆସନ୍ତାକାଲିଠୁ ଊନବିଂଶତମ ଶ୍ରୀମଦ ଭାଗବତ ସପ୍ତାହ ପାରାୟଣ ଓ ପ୍ରବଚନ ଜ୍ଞାନଯଜ୍ଞ ଆରମ୍ଭ ହେବ। ଏହି ପ୍ରବଚନ କାର୍ଯ୍ୟକ୍ରମରେ ପ୍ରତ୍ୟେକ ଦିନ ସନ୍ଧ୍ୟାରେ ପ୍ରବକ୍ତା ଭାବେ ବାବାଜୀ ସତ୍ୟାନନ୍ଦ ଦାସମହାରାଜ ଯୋଗ ଦେବେ। ମହାରାଜ ରାଷ୍ଟ୍ରୀୟ ଶ୍ରୀଜଗନ୍ନାଥ ମହିମା ପ୍ରଚାରକ ଅଟନ୍ତି। ଏହି ଭାଗବତ ମଇଦାନରେ ସପ୍ତାହ ବ୍ୟାପୀ ପ୍ରବଚନ, ପାରାୟଣ ଓ ଜ୍ଞାନଯଜ୍ଞ ଅନୁଷ୍ଠିତ ହେବ। କଳିହତ ମାନବ ଜୀବନର ଭାଗବତ ପବିତ୍ର ଗ୍ରନ୍ଥ। ଓଡ଼ିଶାରେ ଗ୍ରାମ୍ୟ ଜୀବନରେ ଭାଗବତ ଘର ଏକ ଅବିଚ୍ଛେଦ୍ୟ ଅଙ୍ଗ। ଗ୍ରାମ୍ୟ ଜନତାର ପ୍ରାଣ କେନ୍ଦ୍ର। ଅତୀତରେ ଏ ଦେଶର ଗ୍ରାମ୍ୟ ନିରକ୍ଷର ଭାଗବତ ପଢି ସ୍ୱାକ୍ଷର ହୋଇଥିଲେ। ସାମ୍ପ୍ରତିକ କାଳରେ ଅବକ୍ଷୟଯୁକ୍ତ ସଂସାରକୁ ମୁକ୍ତ କରିବା ଲାଗି ଦୀର୍ଘ ୧୯ ବର୍ଷ ଧରି ବାବା ବୈକୁଣ୍ଠନାଥ ଭାଗବତ ପ୍ରଚାର ସମିତି ପାରାଦୀପ ଅଞ୍ଚଳରେ ଭାଗବତ କଥା ପ୍ରଚାର କରିଆସୁଛି। ଏହି ଭାଗବତ ସପ୍ତାହକୁ ପୁରୀ ରାଧାବଲ୍ଲଭ ମଠ ସନ୍ଥ ରାମକୃଷ୍ଣ ଦାସମହାରାଜ ଉଦ୍‌ଘାଟନ କରିବେ।

## ଗଜଲକ୍ଷ୍ମୀ ପୂଜା କମିଟି ପକ୍ଷରୁ ବିଜେଡି ରାଜ୍ୟ ସମ୍ପାଦକଙ୍କୁ ସମ୍ବର୍ଦ୍ଧନା

ପାରାଦୀପ, ୧୪।୧୦(ସମିସ): ବଡ଼ପାଳଗଡ଼ା ଗଜଲକ୍ଷ୍ମୀ ପୂଜା କମିଟି ପକ୍ଷରୁ ବିଜେଡି ରାଜ୍ୟ ସମ୍ପାଦକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସମ୍ବର୍ଦ୍ଧନା ସଭାରେ ଅଗପାଳ ପଞ୍ଚାୟତର ବହୁ ଦଳୀୟ କର୍ମୀ ଓ ବରିଷ୍ଠ ନାଗରିକ ଉପସ୍ଥିତ ରହି ଶ୍ରୀ ପଟ୍ଟନାୟକଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରିଥିଲେ। ପରେ ପଞ୍ଚାୟତର ବରିଷ୍ଠ ନାଗରିକଙ୍କୁ ଶ୍ରୀ ପଟ୍ଟନାୟକ ସମ୍ବର୍ଦ୍ଧିତ କରିଥିଲେ। ଅଗପାଳ ପଞ୍ଚାୟତରେ ବିଜେଡିକୁ ଶକ୍ତିଶାଳୀ କରିବା ସହିତ ସମସ୍ତ କର୍ମୀଙ୍କୁ ଏକାଠି କରିବାକୁ ଶ୍ରୀ ପଟ୍ଟନାୟକ ପରାମର୍ଶ ଦେଇଥିଲେ। ବିଜେପି ସରକାରର ମନମୁଖୀ ଶାସନ ବିରୋଧରେ ସ୍ୱର ଉତ୍ତୋଳନ କରାଯିବ। ଏହି ସମ୍ବର୍ଦ୍ଧନା ସଭାରେ ଅବସରପ୍ରାପ୍ତ ଶିକ୍ଷକ ପ୍ରଫୁଲ୍ଲ ମହାପାତ୍ର, ବାନମ୍ବର ଶତପଥୀ, ଶିକ୍ଷକ ନେତା ପ୍ରଶାନ୍ତ ମହାପାତ୍ର, ଶରତ ମହାପାତ୍ର, ଧନେଶ୍ୱର ମଲ୍ଲ, ପ୍ରଫୁଲ୍ଲ ସାମଲ, ଖୁଜୁରା ସାମଲ, ରଶ୍ମିରଞ୍ଜନ ମହାପାତ୍ର, କ୍ଷେତ୍ରବାସୀ ମହାପାତ୍ର, ରମେଶ ମହାପାତ୍ର, ଶ୍ରୀନିବାସ ମହାପାତ୍ରଙ୍କ ସମେତ ପଞ୍ଚାୟତର ୨୦୦ରୁ ଅଧିକ ଜନସାଧାରଣ ଉପସ୍ଥିତ ଥିଲେ।

## ହୋଟେଲରେ ଯୁବକଙ୍କ ଆତ୍ମହତ୍ୟା

ପାରାଦୀପ,୧୪।୧୦(ସମିସ): ପାରାଦୀପ ହୋଟେଲ ଇଣ୍ଟରନ୍ୟାସନାଲର ଏକ କୋଠରୀରେ ଆଜି ଜଣେ ଯୁବକ ଆତ୍ମହତ୍ୟା କରିଛନ୍ତି। ଯୁବକ ଜଣକ କେନ୍ଦ୍ରାପଡ଼ା ଜିଲ୍ଲା ମହାକାଳପଡ଼ା ଥାନା ଅଞ୍ଚଳ ତେନ୍ତୁଳିକନ୍ଧା ଗ୍ରାମର ପ୍ରଶାନ୍ତ ରାଉତଙ୍କ ପୁଅ ପ୍ରଭାସ ରାଉତ (୨୭)। ସେ ଗତକାଲି ସକାଳ ୭ଟାରେ ହୋଟେଲର ୨୧୧ ନମ୍ବର ରୁମ ବୁକ କରିଥିଲେ। ଆଜି ସକାଳୁ ରୁମର କବାଟ ନ ଖୋଲିବାରୁ ହୋଟେଲ କର୍ମଚାରୀ ସନ୍ଦେହ କରି ଯୁବକଙ୍କ ଘରକୁ ଜଣାଇଥିଲେ। ପରିବାର ଲୋକ ଆସିବା ପରେ ଆଦର୍ଶ ଥାନରେ ଜଣାଇଥିଲେ। ପୁଲିସ, ଆଡିସନାଲ ମାଜିଷ୍ଟ୍ରେଟ, ସାଇଣ୍ଟିଫିକ ଟିମ ସହାୟତାରେ କବାଟ ଭଙ୍ଗାଯାଇଥିଲା। ଯୁବକ ଫ୍ୟାନ୍‌ରେ ରସି ଲଗାଇ ଆତ୍ମହତ୍ୟା କରିଥିବା ଦେଖିବାକୁ ମିଳିଥିଲା। ତାଙ୍କ ପରିବାର ଲୋକଙ୍କୁ ପଚାରିବାରୁ ଏହା ପ୍ରେମ ବେପାରକୁ ନେଇ ହୋଇଥାଇପାରେ ବୋଲି କହିଛନ୍ତି।

## ସ୍ୱାମୀ ମାଡ଼ରେ ସ୍ତ୍ରୀ ଗୁରୁତର

ବାଲିକୁଦା,୧୪।୧୦(ସମିସ): କୁସୁପୁର ପଞ୍ଚାୟତ ନେନ୍ଦେରା ଗ୍ରାମର ଲଳିତା ସାହୁଙ୍କୁ ସ୍ୱାମୀ ବୁଦ୍ଧେଶ୍ୱର ସାହୁ ମାଡ଼ ମାରି ଗୁରୁତର କରିଥିବା ନେଇ ଲଳିତାଙ୍କ ଭାଇ ଶକ୍ତିପଦ ପରିଡା ଥାନାରେ ଅଭିଯୋଗ କରିଛନ୍ତି। ବୁଦ୍ଧେଶ୍ୱର ଲଳିତାଙ୍କୁ ଘରେ କବାଟ ବନ୍ଦ କରି ରଖିଥିବାବେଳେ ଉଦ୍ଧାର କରିବାକୁ ଯାଇଥିବା ଶକ୍ତିପଦ ଓ ସହଯୋଗୀକୁ ହାଣିବାକୁ ଗୋଡ଼ାଇଥିଲେ। ଶକ୍ତିପଦ ୧୧୨କୁ ଫୋନ କରି ସହାୟତା ମାଗିବା ପରେ ଲଳିତାଙ୍କୁ ଉଦ୍ଧାର କରାଯାଇଥିବା ଅଭିଯୋଗରେ ଉଲ୍ଲେଖ କରାଯାଇଛି। ବୁଦ୍ଧେଶ୍ୱରକୁ ବାଲିକୁଦା ପୁଲିସ ଅଟକ ରଖିଥିବା ସୂଚନା ମିଳିଛି।

## ଯୁବକଙ୍କୁ ଆକ୍ରମଣ

ବାଲିକୁଦା,୧୪।୧୦(ସମିସ): କୁସୁପୁର ପଞ୍ଚାୟତ ତେନ୍ତୁଳିବେଲାରୀ ହାଟ ନିକଟରେ ଗତକାଲି ରାତିରେ ଥୋରିଆବସା ଗ୍ରାମର ତୋଫାନ ଜେନାଙ୍କୁ ଜଣେ ଯୁବକ ବିୟର ବୋତଲରେ ଆକ୍ରମଣ କରିଥିଲେ। ସ୍ଥାନୀୟ ଲୋକେ ଉଦ୍ଧାର କରି ପ୍ରଥମେ ବାଲିକୁଦା ମେଡିକାଲ ପରେ ଜଗତସିଂହପୁର ମେଡିକାଲ ଓ ଅବସ୍ଥା ଗୁରୁତର ହେବାରୁ କଟକ ବଡ଼ ମେଡିକାଲ ସ୍ଥାନାନ୍ତର କରାଯାଇଚି। ଆଜି ତୋଫାନର ପିତା ନବଘନ ଜେନା ଅନନ୍ତପୁର ଫାଣ୍ଡିରେ ଅଭିଯୋଗ କରିଛନ୍ତି। ଆକ୍ରମଣକାରୀ ଯୁବକ ଫେରାର ଅଛି।

## 'କୃଷ୍ଣଚନ୍ଦ୍ର ମଲ୍ଲିକଙ୍କ ଭଳି ସରଳ ବ୍ୟକ୍ତିତ୍ୱ ଆଜିର ରାଜନୀତିରେ ବିରଳ'



ଜଗତସିଂହପୁର,୧୪।୧୦(ସମିସ): ଜଗତସିଂହପୁର ସଦରର ପୂର୍ବତନ ବିଧାୟକ କୃଷ୍ଣଚନ୍ଦ୍ର ମଲ୍ଲିକଙ୍କ ଭଳି ସରଳ, ଅମାୟିକ ଓ ନିଷ୍କପଟ ବ୍ୟକ୍ତିତ୍ୱ ଆଜିର ରାଜନୀତି ଜଗତରେ ବିରଳ ବୋଲି ଏକାଦଶାହ ଉପଲକ୍ଷେ ଆୟୋଜିତ ସ୍ମୃତିଚାରଣ ସଭାରେ ଅତିଥିମାନେ ମତବ୍ୟକ୍ତ କରିଛନ୍ତି। ପୂର୍ବତନ ଜିଲ୍ଲା ପରିଷଦ ସଭାପତି ନଟବର ବାରିକଙ୍କ ପୌରୋହିତ୍ୟରେ ଆୟୋଜିତ ସଭାରେ ଜଗତସିଂହପୁର ବିଧାୟକ ଅମରେନ୍ଦ୍ର ଦାସ, ପୂର୍ବତନ ସାଂସଦ ଡାକ୍ତର ରାଜଶ୍ରୀ ମଲ୍ଲିକ, ପୂର୍ବତନ ବିଧାୟକ ଚିରଞ୍ଜୀବ ବିଶ୍ୱାଳ, ପୂର୍ବତନ ବିଧାୟକ କୈଳାସ ମଲ୍ଲିକ, ଜିଲ୍ଲା ବିଜେଡି ସଭାପତି ତଥା ପୂର୍ବତନ ବିଧାୟକ ପ୍ରଶାନ୍ତ ମୁଦୁଲି, ପୂର୍ବତନ ବିଧାୟକ ଜ୍ୟୋତିଷ ଦାସ, ପୂର୍ବତନ ବିଧାୟକ ଲଲାଟେନ୍ଦୁ ମହାପାତ୍ର, ପୌରାଧ୍ୟକ୍ଷ ଅର୍ଚ୍ଚନା ସିଂ, ବିଜେପି ରାଷ୍ଟ୍ରୀୟ କାର୍ଯ୍ୟକାରିଣୀ ସଦସ୍ୟ ଉପେନ୍ଦ୍ର ବିଶ୍ୱାଳ, ପୂର୍ବତନ ଜିଲ୍ଲା ବିଜେପି ସଭାପତି ସତ୍ୟବ୍ରତ ମହାପାତ୍ର, ବରିଷ୍ଠ କଂଗ୍ରେସ ନେତା ପୃଥ୍ୱୀବଲ୍ଲଭ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ଶ୍ରୀ ମଲ୍ଲିକଙ୍କ ତ୍ୟାଗପୂତ ଜୀବନ ଓ ଆଦର୍ଶରେ ଆଜିର ଯୁବ ସମାଜ ଅନୁପ୍ରାଣିତ ହେବାକୁ ଆହ୍ୱାନ ଦେଇଥିଲେ। ସ୍ଥାନୀୟ ଗାନ୍ଧୀ ଛକର ଏକ ଘରୋଇ ମଣ୍ଡପରେ ଆୟୋଜିତ ସ୍ମୃତିସଭାରେ ଜିଲ୍ଲା ଓ ରାଜ୍ୟର ଅନେକ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗଦେଇ ଦିବଂଗତଙ୍କ ଅମର ଆତ୍ମାର ସଦଗତି କାମନା କରିଥିଲେ। ତାଙ୍କ ସ୍ମୃତିରେ ସ୍ମରଣିକା "ସ୍ମୃତିରେ କୃଷ୍ଣଚନ୍ଦ୍ର' ଉନ୍ମୋଚିତ ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ପୌରାଧ୍ୟକ୍ଷ ବିପ୍ଳବ ଚୌଧୁରୀ, ମଧୁସୂଦନ ସାହୁ, ପୌର ଉପାଧ୍ୟକ୍ଷ ରାଜେନ୍ଦ୍ର ବିଶୋଇ, ପୌରନିର୍ବାହୀ ଅଧିକାରୀ ସୀମା ଜେନା, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ପ୍ରଚିତୀ ତନ୍ମୟା ମହାନ୍ତି, ସ୍ମୃତିପତ୍ରର ମୁଖ୍ୟ ସମ୍ପାଦକ ସୁଦର୍ଶନ ବେହେରା, ଜିଲ୍ଲା କଂଗ୍ରେସ ସଭାପତି ଦେବପ୍ରସାଦ ନାୟକ, ସାମ୍ବାଦିକ ଶଶାଙ୍କ ଶେଖର ପଣ୍ଡା ଏବଂ ଶିକ୍ଷାବିତ୍ ମୁରଲୀଧର ଦାସ ପ୍ରମୁଖ ଯୋଗ ଦେଇଥିଲେ।

## ସିରସ୍ତା ଗଜଲକ୍ଷ୍ମୀ ପୂଜା ଉତ୍ସବ ଉଦ୍‌ଯାପିତ

ତିର୍ତ୍ତୋଲ, ୧୪।୧୦(ସମିସ): ସାମନ୍ତରାପୁର ପଞ୍ଚାୟତର ସିରସ୍ତାଠାରେ ୫୧ତମ ଗଜଲକ୍ଷ୍ମୀ ପୂଜା ଉତ୍ସବ ଉଦ୍‌ଯାପିତ ହୋଇଛି। ଏହି ପୂଜା ଉତ୍ସବରେ ମୁକ୍ତମଞ୍ଚ ନାଟକ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। କର୍ତ୍ତା ଅଦୈତ୍ୟ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ପୁରସ୍କାର ବିତରଣ ଉତ୍ସବରେ ମୁଖ୍ୟଅତିଥି ଜଗତସିଂହପୁର ସାଂସଦ ବିଭୁପ୍ରସାଦ ତରାଇ ଯୋଗଦେଇ ପ୍ରତିଯୋଗିତାର ବିଜେତା ଓ ଉପବିଜେତାଙ୍କୁ ଟ୍ରଫି ଓ ପୁରସ୍କାର ପ୍ରଦାନ କରିଥିଲେ। ମା' ଚାଇଁ ମାଇଁ ଡ୍ରାମାଟିକ୍ କ୍ଲବ୍ ବିଜେତା ହୋଇଥିବାବେଳେ ପତିତପାବନ ନାଟ୍ୟ ଅନୁଷ୍ଠାନ ବଡ଼ଗଡ ଭୁବନେଶ୍ୱର ଉପବିଜେତା ହୋଇଥିଲା। ଏ ଅବସରରେ ଓଡ଼ିଶା ପ୍ରଶାସନିକ ସେବା ପରୀକ୍ଷାରେ କୃତକାର୍ଯ୍ୟ ହୋଇଥିବା ସ୍ୱସ୍ତିରଞ୍ଜନ ସାହୁଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପବିତ୍ର ସାହୁ ସ୍ୱାଗତ ଭାଷଣ ଓ ସୁକାନ୍ତ ସାହୁ ଧନ୍ୟବାଦ ଦେଇଥିଲେ।

## ଦେବୀ ନଦୀରୁ ମୃତଦେହ ଉଦ୍ଧାର

ବାଲିକୁଦା,୧୪।୧୦(ସମିସ): ତରାସାହି ପଞ୍ଚାୟତ ନିକଟରେ ପ୍ରବାହିତ ଦେବୀ ନଦୀରେ ଏକ ଅଜଣା ମୃତଦେହ ଭାସୁଥିବା ଦେଖି ସ୍ଥାନୀୟ ଲୋକେ ବାଲିକୁଦା ଥାନା ସମେତ ଅଗ୍ନିଶମ ବିଭାଗକୁ ଜଣାଇଥିଲେ। ବାଲିକୁଦା ଥାନା ଅଧିକାରୀ, ଅଗ୍ନିଶମ ବିଭାଗ କର୍ମଚାରୀ ପହଞ୍ଚି ମୃତଦେହକୁ ଉଦ୍ଧାର କରିଥିଲେ। ପୁଲିସ ୨୪/୨୫ରେ ଅପମୃତ୍ୟୁ ମାମଲା ରୁଜୁ କରି ଜଗତସିଂହପୁର ମେଡିକାଲକୁ ଶବ ବ୍ୟବଚ୍ଛେଦ ପାଇଁ ପଠାଇଛି।

● ଲୁଟ୍ ଉଦ୍ୟମବେଳେ ମାଡ଼ିବସିଲା ପୁଲିସ

## ଜଣେ ପେସାଦାର ଅପରାଧୀ ଗିରଫ

ଜଗତସିଂହପୁର,୧୪।୧୦(ସମିସ): ଜଗତସିଂହପୁର ଜିଲ୍ଲା ପୁଲିସକୁ ମିଳିଛି ସଫଳତା। ଗତକାଲି ବିଳମ୍ବିତ ରାତିରେ କୃଷ୍ଣାନନ୍ଦପୁର ଥାନା ଅନ୍ତର୍ଗତ ନୂଆଦା ସାଇଫୋନ ନିକଟରେ ବନ୍ଧୁକ ଦେଖାଇ ଲୁଟ୍ କରୁଥିବାବେଳେ ଜଣେ ପେସାଦାର ଅପରାଧୀ ସେଖ୍ ମୁସ୍ତାକିମ୍ ଓରଫ ବାବୁକୁ ପୁଲିସ ଗିରଫ କରିଛି। ତେବେ ଅନ୍ୟଜଣେ ଅପରାଧୀ ଫେରାର ହୋଇଯାଇଛି। ବାବୁ ନିକଟରୁ ଗୋଟିଏ ଦେଶୀ ବନ୍ଧୁକ ଓ ୨ଟି ସୁନା ଚେନ ଜବତ ହୋଇଥିବା ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏସ୍‌ପି ଅଙ୍କିତ ବର୍ମା ସୂଚନା ଦେଇଛନ୍ତି। ଗତ ସପ୍ତାହରେ ଜଗତସିଂହପୁର ପୁଲିସ ପେଶାଦାର ଅପରାଧୀ ଟିଙ୍କୁ ତରାଇ ଗ୍ୟାଙ୍ଗର ୪ ଜଣ ଦୁର୍ଦ୍ଦାନ୍ତ ଅପରାଧୀଙ୍କୁ ଗିରଫ କରିବା ସହିତ ସେମାନଙ୍କ ନିକଟରୁ ସୁନା ଚେନ, ୩ଟି ଖଣ୍ଡା, ଗୋଟିଏ ଲୁହାରଡ, ଗୋଟିଏ ବାଇକ୍, ୨ଟି ମୋବାଇଲ, ୨ ପ୍ୟାକେଟ ଲଙ୍କାଗୁଣ୍ଡ, ୪ଟି ମୁଖା ଓ ବିୟର ବୋତଲ ଜବତ କରିଥିଲା। ସେଖ୍ ମୁସ୍ତାକିମ୍ ମଧ୍ୟ ସେହି ଟିଙ୍କୁ ଗ୍ୟାଙ୍ଗର ସଦସ୍ୟ ବୋଲି ଶ୍ରୀ ବର୍ମା କହିଛନ୍ତି। ଏହି ଗ୍ୟାଙ୍ଗ ପାରାଦୀପ, କୁଜଙ୍ଗ, ତିର୍ତ୍ତୋଲ, ରଘୁନାଥପୁର ଓ ଜଗତସିଂହପୁର ଥାନା ଅଞ୍ଚଳରେ ନିୟମିତ ଚୋରି, ଡକାୟତି ଓ ଲୁଟ୍ ଭଳି ଅପରାଧ ଘଟାଇ ଆସୁଥିଲେ ବୋଲି ସୂଚନା ଦେଇଛନ୍ତି ଏସ୍‌ପି ଶ୍ରୀ ବର୍ମା। ବାବୁ ନାମରେ ପୂର୍ବରୁ କେନ୍ଦ୍ରାପଡା ଜିଲ୍ଲାର ମାର୍ଶାଘାଇ, ପଟ୍ଟାମୁଣ୍ଡାଇ, ଆଳି, ନିକିରାଇ ଓ କେନ୍ଦ୍ରାପଡା ସଦର ଥାନା ସମେତ କଟକ ଜିଲ୍ଲାର ଲାଲବାଗ ଥାନା ଓ କନ୍ଧମାଳ ଜିଲ୍ଲାର ଫିରିଙ୍ଗିଆ ଥାନାରେ ୧୭ଟି ମାମଲା ଥିବା ଏସ୍‌ପି ଶ୍ରୀ ବର୍ମା ସୂଚନା ଦେଇଛନ୍ତି।



### ୨ଟି ସୁନା ଚେନ୍ ଓ ଗୋଟିଏ ଦେଶୀ ବନ୍ଧୁକ ଜବତ

## ସ୍କୁଲ ଛାତ୍ରଛାତ୍ରୀଙ୍କ ପାଇଁ ଚକ୍ଷୁ ପରୀକ୍ଷା ଶିବିର

ପାରାଦ୍ୱୀପ,୧୪।୧୦(ସମିସ): ବିଶ୍ୱ ଦୃଷ୍ଟି ଦିବସ ପାଳନ ଅବସରରେ ଏମଏମ/ଏନଏସ ପୋର୍ଟସ୍‌ର କର୍ପୋରେଟ୍ ସାମାଜିକ ଦାୟିତ୍ୱବୋଧ (ସିଏସଆର) ପ୍ରୟାସ 'ଆରୋଗ୍ୟ' ଯୋଜନା ଅଧୀନରେ ଲକପଡ଼ା ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଚକ୍ଷୁ ପରୀକ୍ଷା ଶିବିର ଆୟୋଜନ କରିଥିଲା। ଚଳିତ ବର୍ଷର ବିଶ୍ୱସ୍ତରୀୟ ବିଷୟବସ୍ତୁ 'ଲଭ୍ ୟୋର ଆଇଜ୍' ସହିତ ସଂଯୁକ୍ତ, ଯାହାର ଲକ୍ଷ୍ୟ ସ୍କୁଲ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଚକ୍ଷୁ ଯତ୍ନ ପ୍ରତି ସଚେତନତା ସୃଷ୍ଟି କରିବା। ଶିକ୍ଷକ ଓ କର୍ମଚାରୀଙ୍କ ସହିତ ୯୦ରୁ ଅଧିକ ଛାତ୍ରଛାତ୍ରୀଙ୍କ ଜେପିଏମ ରୋଟାରୀ ଚକ୍ଷୁ ହସ୍‌ପିଟାଲର ଚକ୍ଷୁ ବିଶେଷଜ୍ଞ ଡକ୍ଟର ସୌମ୍ୟା ସୁଚରିତା ଓ ଅଙ୍କିତା ରାଉତଙ୍କ ଦ୍ୱାରା ଚକ୍ଷୁ ପରୀକ୍ଷା କରାଯାଇଥିଲା। କେତେକ ଛାତ୍ରଛାତ୍ରୀଙ୍କ ସାମାନ୍ୟ ଦୃଷ୍ଟି ସମସ୍ୟା ଚିହ୍ନଟ କରାଯାଇଥିଲା। ସେମାନଙ୍କୁ ସଂଶୋଧନାତ୍ମକ ଚଷମା ବ୍ୟବହାର କରିବାକୁ ପରାମର୍ଶ ଦିଆଯାଇଥିଲା। ଯାହା ପାରାଦୀପର ଏମଏମ/ଏନଏସ ପୋର୍ଟସ୍‌ର ଭିଜନ୍ ସେଣ୍ଟର ଦ୍ୱାରା ମାଗଣାରେ ପ୍ରଦାନ କରାଯିବ। ଡାକ୍ତରମାନେ ଚକ୍ଷୁ ସ୍ୱାସ୍ଥ୍ୟ ବଜାୟ ରଖିବା ପାଇଁ ଦୈନନ୍ଦିନ ଅଭ୍ୟାସ ବିଷୟରେ ଛାତ୍ରଛାତ୍ରୀଙ୍କୁ ଶିକ୍ଷା ଦେଇଥିଲେ। ଉକ୍ତ କାର୍ଯ୍ୟକ୍ରମ ଲକପଡ଼ା ଉଚ୍ଚପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ କାହ୍ନୁଚରଣ ବେହେରାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। ଏଥିରେ ଶିକ୍ଷୟିତ୍ରୀ ସୁମିତ୍ରା ପାଣିଗ୍ରାହୀ, ଯୋଶୋବନ୍ତୀ ଦାସ ଓ ମିନାର୍ଭା ସାହୁ ସହାୟତା କରିଥିଲେ। ଜେପିଏମ ରୋଟାରୀ ଚକ୍ଷୁ ହସ୍ପିଟାଲରେ ଏକ ଲକ୍ଷରୁ ଅଧିକ ଲୋକଙ୍କୁ ଚକ୍ଷୁ ସ୍କ୍ରିନିଂ, ୩୫୦୦ ମୋତିଆବିନ୍ଦୁ ଅସ୍ତ୍ରୋପଚାର ସୁବିଧା ଯୋଗାଇ ଏମଏମ/ଏନଏସ ପୋର୍ଟସ୍‌ର ଭିଜନ ସେଣ୍ଟର ଏକ ଉଲ୍ଲେଖନୀୟ ମାଇଲଖୁଣ୍ଟ ହାସଲ କରିଛି। ଏମଏମ/ଏନଏସ ପୋର୍ଟସ ଆଖପାଖ ଅଞ୍ଚଳର ବାସିନ୍ଦାଙ୍କୁ ମାଗଣା ଚକ୍ଷୁ ପରୀକ୍ଷା ଓ ଦୃଷ୍ଟି ସହାୟତା ପ୍ରଦାନ କରିଆସୁଛି। ଯାହା ସୁଲଭ ସ୍ୱାସ୍ଥ୍ୟସେବା ଓ ସାମୂଦାୟିକ କଲ୍ୟାଣ ପ୍ରତି ଏହାର ପ୍ରତିବଦ୍ଧତାକୁ ଆହୁରି ଦୃଢ଼ କରୁଛି।

## ପାରିବାରିକ କାହାଣୀ ନାଟକ 'ଅଭିନେତ୍ରୀ' ମଞ୍ଚସ୍ଥ



ଜଗତସିଂହପୁର,୧୪।୧୦(ସମିସ): ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ, ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ, ଓଡ଼ିଶା ନାଟ୍ୟ ସଂଘ ଓ ଜଗତସିଂହପୁର ଜିଲ୍ଲା ପ୍ରଶାସନ ମିଳିତ ଆନୁକୂଲ୍ୟ ଓ ଦୁଃଖୀରାମ ସ୍ୱାଇଁ କଳା ପ୍ରତିଷ୍ଠାନ, ମଞ୍ଚ ମଣିଷ ଓ ପ୍ରଥମା ଫାଉଣ୍ଡେସନ ସହଯୋଗରେ ସ୍ଥାନୀୟ ଆଦିକବି ସାରଳା ଦାସ ସଂସ୍କୃତି ଭବନରେ ପରିବେଷିତ ହୋଇଥିଲା ନାଟକ ଅଭିନେତ୍ରୀ। କଳାକାରଙ୍କ ନିଖୁଣ ଅଭିନୟ ଓ ନାଟକର ଗତିଶୀଳତା ଦର୍ଶକଙ୍କୁ ଶେଷ ପର୍ଯ୍ୟନ୍ତ ବାନ୍ଧି ରଖିଥିଲା। ନାଟକର କାହାଣୀ ଥିଲା କିଛି ଏପରି। ବୟସ ବଢିବା ସହିତ ଘରକୁ ଗୋଟିଏ ସ୍ତ୍ରୀ ଲୋକର ଆବଶ୍ୟକ ପଡେ। ସାନଭାଇମାନେ ଜିଦି ଧରନ୍ତି ବଡ଼ ଭାଇ ପାଇଁ ଗୋଟିଏ ନିଜ ମନ ପସନ୍ଦର ଭାଉଜ ଆଣିବା ପାଇଁ। ଭାଇଙ୍କ ମଧ୍ୟରେ ପ୍ରତିଯୋଗିତା ଚାଲେ ନିଜ ରୁଚି ସହ ଭାଉଜର ରୁଚି ସମାନ ହେଉଥିବା ଦରକାର। ଏମିତି ପ୍ରତ୍ୟେକ ଭାଇଙ୍କ ରୁଚି ଓ ବଡଭାଇର ବିବାହକୁ ନେଇ ଘର ଭିତରେ ଅସନ୍ତୋଷ ବୃଦ୍ଧିପାଏ। ଶେଷରେ ବଡ଼ଭାଇ ମିଛ ବିବାହର ଅଭିନୟରେ ଗୋଟିଏ ଅଭିନେତ୍ରୀକୁ ଘରକୁ ବୋହୂ କରି ଆଣନ୍ତି। ଅଭିନେତ୍ରୀ ତାଙ୍କ ଅଭିନୟ ମାଧ୍ୟମରେ ସବୁ ଭାଇଙ୍କ ପ୍ରତ୍ୟେକଙ୍କ ରୁଚିକୁ ପୂରଣ କରି ବଶିଭୂତ କରେ। ସେଥିପାଇଁ ଅଭିନେତ୍ରୀଙ୍କୁ ଅନେକ ଅଭିନୟର ଭୂମିକା ନିର୍ବାହ କରିବାକୁ ପଡେ। ସମସ୍ତେ ପୁନର୍ବାର ପାରିବାରିକ ବନ୍ଧନରେ ବାନ୍ଧି ହୋଇ ଯୌଥ ପରିବାରରେ ରୁହନ୍ତି। ଅଭିନେତ୍ରୀଟି ଅଭିନୟ କରୁ କରୁ ସଫଳ ଅଭିନେତ୍ରୀଟିଏ ହେଇଯାଏ। ସବୁଦିନ ପାଇଁ ସମସ୍ତଙ୍କ ସହ ଆପଣାର ସମ୍ପର୍କରେ ନିଜକୁ ବାନ୍ଧି ରଖେ। ଯାହା ପାରିବାରିକ ଓ ସାମାଜିକ ବ୍ୟବସ୍ଥା ମଧ୍ୟରେ ଗୋଟିଏ ନାରୀର ଭୂମିକା ଅବର୍ଣ୍ଣନୀୟ। ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଜଗତସିଂହପୁର ବିଧାୟକ ଅମରେନ୍ଦ୍ର ଦାସ, ବିଶିଷ୍ଟ ଅତିଥି ଭାବେ ଓଡ଼ିଶା ସାହିତ୍ୟ ଓ ସଙ୍ଗୀତ ନାଟକ ଏକାଡେମୀ ସଚିବ ଡ. ଚନ୍ଦ୍ରଶେଖର ହୋତା, ସ୍ଥାନୀୟ ପୌରାଧ୍ୟକ୍ଷା ଅର୍ଚ୍ଚନା ସିଂହ, ଓଡ଼ିଶା ନାଟ୍ୟସଂଘର ସଭାପତି ମନୋଜ ପଟ୍ଟନାୟକ, ଉପସଭାପତି ଜିତେନ୍ଦ୍ର ପଟ୍ଟନାୟକ, କୋଷାଧ୍ୟକ୍ଷ ସୁଶୀଲ ପଟ୍ଟନାୟକ, ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀର କାର୍ଯ୍ୟନିର୍ବାହୀ କମିଟି ସଦସ୍ୟ ଲାଲା ବିରେନ ରାୟ ଓ ପବିତ୍ର ପଟ୍ଟନାୟକ, ଜଗତସିଂହପୁର ଜିଲ୍ଲା ସଂସ୍କୃତି ଅଧିକାରୀ ଦିଲ୍ଲୀପ ଜେନା, ନାଟ୍ୟ ନିର୍ଦ୍ଦେଶକ ଶାରଦା ରଣା ପ୍ରମୁଖ ଯୋଗ ଦେଇଥିଲେ। ନାଟକକୁ ଦେବବ୍ରତ ପଟ୍ଟନାୟକ ନିର୍ଦ୍ଦେଶନା ଦେଇଥିବାବେଳେ ସହନିର୍ଦ୍ଦେଶନା ଦେଇଥିଲେ ହିମାଂଶୁ ବେହେରା। ଦୁର୍ଗାପ୍ରସାଦ ସ୍ୱାଇଁ, ବିଜୟ ରାଉତ, ନରେଶ ଦାସ, ଦିଲ୍ଲୀପ ଗୋଚ୍ଛାୟତ, ଜୟରାମ ମହାନ୍ତି, ସ୍ମୃତିରଞ୍ଜନ ସ୍ୱାଇଁ, ନିଖିଳ ନାୟକ, ଶାରଦା ଦାସ, ସୁଶାନ୍ତ ଦାସ ପ୍ରମୁଖ ପରିଚାଳନା କରିଥିଲେ।

## କୃଷି ବିଜ୍ଞାନ କେନ୍ଦ୍ରରେ ଉଦ୍ଭିଦ ସୁରକ୍ଷା ଯନ୍ତ୍ରପାତି ସମ୍ପର୍କିତ ତାଲିମ

ଜଗତସିଂହପୁର,୧୪।୧୦(ସମିସ): କୃଷି ଓ ଆନୁଷଙ୍ଗିକ କ୍ଷେତ୍ରରେ ଶ୍ରମ ବିଜ୍ଞାନ ଓ ସୁରକ୍ଷା ଓ ସର୍ବଭାରତୀୟ ସମନ୍ୱିତ ଗବେଷଣା ପ୍ରକଳ୍ପ, ଓୟୁଏଟିର ମିଳିତ ପ୍ରୟାସରେ କୃଷି ବିଜ୍ଞାନ କେନ୍ଦ୍ରରେ ଉଦ୍ଭିଦ ସୁରକ୍ଷା ଉପକରଣ ବ୍ୟବହାରରେ ନିରାପତ୍ତା ଓ ସଚେତନା ତାଲିମ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କୃଷି ଯାନ୍ତ୍ରିକରଣ ବିଭାଗ ଓୟୁଏଟି ମୁଖ୍ୟ ଅଧ୍ୟାପକ ଡକ୍ଟର ମାର୍କଣ୍ଡେୟ ମହାପାତ୍ର ଯୋଗଦେଇ ଉପସ୍ଥିତ କୃଷିଜୀବୀ ମହିଳା ଓ ଚାଷୀ ଭାଇଙ୍କୁ ବିଭିନ୍ନ ଉଦ୍ଭିଦ ସୁରକ୍ଷା ନିମିତ୍ତ ଯନ୍ତ୍ରପାତି ଓ ଏହାର ସୁରକ୍ଷିତ ବ୍ୟବହାର ବିଷୟରେ ତାଲିମ ପ୍ରଦାନ କରିଥିଲେ। କୃଷି ବିଜ୍ଞାନ କେନ୍ଦ୍ର ବୈଜ୍ଞାନିକ ଡ. ଦ୍ୱାରିକା ମୋହନ ଦାସ ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ କୃଷି ବିଜ୍ଞାନ କେନ୍ଦ୍ରର ବରିଷ୍ଠ ବୈଜ୍ଞାନିକ ଡ. ଜୀବନଜିତ ସେନ ଯୋଗଦେଇ କୃଷି ବିଜ୍ଞାନ କେନ୍ଦ୍ରର ବିଭିନ୍ନ କାର୍ଯ୍ୟକ୍ରମ ଉପରେ ଆଲୋକପାତ କରିଥିଲେ। ବୈଜ୍ଞାନିକ ଡ. ପ୍ରଦୀପ୍ତ ମାଝୀ ଚାଷୀଙ୍କୁ ସୁରକ୍ଷିତ ସାରର ବ୍ୟବହାର ଉପରେ ଦିଗଦର୍ଶନ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଗରାମ, ତେରମାଣପୁର, ଅଚ୍ୟୁତଦାସପୁର, ଶ୍ରୀଚନ୍ଦନପୁର ଓ ବାହାରଣା ଅଞ୍ଚଳର ୬୦ରୁ ଅଧିକ କୃଷିଜୀବୀ ମହିଳା ଓ ଚାଷୀ ଭାଇ ଯୋଗ ଦେଇଥିଲେ।

# ରଘୁନାଥପୁର ବ୍ଲକ୍‌ରେ ସିଆରସିସି ନିଯୁକ୍ତିରେ ବିଳମ୍ବ ଅଭିଯୋଗ

ରଘୁନାଥପୁର,୧୪।୧୦(ସମିସ)

ଜଗତସିଂହପୁର ଜିଲ୍ଲା ରଘୁନାଥପୁର ବ୍ଲକ୍ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟରେ ସିଆରସିସି (ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ) ନିଯୁକ୍ତିକୁ ନେଇ ପଦ୍ମ ଘୁଞ୍ଚି ଘୁଞ୍ଚି ଯାଉଛି। ବର୍ଷେ ପୂର୍ବେ ୫ଟି କ୍ଲଷ୍ଟର ସିଆରସିସିଙ୍କ କାର୍ଯ୍ୟକାଳ ଶେଷ ହୋଇଥିଲେ ମଧ୍ୟ ପ୍ରଶାସନ ସବୁ ଜାଣି ଅଜଣା ଭଳି ହେଉଛି। ଫଳରେ ନୂତନ ଭାବେ ଆବେଦନ କରିଥିବା ବ୍ୟକ୍ତିଙ୍କୁ ମିଳୁନି ସୁଯୋଗ। ଅନ୍ୟପକ୍ଷରେ ପୁରୁଣା ବାବୁମାନେ ଗାଦି ଛାଡ଼ିବା ପରିବର୍ତ୍ତେ ପ୍ରଶାସନର କୋହଳ ମନୋଭାବରୁ ଫାଇଦା ଉଠାଇ ଚାଲିଛନ୍ତି। ଯାହାକୁ ନେଇ ସାଧାରଣରେ ଉଦବେଗ ପ୍ରକାଶ ପାଇବା ସହ ଶିକ୍ଷା ବିଭାଗର କାର୍ଯ୍ୟଦକ୍ଷତା ସନ୍ଦେହ ଘେରରେ ରହିଛି।

ଗତବର୍ଷ ଅକ୍ଟୋବରରେ ରଘୁନାଥପୁର ମଣ୍ଡଳର ବିଭିନ୍ନ କ୍ଲଷ୍ଟରରେ କାର୍ଯ୍ୟରତ ୫ ଜଣ ସିଆରସିସିଙ୍କ କାର୍ଯ୍ୟକାଳ ଶେଷ ହୋଇଛି। ଏହି କ୍ରମରେ ନୂତନ ସିଆରସିସି ପଦବୀ ପାଇଁ ୩ ଜଣ ଶିକ୍ଷକ ଆବେଦନ କରିଛନ୍ତି। ଏ ସମ୍ପର୍କରେ ମଣ୍ଡଳ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଜିଲ୍ଲା ଶିକ୍ଷାଧିକାରୀଙ୍କୁ ପତ୍ର ଯୋଗେ ଅବଗତ କରାଯାଇଛି। ଗତ ୪ ମାସ ତଳୁ ଏମାନଙ୍କ ଭିଜନିଂ ଟେଷ୍ଟ କରି ନିଯୁକ୍ତି ଦେବା ପରିବର୍ତ୍ତେ ଜିଲ୍ଲା ଶିକ୍ଷା ବିଭାଗ ଏହାକୁ ଗଡ଼ାଇ ଚାଲିଛି। ଇତିମଧ୍ୟରେ ବାହାର ବ୍ଲକର ଦୁଇଜଣ ଶିକ୍ଷକ ସିଆରସିସି ନିଯୁକ୍ତିକୁ ନେଇ କୋର୍ଟରେ କେସ କରିବା ଫଳରେ ଜିଲ୍ଲା ଶିକ୍ଷା ବିଭାଗ କୋର୍ଟରେ କେସ ଚାଲିଥିବା ଦର୍ଶାଇ ନିଯୁକ୍ତି ପ୍ରକ୍ରିୟାରୁ ହଟିଯାଇଛି। ଯାହା ପରିସ୍ଥିତିକୁ ଗମ୍ଭୀର କରିଥିବାବେଳେ କାର୍ଯ୍ୟକାଳ ଶେଷ ହୋଇଥିବା ବାବୁଙ୍କୁ ଏହା ପରୋକ୍ଷରେ ସୁହାଉଛି। ଯାହାକୁ ନେଇ ଶିକ୍ଷା ବିଭାଗରେ ସ୍ୱଚ୍ଛତା ପ୍ରତି ପ୍ରଶ୍ନ ଉଠିଛି। ଏସବୁ ବ୍ୟତିକ୍ରମ ମଧ୍ୟରେ ନୂତନ ସିଆରସିସି ପଦବୀ ପାଇଁ ଶିକ୍ଷକଙ୍କ ଉତ୍ସାହ କମିବା ସହ ସେମାନେ ଆବେଦନ ପାଇଁ ଇଚ୍ଛା ପ୍ରକାଶ କରୁ ନ ଥିବା ଦେଖାଯାଇଛି।

ଏ ସମ୍ପର୍କରେ ନିଯୁକ୍ତି ଦାୟିତ୍ୱରେ ଥିବା ଅଧିକାରୀ ତପନ ନନ୍ଦଙ୍କୁ ପଚାରିବାରୁ ସେ କହିଛନ୍ତି, କୋର୍ଟରେ ମାମଲା ଚାଲିଥିବାରୁ ସାରା ଜିଲ୍ଲାରେ ସିଆରସିସି ନିଯୁକ୍ତି ପ୍ରକ୍ରିୟା ବନ୍ଦ ରହିଛି। ଯଦି ଆବଶ୍ୟକତା ଅନୁଯାୟୀ ମଣ୍ଡଳ ଶିକ୍ଷାଧିକାରୀଙ୍କ ପକ୍ଷରୁ ଆବେଦନକାରୀଙ୍କୁ ଆଗାମୀ ନିଯୁକ୍ତି ପ୍ରକ୍ରିୟା ପର୍ଯ୍ୟନ୍ତ ଅସ୍ଥାୟୀ ଭାବେ ରଖାଯିବା ପାଇଁ ଚିଠି ଆସେ, ତେବେ ଜିଲ୍ଲାପାଳ ଏ ସମ୍ପର୍କରେ ନିଷ୍ପତ୍ତି ନେଇପାରିବେ। ଅନ୍ୟପକ୍ଷରେ ଦାୟିତ୍ୱରେ ଥିବା ବିଇଓ ମଧୁସ୍ମିତା ପତି ଏ ସମ୍ପର୍କରେ ଜିଲ୍ଲା ଅଫିସରୁ ବୁଝି ନିଷ୍ପତ୍ତି ନେବେ ବୋଲି ପ୍ରକାଶ କରିଛନ୍ତି। ଏ ପରିପ୍ରେକ୍ଷୀରେ ବ୍ଲକ ଶିକ୍ଷାଧିକାରୀ ନୂତନ ଆବେଦନକାରୀଙ୍କୁ ଅସ୍ଥାୟୀ ଭାବେ ସିଆରସିସି ପଦବୀରେ ରଖାଯିବା ପାଇଁ ଜିଲ୍ଲା ଶିକ୍ଷା ବିଭାଗକୁ ଚିଠି ଲେଖିବା ପାଇଁ ମତ ପ୍ରକାଶ ପାଇଛି। ଜିଲ୍ଲାପାଳ, ଗଣଶିକ୍ଷା ମନ୍ତ୍ରୀ ଓ ସଚିବ ଏଥିପ୍ରତି ଦୃଷ୍ଟି ଦେବାକୁ ଅଞ୍ଚଳବାସୀ ଓ ଶିକ୍ଷକ ସମାଜ ପକ୍ଷରୁ ଦାବି ହେଉଛି।

**ଶ୍ରୀମନ୍ଦିର ସୁରକ୍ଷାକୁ ନେଇ ମାନସ ମନ୍ଥନ**

# ବଢ଼ିବ ବଡ଼ଦେଉଳର ସୁରକ୍ଷା

ପୁରୀ, ୧୪।୧୦ (ସମିସ): ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥାକୁ ନେଇ ଅନେକ ସମୟରେ ପ୍ରଶ୍ନ ଉଠିଛି। ସୁରକ୍ଷାବଳୟକୁ ଭେଦ କରି କେତେବେଳେ ସ୍ପାଏ କ୍ୟାମେରା, ମୋବାଇଲ୍ ଭିତରକୁ ନିଆଯାଉଛି ତ ପୁଣି କେତେବେଳେ ମନ୍ଦିର ଉପରେ ଚକ୍କର କାଟୁଛି ଡ୍ରୋନ୍। ଭିତରର ବହୁ ସମ୍ବେଦନଶୀଳ ସ୍ଥାନର ଫଟୋ, ଭିଡିଓ ମଧ୍ୟ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେଉଛି। ଏପରିକି, ଭିତରୁ ଭିଡିଓ କଲ୍ କରାଯାଉଛି। ଅନେକଥର ମନ୍ଦିର ପରିସରରେ ବିଭିନ୍ନ ସ୍ଥାନରୁ ଚୋରି ହେବାର ଦୃଷ୍ଟାନ୍ତ ବି ରହିଛି। ତେଣୁ, କିପରି ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥାକୁ ଆହୁରି ସୁଦୃଢ଼ କରାଯିବ, ସେନେଇ ମଙ୍ଗଳବାର ସୁରକ୍ଷା ସବ୍-କମିଟି ବୈଠକରେ ମାନସମନ୍ଥନ କରାଯାଇଛି।

ଶ୍ରୀମନ୍ଦିର ସୁରକ୍ଷା ସବ୍-କମିଟି ଅଧ୍ୟକ୍ଷ ଗିରୀଶ ଚନ୍ଦ୍ର ମୁର୍ମୁଙ୍କ ଅଧ୍ୟକ୍ଷତାରେ ନୀଳାଦ୍ରି ଭକ୍ତନିବାସରେ ଅନୁଷ୍ଠିତ ଏହି ବୈଠକରେ ସୁରକ୍ଷା ସମ୍ପର୍କିତ ଅନେକ ଆଲୋଚନା ଏବଂ ନିଷ୍ପତ୍ତି ବି ହୋଇଛି। ଏଥର ଅତ୍ୟାଧୁନିକ ସୁରକ୍ଷାବଳୟରେ ରହିବ ଶ୍ରୀମନ୍ଦିର। ଶ୍ରୀମନ୍ଦିର ଭିତରେ ଓ ବାହାରେ ସ୍ୱତନ୍ତ୍ର ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯିବ। ଅଧିକ ସଂଖ୍ୟକ ସୁରକ୍ଷା କର୍ମୀ ମୁତୟନ ରହିବେ। ବିଶେଷକରି ନୋ-ଫ୍ଲାଇଂ ଜୋନ୍, ସର୍ଭିଲାନ୍ସ ସିକ୍ୟୁରିଟି, ଶ୍ରୀମନ୍ଦିର ଭିତରେ ଫୋନ୍ ବ୍ୟବହାର ଉପରେ ବିଶେଷ ଆଲୋଚନା କରାଯାଇଛି। ଆଗକୁ ୱାକିଟକି ବ୍ୟବସ୍ଥା ହେବ। ସେହିପରି ଫାୟାର ସେଫ୍ଟି ଏବଂ ଇଲେକ୍ଟ୍ରି ସେଫ୍ଟି ଉପରେ ବି ପ୍ରାଧାନ୍ୟ ଦିଆଯାଇଥିଲା। ବୈଠକରେ ସବ୍-କମିଟିର ଅନ୍ୟ ୮ ସଦସ୍ୟ ଉପସ୍ଥିତ ଥିଲେ।

ବୈଠକ ଶେଷରେ ଅଧ୍ୟକ୍ଷ ଶ୍ରୀ ମୁର୍ମୁ କହିଥିଲେ, ଆଲୋଚନା ବିଷୟବସ୍ତୁକୁ ନେଇ



ଏକ ରୂପରେଖ ପ୍ରସ୍ତୁତ କରାଯିବ। ଶ୍ରୀମନ୍ଦିର ପାଇଁ ସ୍ୱତନ୍ତ୍ର ସୁରକ୍ଷା ବ୍ୟବସ୍ଥା ପାଇଁ କେତେ ଅର୍ଥ ଆବଶ୍ୟକତା ରହିଛି, କେତେଶୀଘ୍ର ଏହାକୁ କାର୍ଯ୍ୟକାରୀ କରିହେବ, ସେନେଇ ବିଚାରବିମର୍ଶ ହୋଇଛି। ଶ୍ରୀମନ୍ଦିରକୁ ରେଡ୍ ଜୋନ୍ ଘୋଷଣା କରାଯାଇଛି, କିନ୍ତୁ ମନ୍ଦିର ଉପରକୁ ଡ୍ରୋନ୍ ଆସିଲେ କିଭଳି ତାକୁ ଚିହ୍ନଟ କରି ଅକାମି କରାଯିବ, କିଭଳି ବୈଷୟିକ ଜ୍ଞାନକୌଶଳର ଆବଶ୍ୟକତା ରହିଛି, ତାହାର ବ୍ୟବସ୍ଥା କରାଯିବ। ଆମେ ଅନ୍ୟ ବଡ଼ବଡ଼ ମନ୍ଦିର ଯାଇ ସ୍ଥିତି ଦେଖିବୁ। ସେଠାରେ ଯେପରି ଭଲ ସୁରକ୍ଷା ବ୍ୟବସ୍ଥା ରହିଛି, ତାହା ଜଗନ୍ନାଥ ମନ୍ଦିରରେ କାର୍ଯ୍ୟକାରୀ କରାଯିବ। ଶ୍ରୀମନ୍ଦିର ଆଇନରେ ପରିବର୍ତ୍ତନ ପାଇଁ ପଦକ୍ଷେପ ଗ୍ରହଣ କରାଯିବ। ମନ୍ଦିର ଭିତରକୁ ମୋବାଇଲ୍ ନେବା ନେଇ ପୁଲିସ, ଶ୍ରୀମନ୍ଦିର କର୍ମଚାରୀ ଓ ସେବାୟତଙ୍କ ପାଇଁ କଟକଣା ରହିବ। ସେମାନେ କିଭଳି ଏବଂ କେଉଁ ସ୍ଥାନରେ ଯୋଗାଯୋଗ କରିପାରିବେ ସେ

- ଆଣ୍ଟି-ଡ୍ରୋନ୍ ଟେକ୍ନୋଲୋଜି ବ୍ୟବହାର ହେବ
- ଏଆଇ କ୍ୟାମେରା ମାଧ୍ୟମରେ ଭିଡ଼ ନିୟନ୍ତ୍ରଣ କରାଯିବ
- ଅନ୍ୟ ମନ୍ଦିର ଯାଇ ସୁରକ୍ଷା ବ୍ୟବସ୍ଥା ଅନୁଧ୍ୟାନ ହେବ

ନେଇ ବିକଳ୍ପ ବ୍ୟବସ୍ଥା ହେବ ବୋଲି ଅଧ୍ୟକ୍ଷ ଶ୍ରୀ ମୁର୍ମୁ କହିଥିଲେ।

ଏସ୍‌ପି ପ୍ରତୀକ ସିଂ କହିଛନ୍ତି, ଏଆଇ କ୍ୟାମେରା ଲଗାଯାଇ ଭିଡ଼ ନିୟନ୍ତ୍ରଣ, ଶ୍ରୀମନ୍ଦିର ବାହାର ଓ ଭିତରର ସୁରକ୍ଷା ପରିଚାଳନା ନେଇ ଆଲୋଚନା ହୋଇଛି। ସୁରକ୍ଷା ଦାୟିତ୍ୱରେ ଥିବା ପୁଲିସ ଓ ଘରୋଇ ସୁରକ୍ଷା କର୍ମୀଙ୍କୁ ଅଧିକ ପ୍ରଶିକ୍ଷଣ ଦିଆଯିବ। ତାଙ୍କର ଦାୟିତ୍ୱ କ'ଣ ରହିବ, କିଭଳି ଭକ୍ତଙ୍କୁ ବ୍ୟବହାର କରିବ, ସେନେଇ ପ୍ରଶିକ୍ଷଣ ଦିଆଯିବ। ଶ୍ରୀମନ୍ଦିରର ସୁରକ୍ଷା ପାଇଁ କୁଇକ୍ ରେସ୍‌ପନ୍ସ ଟିମ୍ ରହିବେ। ଅନ୍ୟ ବଡ଼ ବଡ଼ ମନ୍ଦିରରେ ଭିଡ଼ ନିୟନ୍ତ୍ରଣ ଓ ସୁରକ୍ଷା ପାଇଁ କେଉଁ ଟେକ୍ନୋଲୋଜି ରହିଛି, ତାହାର ଅନୁଧ୍ୟାନ କରାଯାଇ ଶ୍ରୀମନ୍ଦିରରେ ଲାଗୁ ନେଇ ଆଲୋଚନା କରାଯାଇଥିବା ଏସ୍‌ପି ଶ୍ରୀ ସିଂ କହିଛନ୍ତି।

ବରିଷ୍ଠ ସେବାୟତ ମାଧବ ମହାପାତ୍ର କହିଛନ୍ତି, ଭିଡ଼ ନିୟନ୍ତ୍ରଣ ପାଇଁ ଭକ୍ତଙ୍କୁ ଆଗୁଆ ସୂଚନା ଦିଆଯିବା ଦରକାର। କେତେ ସମୟ ପରେ ଦର୍ଶନ ମିଳିବ, ଭକ୍ତମାନେ ଜାଣିଲେ ସେହି ସମୟରେ ପହଞ୍ଚିବେ। ଆଗୁଆ ପହଞ୍ଚି ଅପେକ୍ଷା କରୁଥିବାରୁ ଭିଡ଼ ହେଉଛି। ଏହାଦ୍ୱାରା ଅଯଥାରେ ଭିଡ଼ ହେବ ନାହିଁ। ଶ୍ରୀମନ୍ଦିର ସୁରକ୍ଷା ପାଇଁ ଯଥେଷ୍ଟ ସିସିଟିଭି କ୍ୟାମେରା ଲାଗିବା ଉଚିତ। ରାମ ମନ୍ଦିରର ସୁରକ୍ଷା ପାଇଁ ଇସ୍ରାଏଲ ନିର୍ମିତ ଟେକ୍ନୋଲୋଜି ଓ ତିରୁପତି ମନ୍ଦିରରେ ଭାରତ ଇଲେକ୍ଟ୍ରୋନିକ ଟେକ୍ନୋଲୋଜି ବ୍ୟବହାର ହୋଇଛି। ଆମେ ଏହିସବୁ ମନ୍ଦିରକୁ ଯାଇ ସୁରକ୍ଷା ବ୍ୟବସ୍ଥା ଅନୁଧ୍ୟାନ କରିବୁ। ପରେ ଶ୍ରୀମନ୍ଦିରରେ କେଉଁ ସୁରକ୍ଷା ଟେକ୍ନୋଲୋଜି ଦରକାର, ତାହାର ନିଷ୍ପତ୍ତି ନିଆଯିବ ବୋଲି ସେ କହିଛନ୍ତି। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା, ଏସ୍‌ପି ଶ୍ରୀ ସିଂଙ୍କ ସମେତ ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ଓ କେତେଜଣ ବରିଷ୍ଠ ସେବାୟତ ଉପସ୍ଥିତ ଥିଲେ।

**ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା**

# ମିଳିଲା ପୀତବାସଙ୍କ ଡାଏରୀ

ବ୍ରହ୍ମପୁର, ୧୪।୧୦(ସମିସ): ବିଜେପି ନେତା ତଥା ଆଇନଜୀବୀ ପୀତବାସ ପଣ୍ଡା ହତ୍ୟାକୁ ୯ ଦିନ ବିତିଲାଣି। କିନ୍ତୁ ଏପର୍ଯ୍ୟନ୍ତ ପୁଲିସ କାହାରିକୁ ଗିରଫ କରିପାରିନାହିଁ। ମାଷ୍ଟରମାଇଣ୍ଡକୁ ଗିରଫ କରିବା ଦୂରେ ଥାଉ, ଦୁଇ ହତ୍ୟାକାରୀଙ୍କୁ ମଧ୍ୟ ଏଯାବତ୍ ଠାବ କରିପାରିନାହିଁ। ପୀତବାସଙ୍କୁ ଯେଉଁ ଦୁଇଜଣ ପେସାଦାର ସୁପାରି କିଲର

- ଖୋଲିବ କି ହତ୍ୟା ଗୁମର?
- ଆତତାୟୀଙ୍କ କୁଣ୍ଡଳୀ ଯାଞ୍ଚ ପାଇଁ ଜେଲ୍‌ମୁହାଁ ପୁଲିସ

ଗୁଳି କରି ହତ୍ୟା କରିଛନ୍ତି, ସେମାନେ ପୂର୍ବରୁ ମଧ୍ୟ ବହୁ ମାମଲାରେ ଜଡ଼ିତ ଥିବା ପୁଲିସ ସନ୍ଦେହ କରିଛି। ତେଣୁ ସେମାନଙ୍କ ବାବଦରେ କିଛି ସୁରାକ୍ ଯୋଗାଡ଼ କରିବା ଆଶାରେ ବ୍ରହ୍ମପୁର ପୁଲିସ ଏବେ ଜେଲ୍‌ମୁହାଁ ହୋଇଛି। ବ୍ରହ୍ମପୁର ସମେତ କେନ୍ଦ୍ରାପଡ଼ା ଓ ରାଜ୍ୟର ବିଭିନ୍ନ ଜେଲ୍‌ରେ ଅପରାଧୀଙ୍କ କୁଣ୍ଡଳୀ ଯାଞ୍ଚ କରୁଛି। ସଂପୃକ୍ତ ଆତତାୟୀଙ୍କୁ ଚିହ୍ନଟ କରି ସେମାନଙ୍କ ଠିକଣା ଜାଣିବାକୁ ପୁଲିସ ବିଭିନ୍ନ ଜେଲରେ ଡେରା ପକାଇଥିବା ସୂଚନା ମିଳିଛି। ଅପରପକ୍ଷେ, ଓକିଲାତି ବ୍ୟତୀତ ପୀତବାସଙ୍କର ବିଭିନ୍ନ କାରବାରରେ ସମ୍ପୃକ୍ତି ଥିବାରୁ ତାଙ୍କ ହାତଲେଖା ଡାଏରୀରୁ କିଛି ତଥ୍ୟ ଓ ପ୍ରମାଣ ମିଳିବ ବୋଲି ପୁଲିସ ଆଶା ରଖିଥିଲା। ବର୍ତ୍ତମାନ ପୀତବାସଙ୍କ ଗୁପ୍ତ 'ଡାଏରୀ'ର ସନ୍ଧାନ ମିଳିଛି। ଡାଏରୀରୁ ବହୁ ତଥ୍ୟ ସହ ଅନେକ ଗୁମର ଫିଟିବ ବୋଲି ଆଲୋଚନା ହେଉଛି।

ମିଳିଥିବା ଡାଏରୀରେ କ୍ରସର୍ ବ୍ୟବସାୟୀ, ମଦ ବେପାରୀ, ବିଲ୍ଡରଙ୍କ ସମେତ ସହରର ବହୁ ବ୍ୟବସାୟୀ ଓ ନେତାଙ୍କ ନାମ ଉଲ୍ଲେଖ ଥିବା କୁହାଯାଉଛି। ପୀତବାସ କାହାଠାରୁ ସୁଧରେ ଟଙ୍କା ଆଣିଛନ୍ତି ଅଥବା କାହାକୁ ଟଙ୍କା ଦେଇଛନ୍ତି, ସେଥିରେ ଉଲ୍ଲେଖ ଥିବା କୁହାଯାଉଛି। ବଡ଼କଥା ହେଲା, ପୀତବାସ ହଜାର କିମ୍ବା ଲକ୍ଷରେ ନୁହେଁ, ବରଂ କୋଟି କୋଟି ଟଙ୍କାର ସୁଧ କାରବାର କରୁଥିବା ନେଇ ଆଲୋଚନା ହେଉଥିବା ବେଳେ ସେସବୁ ତଥ୍ୟ ଡାଏରୀରେ ଅଛି କି ନାହିଁ, ତାହା ଉପରେ ସମସ୍ତଙ୍କ ନଜର। ପୀତବାସଙ୍କ ଜଣେ ଘନିଷ୍ଠ ବନ୍ଧୁ ତାଙ୍କଠାରୁ ପ୍ରାୟ ୮୦ ଲକ୍ଷରୁ ଅଧିକ ଟଙ୍କା ନେଇ କୌଣସି କାରଣରୁ ଦୀର୍ଘ ଦିନ ଧରି କୁଆଡ଼େ ଫେରାଇ ନଥିଲେ। ଋଣ ଅର୍ଥ ପରିଶୋଧ ପାଇଁ ସମ୍ପୃକ୍ତ ବନ୍ଧୁଜଣଙ୍କ ସହରରେ ଥିବା ନିଜର ଏକ ଘରକୁ ପୀତବାସଙ୍କୁ ବିକ୍ରି କରିଦେଇଥିବା କୁହାଯାଉଛି। ଘର ବିକ୍ରି ପରେ ମଧ୍ୟ ସମ୍ପୃକ୍ତ ବ୍ୟକ୍ତିଜଣଙ୍କ ଆହୁରି ୩୦ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ପୀତବାସଙ୍କୁ ଫେରାଇବାକୁ ଅଛି ବୋଲି ଶୁଣିବାକୁ ମିଳିଛି।

ସେହିପରି, ପୀତବାସ ଅନେକ ବ୍ୟବସାୟୀଙ୍କଠାରୁ ଟଙ୍କା ଉଠାଇଥିବା କୁହାଯାଉଛି। କିନ୍ତୁ, ସେନେଇ କେହି ମୁହଁ ଖୋଲିନାହାନ୍ତି। ତେବେ ବଜାରରେ ପଡ଼ିଥିବା କୋଟିକୋଟି ଟଙ୍କା କିଭଳି ଆଦାୟ ହେବ, ତାହା ଏବେ ବଡ଼ ପ୍ରଶ୍ନବାଚୀ। କାରଣ ସେଥିମଧ୍ୟରେ ପୀତବାସଙ୍କର ନିଜର ଓ ଅବଶିଷ୍ଟ ଅନ୍ୟମାନଙ୍କର ମଧ୍ୟ ଥିବା ଆଲୋଚନା ହେଉଛି। ସେପଟେ ଟଙ୍କା କାରବାର ବ୍ୟତୀତ ସେ ରୁଚି ରଖୁଥିବା ସବୁ କିଛି ବିଷୟରେ ନିଜ ଡାଏରୀରେ ଉଲ୍ଲେଖ କରିଥିବା ଜଣାପଡ଼ିଛି। ଡାଏରୀରେ ଉଲ୍ଲେଖ ଥିବା କିଛି ବ୍ୟକ୍ତିଙ୍କ ମଧ୍ୟରୁ ଅନେକଙ୍କୁ ପୂର୍ବରୁ ପୁଲିସ ଜେରା କରି ଛାଡ଼ିଥିବା କୁହାଯାଉଛି।

**ଏମ୍‌କେସିଜି ଇଣ୍ଟରମେଡିସ୍ ପ୍ରତିଯୋଗିତାରେ ଅଘଟଣ**

# ଦୁଇ ଛାତ୍ରଗୋଷ୍ଠୀଙ୍କ ରକ୍ତାକ୍ତ ସଂଘର୍ଷ

- ବିଭିନ୍ନ ମେଡିକାଲ କଲେଜର ୬ରୁ ଊର୍ଦ୍ଧ୍ୱ ଛାତ୍ର ଆହତ
- ଢେଲା ମାଡ଼ରେ ଭାଙ୍ଗିଲେ ଦୁଇ କଲେଜ ବସ୍
- ଅନିର୍ଦ୍ଦିଷ୍ଟ କାଳ ପାଇଁ 'ଇଣ୍ଟର ମେଡିସ୍' କାର୍ଯ୍ୟକ୍ରମ ବାତିଲ
- କାର୍ଯ୍ୟକ୍ରମ ଆୟୋଜନ ଜିଦ୍‌ରେ ଛାତ୍ରଛାତ୍ରୀଙ୍କ ଧାରଣା

ବ୍ରହ୍ମପୁର, ୧୪।୧୦ (ସମିସ): ଏମ୍‌କେସିଜି ମେଡିକାଲ କଲେଜ ଛାତ୍ର ସଂସଦ ପକ୍ଷରୁ ଆୟୋଜିତ ଇଣ୍ଟର୍ ମେଡିସ୍ ପ୍ରତିଯୋଗିତାରେ ସୋମବାର ମଧ୍ୟରାତ୍ରିରେ ୨ ଛାତ୍ରଗୋଷ୍ଠୀଙ୍କ ମଧ୍ୟରେ ରକ୍ତାକ୍ତ ସଂଘର୍ଷ ଘଟିଛି। ଏଥିରେ କଟକ ଏସ୍‌ସିବି, ବୁର୍ଲା ଭିମ୍‌ସାର ଓ ଏମ୍‌କେସିଜି ମେଡିକାଲ କଲେଜର ୬ରୁ ଊର୍ଦ୍ଧ୍ୱ ଛାତ୍ର ଆହତ ହୋଇଛନ୍ତି।

ସୂଚନାଯୋଗ୍ୟ, ଚଳିତ ବର୍ଷ ଏମ୍‌କେସିଜି ମେଡିକାଲ ଛାତ୍ର ସଂସଦ ପକ୍ଷରୁ ଇଣ୍ଟର ମେଡିସ୍ ପ୍ରତିଯୋଗିତା ଆୟୋଜିତ ହୋଇଛି। ଏହି କାର୍ଯ୍ୟକ୍ରମ ୧୨ରୁ ୧୮ ତାରିଖ ପର୍ଯ୍ୟନ୍ତ କରିବାକୁ ନିଷ୍ପତ୍ତି ହୋଇଥିଲା। ପ୍ରତିଯୋଗିତାରେ ହେବାକୁ ଥିବା କ୍ରୀଡ଼ା ଓ ସାଂସ୍କୃତିକ କାର୍ଯ୍ୟକ୍ରମରେ ରାଜ୍ୟର ୧୫ରୁ ଊର୍ଦ୍ଧ୍ୱ ସରକାରୀ ଓ ବେସରକାରୀ ମେଡିକାଲ କଲେଜର ଛାତ୍ରଛାତ୍ରୀ ଅଂଶଗ୍ରହଣ କରିବାକୁ ନିଷ୍ପତ୍ତି ହୋଇଥିଲା। କିନ୍ତୁ କାର୍ଯ୍ୟକ୍ରମର ପ୍ରଥମ ଦିନରୁ ହିଁ ଦୁଇଗୋଷ୍ଠୀ ଛାତ୍ର ମୁହାଁମୁହିଁ ହୋଇଛନ୍ତି।

ସୋମବାର ମଧ୍ୟରାତିରେ ଏମ୍‌କେସିଜି ମେଡିକାଲ ଛାତ୍ରାବାସ ୧ ଓ ୩ ମଧ୍ୟରେ କଥା କଟାକଟିରୁ ଗଣ୍ଡଗୋଳର ସୂତ୍ରପାତ ହୋଇଥିଲା। ସେଥିରେ ଇଣ୍ଟର୍‌ମେଡିସ୍ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବାକୁ ଆସିଥିବା କଟକ ଏସ୍‌ସିବି ମେଡିକାଲ କଲେଜର ଛାତ୍ରମାନେ ଅଯଥାରେ ହସ୍ତକ୍ଷେପ କରି ଏମ୍‌କେସିଜି ଛାତ୍ରାବାସ-୧ ଜିନ୍ଦାବାଦ ବୋଲି ନାରା ଦେଇଥିଲେ। ଏହାକୁ ନେଇ ଏମ୍‌କେସିଜି ଓ ଏସ୍‌ସିବି ମେଡିକାଲ ଛାତ୍ରଙ୍କ ମଧ୍ୟରେ ପ୍ରଥମେ କଥା କଟାକଟି ଓ ପରେ ମାରପିଟ୍ ହୋଇଥିଲା। ଏଥିରେ ଏସ୍‌ସିବି, ଭିମ୍‌ସାର ଓ ଏମ୍‌କେସିଜି ମେଡିକାଲ୍ କଲେଜର ୬ରୁ ଊର୍ଦ୍ଧ୍ୱ ଛାତ୍ର ଆହତ ହୋଇଥିଲେ। ସେମାନଙ୍କ ମଧ୍ୟରୁ ରକ୍ତଜୁଡ଼ୁବୁଡ଼ୁ ୩ ଛାତ୍ରଙ୍କୁ ମେଡ଼ିକାଲର ଆଶୁ ଚିକିତ୍ସା ବିଭାଗରେ ଭର୍ତ୍ତି କରାଯାଇଥିଲା। ପରେ ଉଭୟ ଗୋଷ୍ଠୀଙ୍କ ପକ୍ଷରୁ ହୋଇଥିବା ଢେଲା ଓ କାଚ ବୋତଲ ମାଡ଼ କରାଯାଇଥିଲା। ଏଥିରେ ଏମ୍‌କେସିଜି ଓ ଏସ୍‌ସିବି ମେଡ଼ିକାଲ୍ କଲେଜର ବସ୍ ଭାଙ୍ଗିଥିଲା।

ଖବର ପାଇ ମେଡିକାଲ କଲେଜର କିଛି ବରିଷ୍ଠ ଡାକ୍ତର ଘଟଣାସ୍ଥଳରେ ପହଞ୍ଚି ଉଭୟ ଗୋଷ୍ଠୀର ଛାତ୍ରଙ୍କୁ ବୁଝାସୁଝା କରିଥିଲେ। ପରେ କଟକ ଏସ୍‌ସିବି ଛାତ୍ରମାନେ ଏମକେସିଜି ମେଡିକାଲ ଛାଡ଼ି ପଳାଇଥିଲେ।



ଏ ସଂପର୍କରେ ସୋମବାର ଏମ୍‌କେସିଜି ମେଡ଼ିକାଲ କଲେଜ ଓ ହସ୍ପିଟାଲର ଡିନ୍ ପ୍ରଫେସର୍ ଡା. ସୁଚିତ୍ରା ଦାଶଙ୍କ ଅଧ୍ୟକ୍ଷତାରେ ଜରୁରୀ ବୈଠକ ବସିଥିଲା। ବୈଠକରେ ମେଡିକାଲ ଅଧୀକ୍ଷକ ପ୍ରଫେସର୍ ଡା. ଦୁର୍ଗାମାଧବ ଶତପଥୀ ଓ ରେଜିଷ୍ଟ୍ରାର୍ ସଂଗ୍ରାମ ଶେଖର ପଣ୍ଡାଙ୍କ ସମେତ ସମସ୍ତ ବିଭାଗୀୟ ମୁଖ୍ୟ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ନେଇ ଛାତ୍ରଛାତ୍ରୀଙ୍କ ମଧ୍ୟରେ ମାରପିଟ୍ ହୋଇଥିବାରୁ ଅନିର୍ଦ୍ଦିଷ୍ଟ କାଳ ପାଇଁ 'ଇଣ୍ଟର ମେଡିସ୍' କାର୍ଯ୍ୟକ୍ରମକୁ ବାତିଲ କରିବାକୁ ବୈଠକରେ ନିଷ୍ପତ୍ତି ନିଆଯାଇଥିଲା। ତେବେ କର୍ତ୍ତୃପକ୍ଷଙ୍କ ଏଭଳି ନିଷ୍ପତ୍ତିକୁ ବିରୋଧ କରି ଶତାଧିକ ଡାକ୍ତରୀ ଛାତ୍ରଛାତ୍ରୀ ଡିନ୍‌ଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେଇଥିଲେ। କାର୍ଯ୍ୟକ୍ରମ ବାବଦକୁ ଲକ୍ଷାଧିକ ଟଙ୍କା ଖର୍ଚ୍ଚ ହେଉଥିବା ବେଳେ କାର୍ଯ୍ୟକ୍ରମକୁ ବନ୍ଦ କରିଦିଆଗଲେ, ସେମାନେ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେବେ ବୋଲି ଛାତ୍ରସଂସଦ ସଭାପତି ବିଶ୍ୱଭୂଷଣ ଜେନା କହିଛନ୍ତି। ବହୁ ବୁଝାସୁଝା ପରେ ସଂଧ୍ୟାରେ ଧାରଣା ପ୍ରତ୍ୟାହୃତ ହୋଇଛି।

ପ୍ରକାଶଯୋଗ୍ୟ, ଗତ ୨୦୨୩ ଜୁଲାଇରେ ସମାନ କାର୍ଯ୍ୟକ୍ରମ ବୁର୍ଲାସ୍ଥିତ ଭିମସାର ମେଡିକାଲ କଲେଜରେ ହୋଇଥିଲା। ସେତେବେଳେ ଭିମସାରର ଛାତ୍ରଙ୍କ ଆକ୍ରମଣରେ ମେଡ଼ିକାଲର ବହୁ ଛାତ୍ର ଆହତ ହୋଇଥିଲେ। ଏମ୍‌କେସିଜି ମେଡିକାଲ ଛାତ୍ରଙ୍କୁ ସ୍ୱାଗତ ନାଁରେ ଭିମସାର ଛାତ୍ରମାନେ ଅଗ୍ନି ନିର୍ବାପକ ସିଲିଣ୍ଡରରୁ ଗ୍ୟାସ୍ ଛାଡ଼ି ଆକ୍ରମଣ କରିଥିଲେ। ଏଥିରେ ଏମ୍‌କେସିଜି ମେଡ଼ିକାଲର ୩ରୁ ଊର୍ଦ୍ଧ୍ୱ ଛାତ୍ର ଅଚେତ ହୋଇ ଆଇସିୟୁରେ ଭର୍ତ୍ତି ହୋଇଥିଲେ। ଇଣ୍ଟରମେଡିସରେ ଡାକ୍ତର ଛାତ୍ରଛାତ୍ରୀ ପରମ୍ପରା ନାମରେ ବିଭିନ୍ନ କାର୍ଯ୍ୟକ୍ରମରେ ଅପରାଧିକ କାର୍ଯ୍ୟକଳାପକୁ ହାତକୁ ନେଇଥିବା ନଜିର ରହିଛି। ଯଦ୍ୱାରା ବହୁ ଛାତ୍ରଛାତ୍ରୀ ଆହତ ହେବା ସହିତ ଶିକ୍ଷା ଅନୁଷ୍ଠାନର ଗରିମାକୁ ନଷ୍ଟ କରାଯାଉଥିବା ଶିକ୍ଷାବିତମାନେ ମତ ପ୍ରକାଶ କରିଛନ୍ତି। ତେଣୁ ଏଥିପ୍ରତି ରାଜ୍ୟସରକାର ଓ ମେଡ଼ିକାଲ୍ କର୍ତ୍ତୃପକ୍ଷ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ଦାବି ହୋଇଛି।

# ରାଉରକେଲାରୁ ଅଯୋଧ୍ୟା ଯିବ ୮ ଫୁଟ୍ ଲମ୍ବର ସୁବର୍ଣ୍ଣ ଧନୁ

ରାଉରକେଲା, ୧୪।୧୦ (ସମିସ): ରାଉରକେଲାରୁ ଅଯୋଧ୍ୟାର ରାମମନ୍ଦିରକୁ ଯିବ ସୁନାରେ ପ୍ରସ୍ତୁତ ଏକ ଧନୁ। ଏନେଇ ବ୍ୟାପକ ପ୍ରସ୍ତୁତି ଆରମ୍ଭ ହୋଇଛି ବୋଲି ସନାତନ ଜାଗରଣ ମଞ୍ଚର ଅଧ୍ୟକ୍ଷ ସନ୍ତୋଷ ବିଶ୍ୱାଳ ସୂଚନା ଦେଇଛନ୍ତି। ଅଯୋଧ୍ୟା ରାମମନ୍ଦିରର ମହାସଚିବ ଚମ୍ପତ ରାୟଙ୍କ ଅନୁମତିକ୍ରମେ ଏହି କାର୍ଯ୍ୟକ୍ରମ ସମାପନ କରାଯିବ। ଏହି ସୁବର୍ଣ୍ଣ ଧନୁର ଲମ୍ବ ୮ ଫୁଟ୍ ଓ ଚଉଡ଼ା ସାଢ଼େ ୩ଫୁଟ୍। ଏହା ତାମିଲନାଡୁ କାଞ୍ଚିପୁରମ୍‌ର ୪୦ଜଣ ମହିଳା କାରିଗରଙ୍କ ଦ୍ୱାରା ପ୍ରସ୍ତୁତ କରାଯାଉଛି। ବର୍ତ୍ତମାନ ସୁଦ୍ଧା ଏଥିରେ ୧କେଜି ସୁନା ବ୍ୟବହୃତ ହୋଇଛି। ଆସନ୍ତା ଜାନୁଆରୀ ୨୦ତାରିଖରେ ପୁରୀରୁ ଏକ ଶୋଭାଯାତ୍ରା ଆରମ୍ଭ ହୋଇ ୨୨ତାରିଖ ଦିନ ଅଯୋଧ୍ୟାର ରାମମନ୍ଦିର ପ୍ରତିଷ୍ଠା ଦିବସରେ ପହଞ୍ଚିବ। ଏହି ଧନୁ ତିଆରିରେ ପ୍ରାୟ ୬ ରୁ ୮ କେଜି ମଧ୍ୟରେ ସୁନା ବ୍ୟବହାର କରାଯିବା ପାଇଁ ଲକ୍ଷ୍ୟ ରଖାଯାଇଛି। ଏହାସହ ଏହି ଧନୁରେ ବୀର ସୌର୍ଯ୍ୟ ପ୍ରାପ୍ତ ହୋଇଥିବା ସହିଦ୍‌ମାନଙ୍କ ନାମ ଖୋଦିତ କରାଯିବ।



ଏହି କାର୍ଯ୍ୟ ସମାପନ ପରେ ଧନୁକୁ ପ୍ରତିଟି ଜିଲ୍ଲାର ପ୍ରମୁଖ ସ୍କୁଲ ଓ କଲେଜ ପରିକ୍ରମା କରି ସମାଜରେ ଯେଉଁମାନେ ପ୍ରକୃତ ବୀର ସେମାନଙ୍କ ସମ୍ପର୍କରେ ଅବଗତ କରାଯାଇ ଆସନ୍ତା ଜାନୁଆରୀ ୨୨ ତାରିଖରେ ଅଯୋଧ୍ୟା ଶ୍ରୀରାମ ମନ୍ଦିରର ମହାସଚିବ ଚମ୍ପତ ରାୟଙ୍କୁ ଅର୍ପଣ କରାଯିବ। ସେହିପରି ଅପରେସନ ସିନ୍ଦୂରର ସଫଳତା ପାଇଁ ଶ୍ରୀଜଗନ୍ନାଥଙ୍କ ଭୂମି ତରଫରୁ ବୀର ଯବାନଙ୍କୁ ଏହା ଉତ୍ସର୍ଗୀକୃତ କରାଯିବା ସହ କାରଗିଲରୁ ପେହେଲଗାଁଓ ପର୍ଯ୍ୟନ୍ତ ସମସ୍ତ ସହିଦ୍ ଯବାନଙ୍କ ପରିବାରକୁ ଏହି କାର୍ଯ୍ୟକ୍ରମରେ ସାମିଲ କରିବା ପାଇଁ ଲକ୍ଷ୍ୟ ରଖାଯାଇଛି ବୋଲି ଶ୍ରୀ ବିଶ୍ୱାଳ ସୂଚନା ଦେଇଛନ୍ତି।

## ଆଜିର ରାଶିଫଳ

**ମେଷ:** ପ୍ରତିକୂଳ ପରିସ୍ଥିତିରେ ଭୟ କରନ୍ତୁନି। ଧାର୍ମିକ ସମାବେଶରେ ସାମିଲ ହେବେ। କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ। ଉଧାର ଟଙ୍କା ଫେରି ପାଇବେ। ଦୀର୍ଘ ଦିନର ଆଶା ପୂରଣ ହେବ।

**ବୃଷ:** ଲୋକ ସମ୍ପର୍କ ବଢ଼ିବ। ଉଡ଼ା ଖବରକୁ ବିଶ୍ୱାସ କରନ୍ତୁନି। ସରକାରୀ ଚାକିରିଆଙ୍କ ପାଇଁ ଦିନଟି ଭଲ। ଅଟକି ରହିଥିବା କାର୍ଯ୍ୟ ପୂରା ହେବ। ଆଶା କରିଥିବା ଦିଗରୁ ଅର୍ଥ ମିଳିବ। ମହିଳାମାନେ ପୂଜାର୍ଚ୍ଚନା କରିବେ।

**ମିଥୁନ:** କାର୍ଯ୍ୟରେ ବାଧା ଉପୁଜିପାରେ। ନିଜ ଲୋକ ଶତ୍ରୁ ସାଜିପାରନ୍ତି। ଛୋଟ ଛୋଟ କଥାରୁ କଳହ ସୃଷ୍ଟି ହୋଇପାରେ। କୌଣସି କ୍ଷେତ୍ରରୁ ଆଘାତ ପାଇପାରନ୍ତି। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ।

**କର୍କଟ:** ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ପରିବାରବର୍ଗଙ୍କ ସହ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ଧାର୍ମିକ କାର୍ଯ୍ୟରେ ଯୋଗ ଦେବେ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**ସିଂହ:** ଶତ୍ରୁଙ୍କୁ ଦୁର୍ବଳ ମନେ କରନ୍ତୁନି। ଖର୍ଚ୍ଚ ବଢ଼ିପାରେ। ସଫଳତା ପାଇବାକୁ କଠିନ ପରିଶ୍ରମ କରିବେ। ଉଧାର ଟଙ୍କା ଫେରି ପାଇବେ। ବିଦ୍ୟାର୍ଥୀମାନେ ଖେଳମନସ୍କ ହେବେ। ଲୋକ ସମ୍ପର୍କ ବୃଦ୍ଧି ପାଇବ।

**କନ୍ୟା:** ଗୁରୁଜନଙ୍କ ପରାମର୍ଶ ନେଇ ନୂତନ କାର୍ଯ୍ୟରେ ଯୋଗ ଦିଅନ୍ତୁ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ସନ୍ତୁଳିତ ଆହାର ଗ୍ରହଣ କରନ୍ତୁ। ନୂତନ ଜମି କ୍ରୟ କରିପାରନ୍ତି। ମାପି ଚୁପି କଥା ହୁଅନ୍ତୁ।

**ତୁଳା:** ଭୂମି, ଯାନବାହନ କିଣି ପାରନ୍ତି। ଅଭିଭାବକମାନେ ସନ୍ତାନଙ୍କ କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁମିଳନ ଯୋଗ ରହିଛି। ପିଲାମାନେ ଖେଳକୁଦରେ ସମୟ ବିତାଇବେ।

**ବିଛା:** ଅଫିସ୍ କାର୍ଯ୍ୟ ପାଇଁ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ଅଚାନକ ଖୁସି ଖବର ମିଳିବ। ମହିଳାମାନେ ଘର କାର୍ଯ୍ୟରେ ବ୍ୟସ୍ତ ରହିପାରନ୍ତି। ଯାନବାହନ ଚଳାଚଳ ସମୟରେ ସତର୍କତା ଅବଲମ୍ବନ ଜରୁରି।

**ଧନୁ:** ସୃଜନଶୀଳତା ବୃଦ୍ଧି ପାଇବ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ। ପ୍ରେମ ବ୍ୟାପାରରେ ସଫଳ ହେବେ। କର୍ମକ୍ଷେତ୍ରରେ ବଡ଼ ଦାୟିତ୍ୱ ମିଳିପାରେ। ତରବରିଆ ଭାବେ ନିଷ୍ପତ୍ତି ନିଅନ୍ତୁନି।

**ମକର:** ବନ୍ଧୁଙ୍କ ସହିତ ମନୋରଞ୍ଜନ କରିବେ। ପିଲାମାନେ ପଢ଼ାପ୍ରତି ଅଧିକ ଧ୍ୟାନ ଦେବେ। ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ କରିବେ। ସକାରାତ୍ମକ ଚିନ୍ତାଧାରା ସହିତ ଆଗକୁ ବଢ଼ିବେ।

**କୁମ୍ଭ:** ଅଚାନକ ମନ ଭିତରେ ପରିବର୍ତ୍ତନ ଆସିପାରେ। ଆର୍ଥିକ ସମସ୍ୟା ରହିବନି। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଆୟ ଅନୁସାରେ ଅଧିକ ବ୍ୟୟ ହେବ। ଭଗବାନଙ୍କ ପୂଜାର୍ଚ୍ଚନା କରନ୍ତୁ। ଦାନ ଧର୍ମ କରିବେ।

**ମୀନ:** ଜମି କିଣାବିକା ଯୋଗ ରହିଛି। ଅଧିକ ଲାଭ ପାଇବା ଆଶାରେ ଭୁଲ୍ କରନ୍ତୁନି। ମହିଳାମାନେ ଘର କାମରେ ବ୍ୟସ୍ତ ରହିବେ। ବ୍ୟକ୍ତିଗତ କଥାକୁ ଅନ୍ୟମାନଙ୍କ ଆଗେ ପ୍ରକାଶ କରନ୍ତୁନି।

## ଅବଶିଷ୍ଟାଂଶ

### ଆଗୁଆ ଆସିବ...

ରେକଡର୍ କରାଯାଇଛି। ନେପାଳରୁ ଆରମ୍ଭ କରି କାଶ୍ମୀର ପର୍ଯ୍ୟନ୍ତ ହିମାଳୟ ଉପତ୍ୟକାରେ ବରଫପାତ ବୃଦ୍ଧି ପାଇଛି। ପାଣିପାଗବିଜ୍ଞାନୀମାନେ ଏହାକୁ ଏକ ଶୁଭ ସଙ୍କେତ ବୋଲି ମନେ କରୁଛନ୍ତି। ଏହାଦ୍ୱାରା ଗ୍ଲାସିୟରର ଅନ୍ୟୂନ ୫ ବର୍ଷ ପାଇଁ ଅଧିକ ଜୀବନ୍ତ ରହିବ ଓ ଉତ୍ତରଭାରତର ନଦୀଗୁଡ଼ିକର ସ୍ରୋତ ଶୁଖିବ ନାହିଁ ବୋଲି କୁହାଯାଉଛି। ବୈଜ୍ଞାନିକମାନଙ୍କ ଆକଳନ ଅନୁସାରେ ଭାରତୀୟ ଉପମହାଦ୍ୱୀପର ତାପମାତ୍ରା ଗତ ୧୨୨ ବର୍ଷରେ ୦.୯୯ ଡ଼ିଗ୍ରୀ ବୃଦ୍ଧି ପାଇଛି, ମାତ୍ର ଚଳିତ ବର୍ଷ ଅର୍ଥାତ୍ ୨୦୨୫ ଶେଷ ସୁଦ୍ଧା ଏହି ବୃଦ୍ଧିରେ ଅଙ୍କୁଶ ଲାଗିବ ଓ ଲା ନିନା କାରଣ ଯୋଗୁ ତାପମାତ୍ରା ୦.୨ଡ଼ିଗ୍ରୀ କମ୍ ହେବ।

ଅନ୍ୟପଟେ ମୌସୁମୀ ପ୍ରତ୍ୟାବର୍ତ୍ତନ ଧାରା ଆରମ୍ଭ ହେବା ପରେ ଏବେ ଓଡ଼ିଶାରେ ପାଗ ମୁଖ୍ୟତଃ ଓ ଶୁଖିଲା ଓ ଖରାଟିଆ ରହିଛି। ରାଜ୍ୟକୁ ବଙ୍ଗୋପସାଗର ପଟୁ ଜଳୀୟବାଷ୍ପପୂର୍ଣ୍ଣ ବାୟୁ ଆସିବା ମଧ୍ୟ କମିଛି। ଫଳରେ ରାତିରେ ମଧ୍ୟ ଧୀରେ ଧୀରେ ବା ହାଲୁକା ଥଣ୍ଡା ଅନୁଭୂତ ଆରମ୍ଭ ହୋଇଛି। ଗତ ୨୪ ଘଣ୍ଟାରେ ଦାରିଙ୍ଗବାଡ଼ିରେ ତାପମାତ୍ରା ୧୯ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ଅଧିକାଂଶ ସ୍ଥାନରେ ରାତିର ତାପମାତ୍ରା ୨୨-୨୪ ଡିଗ୍ରୀ ମଧ୍ୟରେ ରହୁଛି।

୧୭ ତାରିଖ ସୁଦ୍ଧା କେତେକ ଆଭ୍ୟନ୍ତରୀଣ ଅଞ୍ଚଳରେ ତାପମାତ୍ରା ପ୍ରାୟ ୨-୩ ଡିଗ୍ରୀ କମିପାରେ। କନ୍ଧମାଳ, କୋରାପୁଟ, ଗଜପତି, ମୟୂରଭଞ୍ଜ ଓ କେନ୍ଦୁଝରରେ ତାପମାତ୍ରା ସବୁଠାରୁ କମ୍ ରହିବ। ଏହି ସ୍ଥାନମାନଙ୍କରେ ସର୍ବନିମ୍ନ ତାପମାତ୍ରା ୨-୩ ଡିଗ୍ରୀ କମିବା ହେତୁ ଶିଶିରପାତ ସହ କୁହୁଡ଼ି ହେବାର ସମ୍ଭାବନା ରହିଛି। ବିଭିନ୍ନ ମଡେଲ୍ ଓ ପାଣିପାଗ ସଂସ୍ଥାର ସୂଚନା ଅନୁଯାୟୀ ବର୍ତ୍ତମାନ ଲା-ନିନା ସ୍ଥିତି ସୃଷ୍ଟି ହୋଇ ସାରିଛି। ତେଣୁ ଏବର୍ଷ ଭଲ ଶୀତର ଆକଳନ କରାଯାଇଛି।

### ୧୫.୬୭ ଲକ୍ଷ...

କରି ପାରି ନାହାନ୍ତି। ମୁଖ୍ୟତଃ ଉପାନ୍ତ ଓ ଦୁର୍ଗମ ଅଞ୍ଚଳରେ ନେଟୱର୍କ ସମସ୍ୟା ଯୋଗୁଁ ବହୁ ହିତାଧିକାରୀ ଇ-କେୱାଇସି ଅପଡେଟ୍ କରି ପାରି ନ ଥିବା ବେଳେ ଅନେକ ବୟସ୍କ ଓ ଶଯ୍ୟାଶାୟୀଙ୍କର ଇ-କେୱାଇସି ଅପଡେଟରେ ସମସ୍ୟା ରହିଛି। ଛୋଟ ପିଲା ଓ ବୟସ୍କ ବର୍ଗଙ୍କ ଫିଙ୍ଗର ପ୍ରିଣ୍ଟ ସମସ୍ୟା ରହିବାଯୋଗୁଁ ସେମାନଙ୍କର ଇ-କେୱାଇସି ହୋଇପାରି ନାହିଁ। ପୁନଶ୍ଚ ରାଜ୍ୟ ବାହାରେ ଅନ୍ୟ ରାଜ୍ୟରେ କାମ କରୁଥିବା ଲକ୍ଷଲକ୍ଷ ଲୋକ ମଧ୍ୟ ଇ-କେୱାଇସି କରି ପାରିନାହାନ୍ତି। ଯାହା ଫଳରେ ଏହି ଲୋକମାନେ ଆଗାମୀ ମାସରୁ ଆଉ ଚାଉଳ ପାଇବେ ନାହିଁ। ଲକ୍ଷାଧିକ ଲୋକ ଦାଦନ ଖଟିବାକୁ ଯାଇ ବାହାରେ ରହୁଥିବା ଶ୍ରମିକମାନେ ମଧ୍ୟ ଇ-କେୱାଇସି କରିପାରିନାହାନ୍ତି।

ସେପ୍ଟେମ୍ବର ୩୦ ତାରିଖକୁ ଇ-କେୱାସି କରିବାର ଶେଷ ତାରିଖ୍ ଭାବେ ଘୋଷଣା କରାଯାଇଥିଲା। ଏହି ଅବଧି ଭିତରେ ଅନେକ ଇ-କେୱାଇସି ହୋଇପାରି ନାହିଁ ଓ ଏହି ପ୍ରକ୍ରିୟାରେ ଅନେକ ସମସ୍ୟା ହେଉଥିବା ଡିଲର୍ ଆସୋସିଏସନ୍ ଏହା ପୂର୍ବରୁ ଅଭିଯୋଗ କରି ଆସିଛି। ନିକଟରେ ସରକାରଙ୍କ ପକ୍ଷରୁ ମିଳିଥିବା ଏକ ତାଲିକାରୁ ଜଣାପଡ଼ିଛି ଯେ ଗଞ୍ଜାମରୁ ସର୍ବାଧିକ ୧ ଲକ୍ଷ ୬୪ ହଜାର ହିତାଧିକାରୀ ଇ-କେୱାଇସି କରି ନାହାନ୍ତି। ସେହିପରି କଟକରୁ ୯୧ ହଜାର, ମୟୁରଭଞ୍ଜରୁ ୮୭ ହଜାର, ବଲାଙ୍ଗିରରୁ ୮୩ ହଜାର, ବାଲେଶ୍ୱରରୁ ୮୩ ହଜାର ଓ କଳାହାଣ୍ଡିରୁ ୮୨ ହଜାର ଲୋକ ଇ-କେୱାଇସି କରି ନ ଥିବା ଯୋଗୁଁ ତାଲିକାରୁ ବାଦ ପଡ଼ିଛନ୍ତି। ଅନେକ ଯୋଗ୍ୟ ହିତାଧିକାରୀ ନିଜର ଇ-କେୱାଇସି କରି ନ ଥିବା ସାମ୍ନାକୁ ଆସିଛି। ତେଣୁ ସରକାର ଅବଧି ବଢାଇବାକୁ ଦାବି ହୋଇ ଆସୁଥିଲା। ଯେମିତି ଯୋଗ୍ୟ ହିତାଧିକାରୀ ବାଦ ନ ପଡନ୍ତି ସରକାର ତା ଉପରେ ନଜର ଦେବା ଆବଶ୍ୟକ ବୋଲି ଦାବି ହୋଇଛି।

### ରୁପା ୨ ଲକ୍ଷ...

ରୁପା କିଲୋ ପିଛା ୨.୬ ଲକ୍ଷ ଟଙ୍କା ଛୁଇଁ ସର୍ବକାଳୀନ ରେକର୍ଡ ପ୍ରତିଷ୍ଠା ହୋଇଛି। କୌତୁହଳର ବିଷୟ ହେଉଛି ଯେ, ମାତ୍ର ୨୮୬ ଦିନରେ ରୁପା ମୂଲ୍ୟ ଦୁଇ ଗୁଣ ବଢ଼ିଯାଇଥିବାବେଳେ ସପ୍ତାହକରେ ଏହା ୩୩ ହଜାର ଟଙ୍କା ମହଙ୍ଗା ହୋଇଛି।

ଇଣ୍ଡିଆ ବୁଲିଅନ୍ ଆଣ୍ଡ ଜୁଏଲର୍ସ ଆସୋସିଏସନ୍ (ଆଇବିଜେଏ) ଅନୁଯାୟୀ, ନୂଆଦିଲ୍ଲୀର ବଜାରରେ ଆଜି ରୁପା ମୂଲ୍ୟ ଗୋଟିଏ ଦିନରେ ୭୦୦୦ ଟଙ୍କା ବୃଦ୍ଧି ଘଟି ପ୍ରତି କିଲୋଗ୍ରାମ ୧,୮୫,୦୦୦ ଟଙ୍କାରେ ପହଞ୍ଚିଛି। ବଜାର ବିଶେଷଜ୍ଞଙ୍କ ଅନୁଯାୟୀ, ପାର୍ବଣଋତୁ, ଶିଳ୍ପ ଚାହିଦା ବଢ଼ିବା ଏବଂ ବିଶ୍ୱ ଯୋଗାଣରେ ହ୍ରାସ ଯୋଗୁଁ ରୁପାର ମୂଲ୍ୟ ଅହେତୁକ ଭାବେ ବୃଦ୍ଧି ପାଉଛି। ରୁପା ମୂଲ୍ୟରେ ହେଉଥିବା ବୃଦ୍ଧି ଆଗକୁ ମଧ୍ୟ ଜାରି ରହିବ। ବଜାର ବିଶେଷଜ୍ଞଙ୍କ ମତରେ ଅଗାମୀ ଦିନରେ ରୁପା ଦର କିଲୋ ପିଛା ୭ ଲକ୍ଷ ଟଙ୍କା ସ୍ତର ଛୁଇଁବ। ଏକ ରିପୋର୍ଟ ଅନୁଯାୟୀ, ଚଳିତବର୍ଷ ଜାନୁଆରୀ ମାସରେ ରୁପା ମୂଲ୍ୟ କିଲୋ ପିଛା ପ୍ରାୟ ୭୯,୩୮୦ ଟଙ୍କା ରହିଥିଲା। ଚଳିତମାସରେ ନୂଆଦିଲ୍ଲୀ ବଜାରରେ ଏହା କିଲୋ ପିଛା ସର୍ବୋଚ୍ଚ ୧,୮୫,୦୦୦ ଟଙ୍କା ସ୍ତରରେ ପହଞ୍ଚିଛି। ଏହାର ଅର୍ଥ ହେଉଛି ଜାନୁଆରୀରୁ ଅକ୍ଟୋବର ପର୍ଯ୍ୟନ୍ତ ରୁପା ମୂଲ୍ୟ ପ୍ରାୟ ୧୩୩%ରୁ ଅଧିକ ବୃଦ୍ଧି ପାଇଛି। ଅପରପକ୍ଷେ ଚଳିତବର୍ଷ ଏ ପର୍ଯ୍ୟନ୍ତ ସୁନା ମୂଲ୍ୟରେ ପାଖାପାଖି ୫୦ ହଜାର ଟଙ୍କା ବୃଦ୍ଧି ଘଟିଛି। ୨୦୨୪ ଡିସେମ୍ବର ୩୧ରେ ନୂଆଦିଲ୍ଲୀରେ ୧୦ ଗ୍ରାମ ପିଛା ୨୪ କ୍ୟାରେଟ୍ ସୁନା ମୂଲ୍ୟ ୭୬,୧୬୨ ଟଙ୍କା ଥିଲା, ଯାହା ଏବେ ୧,୨୮,୮୩୦ ଟଙ୍କାରେ ପହଞ୍ଚିଛି। ଏହି ସମୟ ମଧ୍ୟରେ ରୁପା ମୂଲ୍ୟ ମଧ୍ୟ ୧୦ ଗ୍ରାମ ପିଛା ୮୯,୩୦୮ ଟଙ୍କା ବୃଦ୍ଧି ପାଇଛି। ଅପରପକ୍ଷେ ଭୁବନେଶ୍ୱରରେ ଆଜି ୨୪ କ୍ୟାରେଟ୍ ସୁନା ମୂଲ୍ୟ ୧୦ ଗ୍ରାମ ପିଛା ୧,୨୮,୩୪୦ ଟଙ୍କା ସ୍ତର ଟପିଯାଇଥିବାବେଳେ ୨୨ କ୍ୟାରେଟ୍ ସୁନା ଦର ୧୦ ଗ୍ରାମ ପିଛା ୧,୧୭,୬୫୦ ଟଙ୍କାରେ ପହଞ୍ଚିଛି।

### ଜଗିବ କିଏ ?...

ଅନ୍ୟ ସବୁ ବାଣ ଉପରେ କଟକଣା ରହିଛି। ଯଦି କେହି ବାଣ ଫୁଟାଉଛନ୍ତି ତେବେ ୧୨୫ ଡେସିବେଲ ଅର୍ଥାତ୍ କମ୍ ଶବ୍ଦ ସୃଷ୍ଟିକାରୀ ବାଣ ଫୁଟାଇ ପାରିବେ ପୁଣି ପାର୍କ, ହସ୍ପିଟାଲ୍, ଶିକ୍ଷାନୁଷ୍ଠାନ, କୋର୍ଟ, ଧାର୍ମିକ ସ୍ଥାନର ୧୦୦ ମିଟର ପରିଧି ମଧ୍ୟରେ ବାଣ ଫୁଟାଯାଇପାରିବ ନାହିଁ। ପୁନଶ୍ଚ ବାଣରେ ବୋରିଅମ ଓ ଅନ୍ୟ ନିଷିଦ୍ଧ ରାସାୟନିକ ବ୍ୟବହାର ଉପରେ କଟକଣା ଲଗାଯାଇଛି। ଏସବୁ ନିୟମ ପାଳନ ନ କଲେ ଓଡ଼ିଶା ବାଣ ଓ ଲାଉଡ୍‌ସ୍ପିକର ନିୟନ୍ତ୍ରଣ ଆଇନ ଅନୁସାରେ ସରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ। ତେଣୁ ଦୀପାବଳୀରେ ବାଣ ଫୁଟାଇବା ପରିବର୍ତ୍ତେ କେବଳ ଦୀପ ଜାଳିବାକୁ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼ ଅନୁରୋଧ କରିଛି।

ସାଧାରଣତଃ ଭୁବନେଶ୍ୱର, କଟକ, ବାଲେଶ୍ୱର, ରାଉରକେଲା, କଳିଙ୍ଗନଗର ଓ ତାଳଚେର ପରି ସହରରେ ସବୁ ସମୟରେ ପ୍ରଦୂଷଣର ମାତ୍ରା ଅଧିକ ରହିଥାଏ। ଗତବର୍ଷ ଦୀପାବଳି ପୂର୍ବ ଦିନ ଏଠାରେ ବାୟୁର ଗୁଣବତ୍ତା ମାନ (ଏକ୍ୟୁଆର୍) ୧୦୦ ଥିଲା ବେଳେ ଦୀପାବଳି ସନ୍ଧ୍ୟାରେ ବାଣ ଫୁଟାରୁ ଏହା ବଢ଼ି ୨୩୦ ରୁ ୩୪୦ ଏକ୍ୟୁଆର୍‌ରେ ପହଞ୍ଚିଥିଲା। ଦୀପାବଳିରେ ବାଣଫୁଟା ପରେ ପ୍ରଦୂଷଣକୁ ନେଇ ଅନେକ ସମସ୍ୟା ସୃଷ୍ଟି ହେଉଥିବାରୁ ସାରା ଦେଶରେ କିପରି ପ୍ରଦୂଷଣକୁ ରୋକାଯାଇପାରିବ ସେନେଇ ପରିବେଶବିତ୍‌ମାନେ ଚିନ୍ତା ପ୍ରକଟ କରିଛନ୍ତି। ବାଣରୁ ନିର୍ଗତ ଧୂଆଁ ଓ ଶିଳ୍ପ ବର୍ଜ୍ୟବସ୍ତୁ ବାୟୁମଣ୍ଡଳକୁ ପ୍ରବେଶ କରୁଛି। ଯେଉଁଥିରେ ଅଙ୍ଗାରକାମ୍ଳ, ଗନ୍ଧକାମ୍ଳ, ଜବଖାରକାମ୍ଳ ଓ ମିଥେନ ପରି ବିଷାକ୍ତ ଗ୍ୟାସ୍ ରହିଛି। ତେଣୁ ଦେଶର ବିଭିନ୍ନ ରାଜ୍ୟରେ ବାଣଫୁଟା ଉପରେ କଡ଼ାକଡ଼ି କଟକଣା ଲଗାଯାଇଛି। ଅନ୍ୟପକ୍ଷରେ ବାଣ ଫୁଟାଇବା ସମୟରେ ପାଖରେ ପାଣି ବା ବାଲି ରଖିବାକୁ ପରାମର୍ଶ ଦିଆଯାଇଛି। ବାଣକୁ ହାତରେ ଧରି ଫୁଟାଇବାକୁ ବାରଣ କରାଯାଇଛି। ବାଣ ଫୁଟାଇବା ସମୟରେ ନିଜକୁ ଦୂରରେ ରଖିବା ଓ ଫୁଟି ଯାଇଥିବା ବାଣକୁ ଆଉଥରେ ଫୁଟାଇବାକୁ ଚେଷ୍ଟା ନକରିବା, ବାଣ ଫୁଟାଇବା ସମୟରେ ଆଖିର ଯତ୍ନ ନେବାକୁ ସ୍ୱଚ୍ଛ ଚଷମା ବ୍ୟବହାର କରିବା ଆଦି ବିଷୟରେ ସତର୍କତା ଜାରି କରାଯାଇଛି। ବାଣ ଫୁଟାଇବା ସମୟରେ ସୁରକ୍ଷା ପ୍ରତି ଧ୍ୟାନ ଦେଇ ସୂତା ପୋଷାକ ପିନ୍ଧିବା ପାଇଁ ପରାମର୍ଶ ଦିଆଯାଇଛି।

### ସୋନପୁରର ୩ ଶ୍ରଦ୍ଧାଳୁ...

ମଟାରି(୫୬), ପୁଅ ଆଶୁତୋଷ ମଟାରି, ଝିଅ ଚିନ୍ମୟୀ ମଟାରୀ ଓ ପୁତ୍ରବଧୂ ଅଲିଭା ମଟାରୀ ଯାଇଥିଲେ। ମଙ୍ଗଳବାର ସକାଳ ପ୍ରାୟ ୯ ଟାରେ ବୈଷ୍ଣଦେବୀଙ୍କ ଦର୍ଶନ ସାରି ସମସ୍ତେ ହେଲିକେପ୍ଟର୍‌ରେ କଟରା ଫେରିଥିଲେ। କଟରା ହେଲିପ୍ୟାଡ୍‌ରୁ ଗୋଟିଏ ଅଟୋ ଭଡ଼ା କରିଥିଲେ। ଅଟୋରେ ଦୁଇ ବନ୍ଧୁ ସପତ୍ନୀଙ୍କ ବସିଥିବା ବେଳେ ଅନ୍ୟମାନେ ଚାଲିଚାଲି ଆସୁଥିଲେ। ଜାମ୍ମୁ-କଟରା ଏକ୍ସପ୍ରେସ୍ ୱେରେ ଅଟୋ ଯାଉଥିବା ବେଳେ ଏକ ବୁଲାଣିରେ ବିପରୀତ ଦିଗରୁ ଆସୁଥିବା ଏକ ବସ୍ ଅଟୋକୁ ଧକ୍କା ଦେଇଥିଲା। ଏଥିରେ ଅଟୋଟି ଚୂରମାର୍ ହୋଇଯାଇଥିଲା। ଘଟଣାସ୍ଥଳରେ ବିଚିତ୍ର, ଯୋଗିନ୍ଦ୍ର ଓ ଅଟୋ ଚାଳକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ କବିତା ଓ ସ୍ନେହଲତା ଗୁରୁତର ଆହତ ହୋଇଥିଲେ। ପୁଲିସ ଓ ଉଦ୍ଧାରକାରୀ ଦଳ ସମସ୍ତଙ୍କୁ କଟରା ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। ଗୁରୁତର କବିତା ଓ ସ୍ନେହଲତାଙ୍କ ଅବସ୍ଥା ସଂକଟାପନ୍ନ ଥିବାରୁ ଦୁହିଁଙ୍କୁ ଜାମ୍ମୁକୁ ସ୍ଥାନାନ୍ତର କରାଯାଇଥିଲା। ତେବେ ରାସ୍ତାରେ କବିତାଙ୍କ ମୃତ୍ୟୁ ହୋଇଯାଇଥିଲା। ଜିଏମ୍‌ସି ଡାକ୍ତରଖାନାରେ ଗୁରୁତର ସ୍ନେହଲତାଙ୍କ ଚିକିତ୍ସା ଚାଲିଛି।

ମୃତ ବିଚିତ୍ର ତରଭା ବରିଷ୍ଠ ନାଗରିକ ସଂଘର ସମ୍ପାଦକ, ସରସ୍ୱତୀ ଶିଶୁ ମନ୍ଦିର କମିଟିର ସମ୍ପାଦକ ସହ ବହୁ ଅନୁଷ୍ଠାନ ସହ ଜଡ଼ିତ ଥିଲେ। ଯୋଗିନ୍ଦ୍ର ମଟାରୀ ବରିଷ୍ଠ ନାଗରିକ ସଂଘର ସହ ସମ୍ପାଦକ ଦାୟିତ୍ୱ ତୁଲାଉଥିଲେ। ଉଭୟ ବନ୍ଧୁ ଉତ୍କଳ ଗ୍ରାମ୍ୟ ବ୍ୟାଙ୍କରେ ଚାକିରି କରି ଅବସର ଗ୍ରହଣ କରିଥିଲେ। ଆଜି ଦୁର୍ଘଟଣା ଖବର ପ୍ରଚାରିତ ହେବା ପରେ ତରଭା ଅଞ୍ଚଳରେ ଗଭୀର ଶୋକ ପ୍ରକାଶ ପାଇଛି।

# ବିହାର ବିଧାନସଭା ନିର୍ବାଚନ | ମେଣ୍ଟ ଅଙ୍କ ଅଡୁଆ

## ଆର୍‌ଜେଡି-କଂଗ୍ରେସ ଟଣାଓଟରା ଜାରି

ପାଟନା, ୧୪।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ଘୋଷଣା ହେବାକୁ ୭ ଦିନ ବିତିଗଲାଣି, କିନ୍ତୁ ବିରୋଧୀ ମେଣ୍ଟ 'ଇଣ୍ଡିଆ'ରେ ଏ ପର୍ଯ୍ୟନ୍ତ ଆସନ ବୁଝାମଣା ହୋଇପାରୁନି। ଭାଗବଣ୍ଟାକୁ ନେଇ କଂଗ୍ରେସ ଏବଂ ଆର୍‌ଜେଡି ମଧ୍ୟରେ ଟଣାଓଟରା ଜାରି ରହିଛି। କୌଣସି ଦଳ କମ୍ ଆସନରେ ଲଢିବାକୁ ପ୍ରସ୍ତୁତ ନାହାନ୍ତି। ଏହି ମତଭେଦ ଦିନକୁ ଦିନ ଉଗ୍ର ହେବାରେ ଲାଗିଛି। ଜନସୁରାଜ, ବିଜେପି ପ୍ରାର୍ଥୀ ଘୋଷଣା କରି ସାରିଥିବାବେଳେ 'ଇଣ୍ଡିଆ' ବେଳ ଗଡ଼ି ଗଡ଼ି ଚାଲିଛି। ଏପରି ସମୟରେ ମହାମେଣ୍ଟରେ ଆସନ ବୁଝାମଣାକୁ ନେଇ କୌଣସି ସାଲିସ କରାଯିବ ନାହିଁ ବୋଲି କଂଗ୍ରେସ ପକ୍ଷରୁ କୁହାଯାଇଛି। ଆସନକୁ ନେଇ ଏବେ ବି ଆର୍‌ଜେଡି ସହ ଟଣାଓଟରା ଲାଗି ରହିଛି।

### ତେଜସ୍ୱୀଙ୍କୁ ଭେଟିଲେନି ରାହୁଲ
### ସାଲିସ କରିବୁନି:କଂଗ୍ରେସ
### ଚିହ୍ନ ଦେଲେ ଲାଲୁ; ଫେରାଇନେଲେ ତେଜସ୍ୱୀ

ଅନ୍ୟପକ୍ଷରେ ବିରୋଧୀ ଦଳ ନେତା ତେଜସ୍ୱୀ ଯାଦବ ଦିଲ୍ଲୀରୁ ପାଟନା ଫେରି ଆସିଛନ୍ତି। କିନ୍ତୁ ସେ କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କୁ ସାକ୍ଷାତ କରି ନ ଥିବା ଜଣାପଡ଼ିଛି। ଲୋକସଭା ଭଳି ବିଧାନସଭା ନିର୍ବାଚନର ନେତୃତ୍ୱ ମଧ୍ୟ ଲାଲୁ ଏବଂ ତେଜସ୍ୱୀ ନେବାକୁ ଚାହୁଁଛନ୍ତି। ବାପପୁଅ ନିଜ ହିସାବରେ ଆସନ ବାଣ୍ଟିବାକୁ ପ୍ରୟାସ କରୁଛନ୍ତି। କିନ୍ତୁ ଚଳିତ ଥର ରାହୁଲ ନଇଁବାକୁ ପ୍ରସ୍ତୁତ ନାହାନ୍ତି। ସେ ବିହାର କଂଗ୍ରେସ ନେତାଙ୍କୁ ସ୍ପଷ୍ଟ ନିର୍ଦ୍ଦେଶ ଦେଇଛନ୍ତି। କାହା ଚାପର ଆସନ ବୁଝାମଣା ହେବନାହିଁ ବୋଲି କହିଛନ୍ତି। ଏହି କାରଣରୁ ପ୍ରଦେଶ କଂଗ୍ରେସର କୌଣସି ନେତା ଆସନ ବଣ୍ଟନକୁ ନେଇ ମୁହଁ ଖୋଲୁ ନାହାନ୍ତି।

ଏହି ପ୍ରସଙ୍ଗରେ ରାହୁଲଙ୍କୁ ଭେଟିବା ପାଇଁ ତେଜସ୍ୱୀ ଦିଲ୍ଲୀ ଯାଇଥିଲେ, ମାତ୍ର କଂଗ୍ରେସ ନେତା ତାଙ୍କୁ ସମୟ ଦେଇ ନ ଥିଲେ। ଏହା ପରେ ତେଜସ୍ୱୀ ଖାଲି ହାତରେ ଫେରି ଥିଲେ। କିନ୍ତୁ ବର୍ତ୍ତମାନର ପରିସ୍ଥିତିରେ ମେଣ୍ଟ ଆଗକୁ ବଢ଼ିପାରିବ ନାହିଁ ବୋଲି ସେ କଂଗ୍ରେସ ହାଇକମାଣ୍ଡଙ୍କୁ ସ୍ପଷ୍ଟ କରିଦେଇଛନ୍ତି। ଏହି କାରଣରୁ ପାଟନା ପହଞ୍ଚିବା ପରେ ଲାଲୁ ଯାଦବ ନିଜ ଲୋକଙ୍କୁ ଦଳୀୟ ଚିହ୍ନ ବାଣ୍ଟିବା ଆରମ୍ଭ କରିଦେଇଥିଲେ। ମାତ୍ର ତେଜସ୍ୱୀ ଏହା ଉପରେ ଅସନ୍ତୁଷ୍ଟ ହୋଇଥିଲେ। ଦଳୀୟ ନେତାଙ୍କୁ ବାପା ଦେଇଥିବା ଚିହ୍ନଗୁଡିକୁ ପୁଅ ଫେରାଇ ଆଣିଥିଲେ। ମହାମେଣ୍ଟର ସହଯୋଗୀ ଦଳ ସିପିଆଇ (ଏମଏଲ) ମଧ୍ୟ ପ୍ରାର୍ଥୀଙ୍କୁ ଟିକଟ ବଣ୍ଟନ କାର୍ଯ୍ୟ ଆରମ୍ଭ କରିଦେଇଥିଲା। କିନ୍ତୁ କଂଗ୍ରେସ ଏ ପର୍ଯ୍ୟନ୍ତ ଏଥିରୁ ଦୂରେଇ ରହିଛି।



ଅନ୍ୟପଟେ ମହାମେଣ୍ଟରେ ତେଜସ୍ୱୀଙ୍କ ବଡ଼ ଭାଇ କହୁଥିବା ମୁକେଶ ସହାନୀଙ୍କ ସ୍ଥିତି ବି ଅସମ୍ଭାଳ ହେବାରେ ଲାଗିଛି। ସେ ପୂର୍ବରୁ ୬୦ ଆସନ ମାଗିଥିଲେ, କିନ୍ତୁ ଏବେ ୩୦ରେ ଦେବାକୁ କହୁଛନ୍ତି। ସେ ଉପ-ମୁଖ୍ୟମନ୍ତ୍ରୀ ହେବାର ଆଶାକୁ ବି ଭୁଲି ଗଲେଣି। କାରଣ ତେଜସ୍ୱୀଙ୍କୁ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ କରିବା ପାଇଁ କଂଗ୍ରେସ ଚାହୁଁନାହିଁ। ଯଦି ମହାମେଣ୍ଟରେ ଆସନ ବୁଝାମଣା ନ ହୁଏ ଏବଂ ରାହୁଲ ଦିଲ୍ଲୀ ଭୁଲ୍‌କୁ ଦୋହରାନ୍ତି ତେବେ ଅକଳରେ ପଡ଼ିବେ ବୋଲି ରାଜନୈତିକ ବିଶେଷଜ୍ଞମାନେ କହିଛନ୍ତି।

## ଆସନ ବଣ୍ଟନ; ନୀତୀଶ ଅସନ୍ତୁଷ୍ଟ

ପାଟନା, ୧୪।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନକୁ ନେଇ କ୍ଷମତାସୀନ ଏନ୍‌ଡିଏ ମେଣ୍ଟରେ ଆସନ ବଣ୍ଟନ ହୋଇସାରିଛି। ମାତ୍ର ଏହାକୁ ନେଇ ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଅସନ୍ତୁଷ୍ଟ ଥିବା ସୂଚନା ମିଳିଛି। ପୂର୍ବରୁ ହାମ୍ ମୁଖ୍ୟ ତଥା କେନ୍ଦ୍ରମନ୍ତ୍ରୀ ଜିତନ ରାମ ମାନ୍‌ଝୀ ଦଳକୁ ମିଳିଥିବା ଆସନକୁ ନେଇ କ୍ଷୁବ୍ଧ ହୋଇଥିଲେ। ଏବେ ନୀତୀଶଙ୍କ ଆଭିମୁଖ୍ୟ ମେଣ୍ଟ ପାଇଁ ସମସ୍ୟା ସୃଷ୍ଟି କରିଛି। ସେ ୯ଟି ଆସନର ଭାଗବଣ୍ଟାକୁ ନେଇ ଖୁସି ନାହାନ୍ତି। ତେଣୁ ପୁଣିଥରେ ଏହା ଉପରେ ବିଚାର କରିବା ପାଇଁ ବିଜେପିକୁ କହିଛନ୍ତି।

### ପ୍ରଥମ ପ୍ରାର୍ଥୀ ତାଲିକା ଜାରିକଲା ବିଜେପି
### ବାଦ୍‌ପଡ଼ିଲେ ବାଚସ୍ପତି



ଏହା ମଧ୍ୟରେ ବିଜେପି ପ୍ରଥମ ତାଲିକାରେ ୭୧ ଜଣଙ୍କୁ ଟିକଟ ଦେଇଛି। ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀଙ୍କୁ ତାରାପୁର ଏବଂ ବିଜୟ ସିହ୍ନାଙ୍କୁ ଲଖିସରାୟରୁ ପ୍ରାର୍ଥୀ କରାଯାଇଛି। ତେବେ ବାଚସ୍ପତି ନନ୍ଦକିଶୋର ଯାଦବଙ୍କ ଟିକଟ କାଟି ଦିଆଯାଇଛି। ତାଙ୍କ ସ୍ଥାନରେ ବିଜେପି ନେତା ତଥା ହାଇକୋର୍ଟ ଓକିଲ ରତ୍ନେଶ କୁଶ୍ୱାହଙ୍କୁ ମୈଦାନକୁ ଓହ୍ଲା ଯାଇଛି। କୁମହରାର ୫ ଥରର ବିଧାୟକ ଅରୁଣ କୁମାର ସିହ୍ନାଙ୍କ ଟିକଟ ମଧ୍ୟ କାଟି ଦିଆଯାଇଛି। ତାଙ୍କ ସ୍ଥାନରେ ସଞ୍ଜୟ ଗୁପ୍ତାଙ୍କୁ ସୁଯୋଗ ମିଳିଛି। ସେ ଦଳର ମହାମନ୍ତ୍ରୀ ଭାବେ କାର୍ଯ୍ୟ କରିଥିଲେ। ଏହି ତାଲିକାରେ ୧୩ ମନ୍ତ୍ରୀ ଏବଂ ୯ ମହିଳାଙ୍କ ନାମ ରହିଛି। ପୁଣିଥରେ ୪୮ ବିଧାୟକଙ୍କୁ ପ୍ରାର୍ଥୀ କରାଯାଇଛି। ଚଳିତ ଥର ବିଜେପି ୧୦୧ ଆସନରେ ନିର୍ବାଚନ ଲଢ଼ିବ। ଏଥିରୁ ୭୧ ଜଣଙ୍କ ନାମ ସାମ୍ନାକୁ ଆସିଯାଇଛି। ଆଉ ୩୦ ପ୍ରାର୍ଥୀଙ୍କ ନାମ ଘୋଷଣା ବାକି ରହିଛି। ବିହାରରେ ନଭେମ୍ବର ୬ ଏବଂ ୧୧ରେ ମତଦାନ ହେବ। ନଭେମ୍ବର ୧୪ରେ ଭୋଟ ଗଣତି ହେବ। ଅନ୍ୟପକ୍ଷରେ ଗାୟିକା ମୈଥିଲି ଠାକୁର ବିଜେପିରେ ସାମିଲ ହୋଇଛନ୍ତି। ଏଥିପାଇଁ ପାଟନାରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ନିର୍ବାଚନରେ ଲଢିବା ନେଇ ଦଳ ପକ୍ଷରୁ ନିଷ୍ପତ୍ତି ନିଆଯିବ ବୋଲି ସେ କହିଛନ୍ତି। ତେବେ ସେ ଅଲିନଗରରୁ ନିର୍ବାଚନ ଲଢ଼ିପାରନ୍ତି।

---

ତାମିଲନାଡୁ ମଦ ଦୁର୍ନୀତି ମାମଲା

## ଇଡି ଚଢ଼ଉ ଉପରେ ପ୍ରଶ୍ନ ଉଠାଇଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି): ତାମିଲନାଡୁ ମଦ ଦୋକାନର ଲାଇସେନ୍ସ ସମ୍ବନ୍ଧିତ ରାଜ୍ୟ ମାର୍କେଟିଂ କର୍ପୋରେସନ ଲିମିଟେଡ (ଟିଏଏସଏମଏସି) ଦୁର୍ନୀତି ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଉପରେ ସୁପ୍ରିମକୋର୍ଟ ପ୍ରଶ୍ନ ଉଠାଇଛନ୍ତି। ରାଜ୍ୟ ପୁଲିସର କ୍ଷମତାରେ ଇଡି ଦଖଲ ଦେଉଥିବା କହିଛନ୍ତି। ପ୍ରଧାନ ବିଚାରପତି (ସିଜେଆଇ) ବିଆର ଗଭାଇ ଏବଂ ଜଷ୍ଟିସ ବିନୋଦ ଚନ୍ଦ୍ରନଙ୍କ ଖଣ୍ଡପୀଠ ଇଡିକୁ ପ୍ରଶ୍ନ କରିଥିଲେ ଯେ ରାଜ୍ୟ ପୁଲିସ ଏହି ମାମଲାର ଯାଞ୍ଚ କରିପାରି ନ ଥାଆନ୍ତା କି? ଏହି ମାମଲାରେ ଇଡି ଦଖଲ ଦେବା ଜରୁରୀ ଥିଲା କି? ଏହା ଦ୍ୱାରା ସଂଘୀୟ ବ୍ୟବସ୍ଥା ଉପରେ କି ପ୍ରଭାବ ପଡ଼ିବ? ଏହାର ରାଜ୍ୟ କ୍ଷମତାରେ ହସ୍ତକ୍ଷେପ ନୁହେଁ କି? ରାଜ୍ୟ ଯାଞ୍ଚ କରୁ ନଥିବା ଜାଣି ନିଜେ ଚାଲିଯିବେ କି? କୋର୍ଟ କୌଣସି ବାଦବିବାଦରେ ପ୍ରତିଯୋଗିତା ଚାହୁଁନାହାନ୍ତି। କିନ୍ତୁ ସଂଘୀୟ ବ୍ୟବସ୍ଥାରେ ରାଜ୍ୟ ଏବଂ କେନ୍ଦ୍ରର ସୀମା ରହିଛି। ସିଜେଆଇ କହିଥିଲେ ଯେ ଗତ ୬ ବର୍ଷ ହେଲା ସେ ଇଡିର ଅନେକ ମାମଲା ଦେଖିବାକୁ ପାଇଛନ୍ତି। କିନ୍ତୁ ଏହାକୁ ନେଇ କିଛି କହିବାକୁ ଚାହୁଁନି, ନଚେତ ଏହା ପୁଣିଥରେ ଗଣମାଧ୍ୟମରେ ରିପୋର୍ଟରେ ହୋଇଯିବ।

## ଇସ୍ତଫା ପାଇଁ ନୀତୀଶଙ୍କୁ ଅନୁମତି ମାଗିଲେ ସାଂସଦ

■ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଆଗରେ ବିଧାୟକଙ୍କ ବିକ୍ଷୋଭ

ପାଟନା, ୧୪।୧୦ (ଏଜେନ୍ସି): ବିଧାନସଭା ନିର୍ବାଚନ ପୂର୍ବରୁ ବିହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଅକଳରେ ପଡ଼ିଛନ୍ତି। ମେଣ୍ଟରେ ଆସନ ବୁଝାମଣାକୁ ନେଇ ଅସନ୍ତୁଷ୍ଟ ଥିବା ନୀତୀଶଙ୍କ ସମସ୍ୟାକୁ ଦଳୀୟ ସାଂସଦ ଏବଂ ବିଧାୟକମାନେ ଶହେ ଗୁଣା ବଢ଼ାଇ ଦେଇଛନ୍ତି। ଆସନ ବଣ୍ଟନକୁ ବିରୋଧ କରି ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଆଗରେ ଜେଡିୟୁ ବିଧାୟକ ଏବଂ କର୍ମୀ ଧାରଣା ଦେଉଛନ୍ତି। ଏପରି ସମୟରେ ଭାଗଲପୁର ସାଂସଦ ଅଜୟ କୁମାର ମଣ୍ଡଳ ନିଜ ପଦରୁ ଇସ୍ତଫା ଦେବା ପାଇଁ ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖି ଅନୁମତି ମାଗିଛନ୍ତି। ନିଜ କ୍ଷେତ୍ରରେ ଆସନ ବଣ୍ଟନ ପାଇଁ ତାଙ୍କ ପରାମର୍ଶ ନିଆଯାଇ ନ ଥିବାରୁ ମଣ୍ଡଳ କ୍ଷୁବ୍ଧ ହୋଇଛନ୍ତି। ଏପରି ସ୍ଥିତିରେ ପଦରେ ରହିବାର କୌଣସି ଯଥାର୍ଥତା ନାହିଁ ବୋଲି ସେ ଉଲ୍ଲେଖ କରିଛନ୍ତି। ଚିଠିରେ ମଣ୍ଡଳ ଲେଖିଛନ୍ତି ଯେ ବିଧାୟକ ଏବଂ ସାଂସଦ ଭାବେ ୨୦-୨୫ ବର୍ଷ ହେଲା କ୍ଷେତ୍ରରେ ଲୋକଙ୍କ ସେବା କରି ଆସୁଛି। ଜେଡିୟୁକୁ ପରିବାର ଭାବେ ଦେଖୁଥିଲେ। କିନ୍ତୁ ଗତ କିଛି ମାସ ହେଲା ତାଙ୍କୁ ଅଣଦେଖା କରାଯାଉଛି। ଅନ୍ୟପକ୍ଷରେ ବିଧାୟକ ଗୋପାଳ ମଣ୍ଡଳ ଆଜି ସକାଳୁ ନୀତୀଶଙ୍କ ଘରେ ଆଗରେ ବିକ୍ଷୋଭ କରିଛନ୍ତି। ମୁଖ୍ୟମନ୍ତ୍ରୀଙ୍କୁ ଭେଟି ଟିକଟ ନ ନେବା ପର୍ଯ୍ୟନ୍ତ ଏଠାରୁ ଉଠିବେ ନାହିଁ ବୋଲି କହିଥିଲେ। ଡିଏସ୍‌ପି ବୁଝାଇବା ସତ୍ତ୍ୱେ ସେ କିଛି ସମର୍ଥକଙ୍କ ସହ ସେମିତି ବସି ରହିଥିଲେ। ଏହା ଦେଖି କଡ଼ା ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଥିଲା। ପରେ ପୁଲିସ ତାଙ୍କୁ ସେଠାରୁ ଉଠାଇ ନେଇଥିଲା।

## ରାସ୍ତା ଖାଲ ଯୋଗୁଁ ମୃତ୍ୟୁହେଲେ ମିଳିବ ୬ ଲକ୍ଷ

ମୁମ୍ବଇ, ୧୪।୧୦ (ଏଜେନ୍ସି): ସଡ଼କ ଦୁର୍ଘଟଣା ଜନିତ ମାମଲାରେ ବମ୍ବେ ହାଇକୋର୍ଟ ଐତିହାସିକ ରାୟ ଦେଇଛନ୍ତି। ମହାରାଷ୍ଟ୍ରରେ ଖାଲ ଏବଂ ସ୍ୱରେଜ ନାଳ ଯୋଗୁଁ ମୃତ୍ୟୁ ହେଲେ ପୀଡ଼ିତ ପରିବାରଙ୍କୁ ୬ ଲକ୍ଷ ଏବଂ ଆହତଙ୍କୁ ୫୦ ହଜାରରୁ ୨.୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ କ୍ଷତିପୂରଣ ଦେବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏଭଳି ଦୁର୍ଘଟଣା ପାଇଁ ଠିକାଦାରଙ୍କ ସହିତ ପୌରପାଳିକା ଏବଂ ସରକାରୀ ଅଧିକାରୀ ଦାୟୀ ରହିବେ। ସବୁ ଯୋଗ୍ୟ ପୀଡ଼ିତଙ୍କୁ ୬ରୁ ୮ ସପ୍ତାହ ଭିତରେ କ୍ଷତିପୂରଣ ଦେବାକୁ କୋର୍ଟ ନିର୍ଦ୍ଦେଶଦେଇଛନ୍ତି। ଏଥିରେ ବିଳମ୍ବ ହେଲେ କମିଶନର, ଜିଲ୍ଲାପାଳ, ସିଇଓଙ୍କ ଭଳି ଅଧିକାରୀଙ୍କୁ ଦାୟୀ କରାଯିବ। ତାଙ୍କଠାରୁ ସୁଧ ସହିତ ଟଙ୍କା ଆଦାୟ କରାଯିବ। ଏହି ଅର୍ଥ ଦାୟୀ ଅଧିକାରୀ, ଠିକାଦାର, ଇଞ୍ଜିନିୟରଙ୍କଠାରୁ ଆଦାୟ କରାଯିବ। ପ୍ରତି ବର୍ଷ ଖାଲ ଏବଂ ମୁକୁଳା ଡ୍ରେନ ଯୋଗୁଁ ଅନେକ ଲୋକଙ୍କ ଜୀବନ ଯାଉଛି। ଏହା ଲଜ୍ଜାଜନକ। ଦୋଷ ଧାର୍ଯ୍ୟ ନ କଲେ ଏଭଳି ଘଟଣା ବନ୍ଦ ହେବନାହିଁ ବୋଲି କୋର୍ଟ କହିଛନ୍ତି।

## ଏସି ବସ୍‌ରେ ନିଆଁ; ୨୦ ଜୀବନ୍ତ ଦଗ୍ଧ




ଜୟପୁର, ୧୪।୧୦ (ଏଜେନ୍ସି): ରାଜସ୍ଥାନ ଜୈସାଲମେରର ଯୋଧପୁର ରାସ୍ତାରେ ମଙ୍ଗଳବାର ଅପରାହ୍ଣରେ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ଏଠାରେ ଏକ ଚଳନ୍ତା ଏସି ସ୍ଲିପର ବସ୍‌ରେ ନିଆଁ ଲାଗି ଯାଇଛି। ଏଥିରେ ୨୦ ଜଣ ଜୀବନ୍ତ ଦଗ୍ଧ ହୋଇଯାଇଥିବା ସୂଚନା ମିଳିଛି। ୧୬ରୁ ଅଧିକ ମଧ୍ୟ ଆହତ ହୋଇଛନ୍ତି। ସମସ୍ତଙ୍କୁ ଜୈସାଲମେରର ଜବାହାରି ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ସର୍ଟ ସର୍କିଟରୁ ଅଗ୍ନିକାଣ୍ଡ ଘଟିଥିଲା ବୋଲି କୁହାଯାଉଛି। ଏହା ଦେଖୁ ଦେଖୁ ସାରା ବସ୍‌କୁ କବଳିତ କରି ନେଇଥିଲା। ଲୋକଙ୍କୁ ଜୀବନ ବଞ୍ଚାଇବାକୁ ବି ସମୟ ମିଳି ନ ଥିଲା। ଜୀବନ ବିକଳରେ କିଛି ଲୋକ ଝରକା ଭାଙ୍ଗି ରାସ୍ତାକୁ ଡେଇଁ ପଡିଥିଲେ। ଏଥିରେ ୨ ଶିଶୁ, ୪ ମହିଳାଙ୍କ ସମେତ ୧୬ରୁ ଅଧିକ ଲୋକ ୭୦ ପ୍ରତିଶତରୁ ଅଧିକ ଜଳି ଯାଇଛନ୍ତି। ଏହି ବସ୍‌ରେ ମୋଟ ୫୭ ଜଣ ଯାତ୍ରୀ ଥିଲେ। ତେବେ ସିଟି କାଉନସିଲର ସହାୟକ ଦମକଳ ଅଧିକାରୀ କୃଷ୍ଣପାଲ ସିଂହ ରାଠୋର କହିଛନ୍ତି ଯେ ଦୁର୍ଘଟଣାରେ ୧୦-୧୨ ଜଣଙ୍କ ଜୀବନ ଯାଇଛି। ଜିଲ୍ଲାପାଳ ପ୍ରତାପ ସିଂହଙ୍କ ଅନୁଯାୟୀ, ବସ୍‌ଟି ସମ୍ପୂର୍ଣ୍ଣ ଜଳି ଯାଇଛି। ୧୬ ଆହତଙ୍କୁ ଯୋଧପୁର ହସ୍ପିଟାଲକୁ ପଠାଇ ଦିଆଯାଇଛି। ବସ୍‌ରେ ଅନ୍ୟ ଯାତ୍ରୀଙ୍କ ମୃତଦେହ ପଡି ରହିଛି।

ହରିୟାଣା ଆଇପିଏସ୍ ଆତ୍ମହତ୍ୟା ମାମଲା

## ଏଏସ୍‌ଆଇଙ୍କ ଆତ୍ମହତ୍ୟାରୁ ନୂଆ ମୋଡ଼

### ଦୁର୍ନୀତି ମାମଲାରେ ବଦନାମ ହେବାରୁ ଚରମ ନିଷ୍ପତ୍ତି ନେଇଥିଲେ ପୁରନ

ଚଣ୍ଡିଗଡ଼, ୧୪।୧୦ (ଏଜେନ୍ସି): ହରିୟାଣା ଆଇପିଏସ ୱାଇ ପୂରନଙ୍କ ଆତ୍ମହତ୍ୟାକୁ ନେଇ ରାଜ୍ୟ ରାଜ୍ୟନୀତି ଉତୁଛି ପଡୁଛି। ଆଇଏଏସ ପତ୍ନୀ ଅମନୀତ ପି କୁମାର ଜିଦ୍‌ରେ ଅଟଳ ରହିଥିବାରୁ ଏ ପର୍ଯ୍ୟନ୍ତ ତାଙ୍କ ମୃତଦେହ ବ୍ୟବଚ୍ଛେଦ ହୋଇପାରି ନାହିଁ। ସେ ଡିଜିପି ଶତ୍ରୁଜିତ କପୁରଙ୍କ ବହିଷ୍କାର ଦାବି କରୁଥିବାବେଳେ ସରକାର ତାଙ୍କୁ ଛୁଟିରେ ପଠାଇ ଦେଇଛନ୍ତି। ପୁରନଙ୍କ ମାମଲାର ତଦନ୍ତ ଚାଲିଥିବାବେଳେ ରାଜ୍ୟର ଆଉ ଜଣେ ପୁଲିସ ଅଧିକାରୀ ତଥା ଆସିଷ୍ଟାଣ୍ଟ ସବ୍-ଇନସପେକ୍ଟର (ଏଏସଆଇ) ସନ୍ଦୀପ କୁମାର ମଙ୍ଗଳବାର ନିଜକୁ ଗୁଳି ମାରି ଆତ୍ମହତ୍ୟା କରିଛନ୍ତି। ଲାଢୌତ ରୋଡରେ ଥିବା ତାଙ୍କ ମାମୁଁ ଘରୁ ସନ୍ଦୀପଙ୍କ ମୃତଦେହ ମିଳିଛି। ଏହା ପୁରନଙ୍କ ମାମଲାକୁ ନୂଆ ମୋଡ ଦେଇଛି। ସନ୍ଦୀପ ମୃତ୍ୟୁ ପୂର୍ବରୁ ଭିଡିଓ ରେକର୍ଡିଂ ଏବଂ ୪ ପୃଷ୍ଠାର ସୁଇସାଇଡ ନୋଟ୍ ଲେଖି ଯାଇଛନ୍ତି। ରୋହତକ ସାଇବର ସେଲ୍‌ରେ ମୁତୟନ ହୋଇଥିବା ଏହି ଏଏସଆଇ ସତ୍ୟ ପାଇଁ ଜୀବନ ଦେଇଥିବା ଉଲ୍ଲେଖ କରିଛନ୍ତି। ଦେଶର ଲୋକେ ବଳିଦାନ ପରେ ଚେତିଥାନ୍ତି। ତେଣୁ ଭଗତ ସିଂହଙ୍କ ପରି ଲୋକଙ୍କୁ ସତ କ'ଣ ଜଣାଇବା ପାଇଁ ବଳିଦାନ ଦେଉଥିବା ସନ୍ଦୀପ କହିଛନ୍ତି।



ପୂର୍ବତନ ଆଇଜି ପୁରନ ଏବଂ ତାଙ୍କ ଗନ୍‌ମ୍ୟାନ ସୁଶୀଲ କୁମାରଙ୍କ ବିରୋଧରେ ଏଏସଆଇ ଗୁରୁତର ଅଭିଯୋଗ ଲଗାଇଛନ୍ତି। ପୁରନ ଜଣେ ଦୁର୍ନୀତିଗ୍ରସ୍ତ ଅଧିକାରୀ ଥିଲେ। ରୋହତକ ରେଞ୍ଜରେ ମୁତୟନ ହେବା ପରେ ସେ ବ୍ୟବସ୍ଥାକୁ ହାଇଜ୍ୟାକ କରି ନେଇଥିଲେ। ଜାତିଗତ ଭେଦଭାବ ଆରମ୍ଭ କରିଦେଇଥିଲେ। ଜାତି ଦେଖି ଅଧିକାରୀଙ୍କୁ ହଟାଇ ଦେଉଥିଲେ।ସଦର ଥାନାର ଏକ ହତ୍ୟା ମାମଲା ପାଇଁ ସେ ୫୦ କୋଟି ଟଙ୍କାର ଡିଲ୍ କରିଥିଲେ। ସଚ୍ଚୋଟ ଅଧିକାରୀଙ୍କ ବଦଳରେ ପୁରନ ଦୁର୍ନୀତିଗ୍ରସ୍ତଙ୍କୁ ମୁତୟନ କରିଥିଲେ। ଏମାନେ ଫାଇଲକୁ ପକାଇ ରଖୁଥିଲେ। ମାନିସକ ଉତ୍ପୀଡ଼ନ ଦେଇ ଟଙ୍କା ମାଗୁଥିଲେ। ବଦଳି ଚାହୁଁଥିବା ମହିଳା ଅଧିକାରୀଙ୍କୁ ମଧ୍ୟ ଯୌନ ଉତ୍ପୀଡ଼ନ ଦିଆଯାଉଥିଲା। ଦୁର୍ନୀତି ମାମଲା ସାମ୍ନାକୁ ଆସିବା ପରେ ପୁରନଙ୍କୁ ବଦଳି କରାଯାଇଥିଲା। ଦୁର୍ନୀତି ମାମଲାରେ ଧରା ପଡ଼ିଯିବା ଭୟରେ ପୁରନ ଆତ୍ମହତ୍ୟା କରିଥିଲେ। ଏହା ଉଜାଗର ହୋଇଗଲେ ପାରିବାରିକ ରାଜନୀତି ଉପରେ ପ୍ରଭାବ ପଡିବ ବୋଲି ସେ ଭୟ କରି ଚରମ ନିଷ୍ପତ୍ତି ନେଇଥିଲେ। ଡିଜିପି ଜଣେ ସଚ୍ଚୋଟ ବ୍ୟକ୍ତି। ଡିଜିପି ଚାଲିଗଲେ ମଲେଇ ଖାଇବେ ବୋଲି ଆଇଏଏସ ଲବି ଭାବୁଛନ୍ତି। ଏମାନେ ଦେଶକୁ ନଷ୍ଟ କରୁଛନ୍ତି। ସାରା ରାଜ୍ୟରେ ଜାତିର ବିଷ ଓଗାଳି ସଚ୍ଚୋଟ, କର୍ମଠଙ୍କୁ ପ୍ରତାଡ଼ନା ଦେଉଛନ୍ତି। ସେଥିପାଇଁ ଅନ୍ତିମ ସଂସ୍କାର କରାଯାଉ ନାହିଁ।

ସନ୍ଦୀପଙ୍କ ଅନୁଯାୟୀ, ଦେଶ ଏବଂ ସମାଜ ପାଇଁ ଆଗକୁ ବଢ଼ିବା ବହୁତ ଜରୁରୀ। ଦୁର୍ନୀତିଗ୍ରସ୍ତ ଅଧିକାରୀ ଦୁର୍ନୀତି ବିରୋଧୀ ଲଢେଇକୁ ଦୁର୍ବଳ କରିବାକୁ ପ୍ରୟାସ କରୁଛନ୍ତି। କିନ୍ତୁ ଆମ ଶରୀରରେ ଦେଶଭକ୍ତି ଭରି ହୋଇ ରହିଛି ବୋଲି ଭୁଲି ଯାଇଛନ୍ତି। ମୋ ଭଳି ଶହେ ଜୀବନ ବାଜି ଲଗାଇ ଦେବୁ ପଛେ ଦେଶକୁ ନଇଁବାକୁ ଦେବୁନି। ସତ୍ୟର ହିଁ ବିଜୟ ହେବ। ଏହ ଲଢେଇ ପାଇଁ ମୁଁ ପ୍ରଥମ ଆହୂତି ଦେଉଛି। ଅନ୍ୟପକ୍ଷରେ ପୁରନ ମୃତ୍ୟୁ ପୂର୍ବରୁ ଅନେକ ଆଇଏଏସ, ଆଇପିଏସ ଅଧଇକାରୀଙ୍କ ସମେତ ଓକିଲଙ୍କ ସହ କଥା ହୋଇଥିଲେ ବୋଲି ଜଣାପଡ଼ିଛି।

### ସରକାର ତାମସା ବନ୍ଦ କରନ୍ତୁ:ରାହୁଲ

ହରିୟାଣାର ବରିଷ୍ଠ ଆଇପିଏସ ଅଧିକାରୀ ୱାଇ ପୁରନଙ୍କ ଆତ୍ମହତ୍ୟାକୁ ୭ ଦିନ ବିତିଗଲାଣି। ମାତ୍ର ଏ ପର୍ଯ୍ୟନ୍ତ ମୃତଦେହର ବ୍ୟବଚ୍ଛେଦ ହୋଇପାରି ନାହିଁ। ଏହି ଘଟଣାକୁ ନେଇ ଅଡୁଆ ବଢୁଥିବାବେଳେ ଛିଡ଼ିବାର ନା ଧରୁନି। ମଙ୍ଗଳବାର ସକାଳେ ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ପୀଡ଼ିତଙ୍କ ପରିବାରକୁ ସାକ୍ଷାତ କରିଛନ୍ତି। ଏହି ସମୟରେ ରାହୁଲ କହିଥିଲେ ଯେ ସରକାର ତାମସା ବନ୍ଦ କରନ୍ତୁ। ଆଇପିଏସଙ୍କ ପରିବାର ଉପରେ ଚାପ ପକାଯାଉଛି। ଏପରି ନ ହେବା ଉଚିତ। ସରକାରୀ ଅଧିକାରୀଙ୍କୁ ଗିରଫ କରାଯାଉ ଏବଂ ଦିବଂଗତକୁ ଅପମାନିତ କରା ନ ଯାଉ।

---

୧୦% କମିଶନ ଲାଗି ଗଲା ୨୫ ଶିଶୁଙ୍କ ଜୀବନ

## ୨.୫୬ ଟଙ୍କା ପାଇଁ ଡାକ୍ତର ଲେଖୁଥିଲେ କୋଲ୍‌ଡ୍ରିଫ

ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି): ଲୋକଙ୍କ ବିଶ୍ୱାସରେ ବିଷ ଦେଇ ଚାଲିଥିବା କମିଶନ ଖେଳର ପର୍ଦ୍ଦାଫାସ ହୋଇଛି। କୋଲ୍‌ଡ୍ରିଫ କଫ ସିରପକୁ ନେଇ ବିଚଳିତ କରିବା ଭଳି ମାମଲା ସାମ୍ନାକୁ ଆସିଛି। ଏଥିରେ ଦେଶରେ ମେଡିସିନ୍ ଲେଖିବା ପାଇଁ ଚାଲିଥିବା କମିଶନର କଟୁ ସତ୍ୟ ସାମନାକୁ ଆସିଛି। କିଛି ଟଙ୍କାର ଲୋଭ ପାଇଁ ଡାକ୍ତର ରୋଗୀଙ୍କ ଜୀବନ ସହ ଖେଳିଥିଲେ। ମାତ୍ର ୧୦ ପ୍ରତିଶତ କମିଶନ ପାଇଁ ଡାକ୍ତର ଶିଶୁଙ୍କୁ ଏହି ବିଷାକ୍ତ କୋଲ୍‌ଡ୍ରିଫ ସିରପ ଲେଖୁଥିଲେ। ଯେତିକି ଟଙ୍କା ଏହି କଫ ସିରପ ଲେଖିବା ପାଇଁ ଡାକ୍ତର ନେଉଥିଲେ ତାହାକୁ କେହି ସହଜରେ ବି ବିଶ୍ୱାସ କରିପାରିବେ ନାହିଁ। କେତେ ଟଙ୍କାରେ ଶିଶୁଙ୍କ ଜୀବନକୁ ବିକ୍ରି କରିଦିଆଗଲା ତାହା ବି କେହି କଳନା କରିପାରିବେନି। ଡାକ୍ତର ଲେଖିଥିବା କଫ ସରିପ ପିଇ ମଧ୍ୟପ୍ରଦେଶରେ ୨୫ ଶିଶୁ ପ୍ରାଣ ହରାଇ ଥିଲେ। ଗୋଟିଏ କଫ ସିରପ ପାଇଁ ଡାକ୍ତରଙ୍କୁ ୧୦ ପ୍ରତିଶତ ତଥା ମାତ୍ର ୨ଟଙ୍କା ୫୪ ପଇସା କମିଶନ ମିଳୁଥିଲା। ଏହି କଫ ସିରପ ବୋତଲ ମାତ୍ର ୨୪.୫୪ ଟଙ୍କାରେ ବିକ୍ରି ହେଉଥିଲା। ଏହାକୁ ଲେଖୁଥିବାରୁ ପ୍ରତ୍ୟେକ ବୋଟଲ ପିଛା ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସ ଡାକ୍ତରଙ୍କୁ ୨ଟଙ୍କା ୫୪ ପଇସା କମିଶନ ପ୍ରଦାନ କରୁଥିଲା।

ପୁଲିସ ଅଭିଯୋଗ କରିଛି ଯେ ପରାସିଆର ସରକାରୀ ସ୍ୱାସ୍ଥ୍ୟକେନ୍ଦ୍ରରେ ମୁତୟନ ଶିଶୁରୋଗ ଡାକ୍ତର ପ୍ରବୀଣ ସୋନି କ୍ରମାଗତ ଭାବେ କୋଲଡ୍ରିଫ ଲେଖିବା ଜାରି ରଖିଥିଲେ। କେନ୍ଦ୍ର ପକ୍ଷରୁ ଫିକ୍ସଡ-ଡୋଜ କମ୍ବିନେସନ (ଏଫଡିସି) ନିଷିଦ୍ଧ କରାଯାଇଥିବାବେଳେ ସେ ଘରୋଇ ଭାବେ ରୋଗୀ ଦେଖୁଥିବାବେଳେ ଏହାକୁ ଲେଖୁଥିଲେ। ଏହା ପିଇ ଶିଶୁଙ୍କ ଜୀବନ ଯାଉଥିବା ଜାଣିବି ସୋନି ଏପରି କରୁଥିଲେ। ତାମିଲନାଡୁର ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସ ଦ୍ୱାରା ପ୍ରସ୍ତୁତ କୋଲଡ୍ରିଫରେ ଡାଇଏଥିଲିନ ଗ୍ଲାଇକଲ (ଡିଇଜି) ମାତ୍ରା ଧାର୍ଯ୍ୟ ସୀମାଠାରୁ ୫୦୦ ଗୁଣ ଅଧିକ ଥିଲା। ଏହା ଶିଶୁଙ୍କ କିଡ୍‌ନୀ (ବୃକକ) ଉପରେ ପ୍ରଭାବ ପକାଉ ଥିଲା। ଫଳରେ ଶିଶୁଙ୍କ ଜୀବନ ଯାଇଥିଲା।

### ଭାରତର ତିନି କଫ ସିରପ ବିରୋଧରେ 'ହୁ'ରେ ଚେତାବନୀ
### କୋଲଡ୍ରିଫ, ରେସ୍ପିଫ୍ରେସ ଟିଆର, ରିଲାଇଫ ସାମିଲ



ଏବେ ଡ. ସୋନି ଏବଂ ଶ୍ରୀସେନର ମାଲିକ ରଙ୍ଗନାଥନ ପୁଲିସ ହେପାଜତରେ ଅଛନ୍ତି। ତାମିଲନାଡୁ ସରକାର ଏହି କମ୍ପାନୀକୁ ବନ୍ଦ କରିଦେଇଛନ୍ତି। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) କମ୍ପାନୀର ବିଭିନ୍ନ ଠିକଣାରେ ଚଢ଼ଉ କରିଛି। ଅନ୍ୟପକ୍ଷରେ ଭାରତର ତିନି ଅପମିଶ୍ରିତ କଫ ସିରପକୁ ନେଇ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ (ହୁ) ସୋମବାର ଚେତାବନୀ ଜାରି କରିଛି। ଏଥିରେ ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସର କୋଲଡ୍ରିଫ, ରେଡନେକ୍ସ ଫାର୍ମାସ୍ୟୁଟିକାଲ୍ସର ରେସ୍ପିଫ୍ରେଶ ଟିଆର ଏବଂ ସେପ ଫାର୍ମାର ରିଲାଇଫ ସାମିଲ ରହିଛି।'ହୁ' ପକ୍ଷରୁ କୁହାଯାଇଛି ଯେ ଏହି ତିନୋଟି କଫ ସିରପ ଗମ୍ଭୀର ବିପଦ ସୃଷ୍ଟି କରିପାରେ। ଏହା ଜୀବନ ପାଇଁ ବିପଦ ସୃଷ୍ଟି କରୁଥିବା ରୋଗର କାରଣ ପାଲଟି ପାରେ। ଯଦି ଏହି ଔଷଧ ମିଳୁଛି ତେବେ ଏହାର ସୂଚନା ଦେବା ପାଇଁ 'ହୁ' ସବୁ ଦେଶଙ୍କୁ କହିଛି।

ଅକ୍ଟୋବର ୯ରେ ଏହି ସିରପକୁ ନେଇ 'ହୁ' ଭାରତକୁ ଜବାବ ମାଗିଥିଲା। କୌଣସି ଦେଶକୁ ଏହା ପଠା ଯାଇଛି କି ନାହିଁ ତାହାର ଉତ୍ତର ମାଗିଥିଲା। ଭାରତରେ ଔଷଧ ଉପରେ ନଜର ରଖୁଥିବା ସିଡିଏସସିଓ ପକ୍ଷରୁ ଏ ନେଇ କୁହାଯାଇଥିଲା ଯେ କୌଣସି ଅପମିଶ୍ରିତ ଔଷଧ ବାହାରକୁ ପଠାଯାଇ ନାହିଁ।

ବାଂଲାଦେଶ, ନେପାଳ ପରେ ମାଡାଗାସ୍କର

## କ୍ଷମତା ବଦଳାଇଦେଲେ ଜେନ୍-ଜେଡ୍

ଅଣ୍ଟାନାନରିଭୋ, ୧୪।୧୦ (ଏଜେନ୍ସି): ପୁଣି ଜେନ୍-ଜେଡ୍ ଗୋଷ୍ଠୀ ଏକ ଦେଶରେ ରାଜନୈତିକ ପରିବର୍ତ୍ତନ ଆଣିଛନ୍ତି। ଚଳିତ ଥର ଏହି ଆନ୍ଦୋଳନ ଏସିଆରୁ ଆଫ୍ରିକାକୁ ବ୍ୟାପି ଯାଇଛି। ଶ୍ରୀଲଙ୍କା, ବାଂଲାଦେଶ, ନେପାଳ ପରେ ଏବେ ମାଡାଗାସ୍କରରେ ଜେନ୍-ଜେଡ୍ ଏକତା ପ୍ରଦର୍ଶନ କରି ସରକାରଙ୍କୁ ଗାଦିଚ୍ୟୁତ କରିଛନ୍ତି। ଜଳାଭାବରୁ ଆରମ୍ଭ ହୋଇଥିବା ଏହି ବିକ୍ଷୋଭ ପ୍ରଦର୍ଶନ ରାଷ୍ଟ୍ରପତି ଏଣ୍ଡ୍ରି ରାଜୋଏଲିନା ଦେଶା ଛାଡ଼ି ଫେରାର ହେବା ପରେ ଶାନ୍ତ ହୋଇଛି। ବିକ୍ଷୋଭକାରୀଙ୍କୁ ସେନାର ସମର୍ଥନ ମିଳିବା ପରେ ରାଷ୍ଟ୍ରପତି ଦେଶ ଛାଡ଼ି ପଳାଇଥିବା ବିରୋଧୀ ଦଳ ନେତା ସିଟେନି ରନ୍ଦ୍ରିୟାନା ସୋଲୋନିକୋ କହିଛନ୍ତି। ରାଷ୍ଟ୍ରପତି ସେନା ବିମାନରେ ଫ୍ରାନ୍ସ ପଳାଇ ଯାଇଥିବା ସୂଚନା ମିଳିଛି। ଏହା ପୂର୍ବରୁ ସୋମବାର ରାତିରେ ରାଷ୍ଟ୍ରପତି ସମ୍ବୋଧନ କରିବେ ବୋଲି ତାଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଥିଲା।

## ଭାରତକୁ ପ୍ରଶଂସା କଲେ ଟ୍ରମ୍ପ

କାଇରୋ, ୧୪।୧୦ (ଏଜେନ୍ସି): ଏବେ ଭାରତ ଏବଂ ପାକିସ୍ତାନ ମିଳିମିଶି ରହିବେ ବୋଲି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି। ଗାଜା ଶାନ୍ତି ସମ୍ମିଳନୀରେ ଏହା କହିବା ସମୟରେ ପଛରେ ଛିଡ଼ା ହୋଇଥିବା ପାକିସ୍ତାନ ପ୍ରଧାନମନ୍ତ୍ରୀ ଶାହବାଜ ସରିଫଙ୍କୁ ଟ୍ରମ୍ପ ଦେଖିଥିଲେ। ଏଭଳି ହେବ କି ନାହିଁ ବୋଲି ତାଙ୍କୁ ପଚାରି ଥିଲେ। ହଠାତ ଏହା ଶୁଣି ଶାହବାଜ ଅସହଜ ହୋଇ ସ୍ମିତହାସ୍ୟ ଦେଇଥିଲେ। ମାତ୍ର ଅନ୍ୟ ନେତାମାନେ ହସିବାରେ ଲାଗିଥିଲେ। ଏହା ବ୍ୟତୀତ ଟ୍ରମ୍ପ ଭାରତକୁ ଖୁବ୍ ପ୍ରଶଂସା କରିଥିଲେ। ସେ କହିଥିଲେ ଯେ ଭାରତ ଏକ ମହାନ ଦେଶ। ଏହାର ଶୀର୍ଷ ନେତା ମୋର ଉତ୍ତମ ଭଲ ବନ୍ଧୁ। ସେ ବହୁତ ଭଲ କାମ କରୁଛନ୍ତି। ଅନ୍ୟପକ୍ଷରେ 'ଅପରେସନ ସିନ୍ଦୂର' ସମୟରେ ପାକିସ୍ତାନ ଶହେରୁ ଊର୍ଦ୍ଧ୍ୱ ଅଧିକାରୀଙ୍କୁ ହରାଇ ଥିଲା ବୋଲି ଭାରତର ଲେଫ୍ଟନାଣ୍ଟ ଜେନେରାଲ ରାଜୀବ ଘାଇ କହିଛନ୍ତି।

## ଦ୍ୱିତୀୟ ଟେଷ୍ଟରେ ୱେଷ୍ଟଇଣ୍ଡିଜ ୭ ୱିକେଟ୍‌ରେ ପରାସ୍ତ

# ଭାରତର କ୍ରମାଗତ ୧୦ମ ଟେଷ୍ଟ ସିରିଜ୍ ବିଜୟ




ନୂଆଦିଲ୍ଲୀ, ୧୪ ।୧୦ (ଏଜେନ୍ସି): ସ୍ଥାନୀୟ ଅରୁଣ ଜେଟଲୀ ଷ୍ଟାଡିୟମରେ ଭ୍ରମଣକାରୀ ୱେଷ୍ଟଇଣ୍ଡିଜ ବିପକ୍ଷରେ ଚାଲିଥିବା ଅନ୍ତିମ ତଥା ୨ୟ ଟେଷ୍ଟକୁ ଭାରତ ୭ ୱିକେଟ୍‌ରେ ସହଜରେ ଜିତିନେଇଛି। ପୂର୍ବରୁ ପ୍ରଥମ ମ୍ୟାଚକୁ ଏକ ଇନିଂସ ଓ ୧୪୦ ରନରେ ଜିତିଥିବା ଘରୋଇ ଭାରତ ଏଥିସହ ଟେଷ୍ଟ ସିରିଜକୁ ୨-୦ରେ କ୍ଲିନସୁଇପ୍ କରିନେଇଛି। ୱେଷ୍ଟଇଣ୍ଡିଜ ବିପକ୍ଷରେ ଭାରତର ଏହା କ୍ରମାଗତ ୧୦ମ ଟେଷ୍ଟ ସିରିଜ ବିଜୟ ହୋଇଛି। ୨୦୦୨ରୁ ଏହି ଦୁଇ ଦଳ ମଧ୍ୟରେ ଖେଳାଯାଇଥିବା ସମସ୍ତ ଟେଷ୍ଟ ସିରିଜକୁ ଭାରତ ଜିତିଛି। ଏଥିସହ ଗୋଟିଏ ଦେଶ ବିପକ୍ଷରେ କ୍ରମାଗତ ଭାବେ ସର୍ବାଧିକ ଟେଷ୍ଟ ସିରିଜ ଜିତିବାରେ ଦକ୍ଷିଣ ଆଫ୍ରିକା ସହ ଭାରତ ସମକକ୍ଷ ହୋଇଛି। ଦକ୍ଷିଣ ଆଫ୍ରିକା ଦଳ ୧୯୯୮ରୁ ୨୦୨୪ ମଧ୍ୟରେ ୱେଷ୍ଟଇଣ୍ଡିଜ ସହ ଖେଳାଯାଇଥିବା ସମସ୍ତ ୧୦ଟି ସିରିଜ ଜିତିଥିଲା।

ଦ୍ୱିତୀୟ ଟେଷ୍ଟରେ ୱେଷ୍ଟଇଣ୍ଡିଜ ପକ୍ଷରୁ ଧାର୍ଯ୍ୟ ୧୨୧ ରନର ଛୋଟିଆ ଲକ୍ଷ୍ୟକୁ ପିଛା କରିଥିବା ଭାରତ ସୋମବାର ଚତୁର୍ଥ ଦିବସ ଷ୍ଟମ୍ପ ସୁଦ୍ଧା ଗୋଟିଏ ୱିକେଟ୍ ହରାଇ ୬୩ ରନ ସଂଗ୍ରହ କରିଥିଲା। ମଙ୍ଗଳବାର ମ୍ୟାଚର ଅନ୍ତିମ ତଥା ୫ମ ଦିବସରେ ଭାରତ ବିଜୟ ଲାଗି ଆବଶ୍ୟକ ଥିବା ୫୮ ରନ ଲାଗି ଆଉ ୨ଟି ୱିକେଟ ହରାଇଥିଲା। ଲୋକେଶ ରାହୁଲ ୫୮ ଓ ଧ୍ରୁବ ଜୁରେଲ ୬ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିବା ସହ ଦଳକୁ ବିଜୟୀ କରାଇଥିଲେ। ପୂର୍ବରାତିରୁ ଅପରାଜିତ ରହିଥିବା ସାଇ ସୁଦର୍ଶନ ୩୯ ରନରେ ଆଉଟ୍ ହୋଇଥିଲେ। ସେହିଭଳି ଅଧିନାୟକ ଶୁବମନ ଗିଲ୍ ମଧ୍ୟ ୧୩ ରନ କରି ପ୍ରତିପକ୍ଷ ଅଧିନାୟକ ରୋଷ୍ଟନ ଚେଜଙ୍କ ଶିକାର ହୋଇଥିଲେ। ୱେଷ୍ଟଇଣ୍ଡିଜ ପାଇଁ ଚେଜ୍ ୨ଟି ଓ ଜାମେଲ ୱାରିକାନ ଗୋଟିଏ ୱିକେଟ୍ ପାଇଥିଲେ। ପୂର୍ବରୁ ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଭାରତ ଯଶସ୍ୱୀ ଜୟସ୍ୱାଲ (୧୭୫) ଓ ଶୁବମନ (୧୨୯)ଙ୍କ ଶତକ ବଳରେ ୫ ୱିକେଟରେ ୫୧୮ ରନ କରି ପ୍ରଥମ ଇନିଂସ ଘୋଷଣା କରିଥିଲା। ଜବାବରେ ୱେଷ୍ଟଇଣ୍ଡିଜ ପ୍ରଥମ ପାଳିରେ ୨୪୮ ରନରେ ସୀମିତ ରହି ଫଲୋଅନ ହୋଇଥିଲା। ଫଲୋଅନ ପରେ ୱେଷ୍ଟଇଣ୍ଡିଜ ଦ୍ୱିତୀୟ ପାଳିରେ ଜନ୍ କ୍ୟାମ୍ପବେଲ୍ (୧୧୫) ଓ ସାଇ ହୋପ୍ (୧୦୩)ଙ୍କ ଶତକ ସହାୟତାରେ ୩୯୦ ରନର ସମ୍ମାନଜନକ ସ୍କୋର କରିଥିଲା। ଏଠାରେ ମୋଟ୍ ୮ଟି ୱିକେଟ୍ ନେଇଥିବା କୁଲଦୀପ୍ ଯାଦବ ମ୍ୟାଚର ଏବଂ ୮ ୱିକେଟ୍ ସହ ୧୦୪ ରନ କରିଥିବା ରବୀନ୍ଦ୍ର ଜାଡେଜା ସିରିଜର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ଜାଡେଜା ତାଙ୍କ ଟେଷ୍ଟ କ୍ୟାରିୟରରେ ୩ୟଥର ଲାଗି ସିରିଜର ଶ୍ରେଷ୍ଠ ଖେଳାଳି ପୁରସ୍କାର ହାସଲ କରିଛନ୍ତି। ଏଥିପୂର୍ବରୁ ସେ ୨୦୧୭ ଓ ୨୦୨୩ରେ ଅଷ୍ଟ୍ରେଲିଆ ବିପକ୍ଷ ଟେଷ୍ଟ ସିରିଜରେ ଶ୍ରେଷ୍ଠ ଖେଳାଳି ହୋଇଥିଲେ।

### ୧୯ରୁ ଅଷ୍ଟ୍ରେଲିଆ ବିପକ୍ଷ ସିରିଜ ଆରମ୍ଭ

ୱେଷ୍ଟଇଣ୍ଡିଜ ବିପକ୍ଷ ଟେଷ୍ଟ ସିରିଜକୁ ୨-୦ରେ କ୍ଲିନସୁଇପ୍ କରିବା ପରେ ଭାରତୀୟ ଦଳ ଏବେ ଅଷ୍ଟ୍ରେଲିଆ ଗସ୍ତ କରିବ। ଘରୋଇ ଅଷ୍ଟ୍ରେଲିଆ ବିପକ୍ଷରେ ଭାରତ ଆସନ୍ତା ସପ୍ତାହରୁ ସୀମିତ ଓଭର ସିରିଜ ଖେଳିବ। ଅକ୍ଟୋବର ୧୯ରୁ ଦୁଇ ଦଳ ମଧ୍ୟରେ ୩ ମ୍ୟାଚ୍‌ବିଶିଷ୍ଟ ଦିନିକିଆ ସିରିଜ ଖେଳାଯିବ। ଏହାପରେ ପାଞ୍ଚମ୍ୟାଚ୍‌ବିଶିଷ୍ଟ ଟି-୨୦ ସିରିଜ ଅକ୍ଟୋବର ୨୯ରୁ କାନବେରାରୁ ଆରମ୍ଭ ହେବ।

**ଗୋଟିଏ ଦଳ ବିପକ୍ଷରେ କ୍ରମାଗତ ଟେଷ୍ଟ ସିରିଜ ବିଜୟ**

| ଦଳ | ସିରିଜ | ପ୍ରତିପକ୍ଷ | ସମୟ |
|---|---|---|---|
| ଭାରତ | ୧୦ | ୱେଷ୍ଟଇଣ୍ଡିଜ | ୨୦୦୨-୨୫ |
| ଦ.ଆଫ୍ରିକା | ୧୦ | ୱେଷ୍ଟଇଣ୍ଡିଜ | ୧୯୯୮-୨୪ |
| ଅଷ୍ଟ୍ରେଲିଆ | ୯ | ୱେଷ୍ଟଇଣ୍ଡିଜ | ୨୦୦୦-୨୨ |
| ଅଷ୍ଟ୍ରେଲିଆ | ୮ | ଇଂଲଣ୍ଡ | ୧୯୮୯-୨୦୦୩ |
| ଶ୍ରୀଲଙ୍କା | ୮ | ଜିମ୍ବାୱେ | ୧୯୯୬-୨୦ |

**ଭାରତ ମାଟିରେ କ୍ରମାଗତ ଟେଷ୍ଟ ମ୍ୟାଚ୍ ପରାଜୟ**

| ମ୍ୟାଚ୍ | ଦଳ | ସମୟ |
|---|---|---|
| ୭ | ଅଷ୍ଟ୍ରେଲିଆ | ୨୦୦୮-୧୩ |
| ୬ | ଶ୍ରୀଲଙ୍କା | ୧୯୮୬-୯୪ |
| ୬ | ନ୍ୟୁଜିଲାଣ୍ଡ | ୨୦୧୦-୧୬ |
| ୬ | ୱେଷ୍ଟଇଣ୍ଡିଜ | ୨୦୧୩-୨୫ |

**ଟେଷ୍ଟରେ ଗୋଟିଏ ଦଳ ବିପକ୍ଷରେ ସର୍ବାଧିକ ଅପରାଜେୟ ଧାରା**

| ଦଳ | ମ୍ୟାଚ୍ | ପ୍ରତିପକ୍ଷ | ସମୟ |
|---|---|---|---|
| ଇଂଲଣ୍ଡ | ୪୭ | ନ୍ୟୁଜିଲାଣ୍ଡ | ୧୯୩୦-୭୫ |
| ଇଂଲଣ୍ଡ | ୩୦ | ପାକିସ୍ତାନ | ୧୯୬୧-୮୨ |
| ୱେଷ୍ଟଇଣ୍ଡିଜ | ୨୯ | ଇଂଲଣ୍ଡ | ୧୯୭୬-୮୮ |
| ଭାରତ | ୨୭ | ୱେଷ୍ଟଇଣ୍ଡିଜ | ୨୦୦୨-୨୫ |
| ଅଷ୍ଟ୍ରେଲିଆ | ୨୪ | ଦ.ଆଫ୍ରିକା | ୧୯୧୧-୫୨ |
| ୱେଷ୍ଟଇଣ୍ଡିଜ | ୨୪ | ଭାରତ | ୧୯୪୮-୭୧ |

## ଜାତୀୟସ୍ତରରେ ଅଞ୍ଚଳ ମହାବିଦ୍ୟାଳୟ ଛାତ୍ରୀ ଜିତିଲେ ୩ ପଦକ



ଭୁବନେଶ୍ୱର, ୧୪ ।୧୦ (ସମିସ): ଦୁଇ ଦୁଇଟି ଜାତୀୟସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତାରେ ଓଡ଼ିଶା ପକ୍ଷରୁ ପ୍ରତିନିଧିତ୍ୱ କରି ଅଞ୍ଚଳ ମହାବିଦ୍ୟାଳୟର ଛାତ୍ରୀମାନେ ୩ଟି ପଦକ ବିଜୟୀ ହୋଇଛନ୍ତି। ଭୁବନେଶ୍ୱରର କଳିଙ୍ଗ ଷ୍ଟାଡିୟମରେ ଶେଷ ହୋଇଥିବା ୧୮ତମ ସିନିଅର ଜାତୀୟ ଗେଟବଲ୍ ଚାମ୍ପିଅନସିପ୍‌ରେ ମହାବିଦ୍ୟାଳୟର ଛାତ୍ରୀ ନମ୍ରତା କର୍ଣାଲ ସ୍ୱର୍ଣ୍ଣ ବିଜୟୀ ଓଡ଼ିଶା ମହିଳା ଦଳର ସଦସ୍ୟା ରହିଥିଲେ। ସେହିଭଳି ନମ୍ରତା ବ୍ୟକ୍ତିଗତ ଭାବେ ମଧ୍ୟ ରୌପ୍ୟ ପଦକ ସଫଳତା ପାଇଥିଲେ। ସେହିଭଳି ମଧ୍ୟପ୍ରଦେଶର ଭୋପାଳରେ ଅନୁଷ୍ଠିତ ୩୪ତମ ସର୍ବଭାରତୀୟ ଜିଭି ମାଭାଲାଙ୍କର ସୁଟିଂ ଚାମ୍ପିଅନସିପ୍‌ରେ ରଶ୍ମୀ ବାଗ ରୌପ୍ୟ ପଦକ ଜିତିଛନ୍ତି। ସେ କନିଷ୍ଠ ମହିଳା ୫୦ ମିଟର ସୁଟିଂ ଇଭେଣ୍ଟରେ ଦ୍ୱିତୀୟ ହୋଇଥିଲେ। ଉଭୟ ନମ୍ରତା ଓ ରଶ୍ମୀ ବର୍ତ୍ତମାନ ଅଞ୍ଚଳ ମହାବିଦ୍ୟାଳୟରେ ଯଥାକ୍ରମେ ସ୍ନାତକ ଶିକ୍ଷା ବିଭାଗର ପ୍ରଥମ ବର୍ଷ ଓ ସ୍ନାତକ ଇତିହାସ ବିଭାଗର ଅନ୍ତିମ ବର୍ଷର ଛାତ୍ରୀ। ଏହି ସଫଳତା ଲାଗି ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରଫେସର ଖଗେଶ୍ୱର ଦାଶ, କ୍ରୀଡ଼ା ସଂସଦର ଉପ-ସଭାପତି ଅଧ୍ୟାପକ ଷଡ଼ାନନ ଭୋଇ, ଖେଳ ଶିକ୍ଷକ ସଦାନନ୍ଦ ସାହୁ ଓ ସମସ୍ତ ପ୍ରାଧ୍ୟାପକ ଓ ପ୍ରାଧ୍ୟାପିକା ଦୁଇ ଛାତ୍ରୀଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ଆଇସିସି ମହିଳା ବିଶ୍ୱକପ୍‌ରେ ବର୍ଷା ବାଧକ ଶ୍ରୀଲଙ୍କା-ନ୍ୟୁଜିଲାଣ୍ଡକୁ ୧-୧ ପଏଣ୍ଟ

କଲମ୍ବୋ, ୧୪ ।୧୦ (ଏଜେନ୍ସି): ମଙ୍ଗଳବାର ଘରୋଇ ଶ୍ରୀଲଙ୍କା ଓ ନ୍ୟୁଜିଲାଣ୍ଡ ମଧ୍ୟରେ ଖେଳାଯାଇଥିବା ମହିଳା ଦିନିକିଆ ବିଶ୍ୱକପ୍‌ର ଏକ ମ୍ୟାଚ ବର୍ଷା ଲାଗି ବାତିଲ ହୋଇଛି। ଫଳରେ ଉଭୟ ଦଳ ୧ ପଏଣ୍ଟ ଲେଖାଏ ପାଇଛନ୍ତି। ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ଶ୍ରୀଲଙ୍କା ୫୦ ଓଭରରେ ୬ ୱିକେଟ ହରାଇ ୨୫୮ ରନ ସଂଗ୍ରହ କରିଛି। ଦଳ ପକ୍ଷରୁ ଅଧିନାୟିକା ଚାମିରା ଆଟାପାଟ୍ଟୁ ୫୩ ଓ ନୀଳାକ୍ଷୀ ଡି ସିଲଭା ୨୮ ବଲରେ ଅପରାଜିତ ୫୫ ରନର ପାଳି ଖେଳିଥିଲେ। ନ୍ୟୁଜିଲାଣ୍ଡର ଅଧିନାୟିକା ସୋଫି ଡିଭାଇନଙ୍କୁ ୩ଟି ୱିକେଟ୍ ମିଳିଥିଲା। ଏହାପରେ ବର୍ଷା ଲାଗି ରହିବାରୁ ନ୍ୟୁଜିଲାଣ୍ଡ ଇନିଂସ ଆରମ୍ଭ ହୋଇପାରି ନ ଥିଲା। ବୁଧବାର ଇଂଲଣ୍ଡ ଓ ପାକିସ୍ତାନ ମଧ୍ୟରେ ମ୍ୟାଚ୍ ଖେଳାଯିବ।

## ସୁଲତାନ ଜୋହର କପ୍‌ରେ ହାତ ମିଳାଇଲେ ଭାରତ-ପାକିସ୍ତାନ ଖେଳାଳି

ଜୋହର ବହରୁ, ୧୪ ।୧୦ (ଏଜେନ୍ସି): ମାଲେସିଆରେ ଚାଲିଥିବା ସୁଲତାନ ଜୋହର କପ୍ ଜୁନିଅର (୨୧ ବର୍ଷରୁ କମ୍) ବାଳକ ହକି ଟୁର୍ଣ୍ଣାମେଣ୍ଟରେ ମଙ୍ଗଳବାର ଦୁଇ ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଭାରତ ଓ ପାକିସ୍ତାନ ମଧ୍ୟରେ ଅନୁଷ୍ଠିତ ମ୍ୟାଚ୍ ଡ୍ର ରହିଛି। ନିର୍ଦ୍ଧାରିତ ୬୦ ମିନିଟ୍ ସମୟ ମଧ୍ୟରେ ଦୁଇ ଦଳ ୩ଟି ଲେଖାଏ ଗୋଲ୍ ସ୍କୋର କରିଥିଲେ। ଫଳରେ ମ୍ୟାଚ୍ ୩-୩ରେ ସମାପ୍ତ ହୋଇଥିଲା। ଭାରତ ପକ୍ଷରୁ ଅରଜିତ୍ ସିଂ ହୁଣ୍ଡାଲ, ସୌରଭ ଆନନ୍ଦ ଓ ମନମିତ୍ ସିଂହ ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ। ଫଳରେ ଦୁଇ ଦଳ ଗୋଟିଏ ଲେଖାଏ ପଏଣ୍ଟ ଅର୍ଜନ କରିଛନ୍ତି। ଭାରତ ୩ଟି ମ୍ୟାଚରୁ ୭ ପଏଣ୍ଟ ପାଇ ଦ୍ୱିତୀୟ ସ୍ଥାନରେ ରହିଛି। ଏହି ମ୍ୟାଚରେ ଭାରତ ଓ ପାକିସ୍ତାନ ଖେଳାଳି ପରସ୍ପର ହାତ ମିଳାଇବା ଘଟଣା ସବୁଠୁ ଚର୍ଚ୍ଚାର ବିଷୟ ରହିଥିଲା। ଅପରେସନ ସିନ୍ଦୁର ପରେ ଗତ ଏସିଆ କପ୍‌ରେ ଭାରତ ଓ ପାକିସ୍ତାନ ଖେଳାଳି ପରସ୍ପର ହାତ ମିଶାଇ ନ ଥିଲେ। ଯାହାକୁ ନେଇ ବଡ଼ ବିବାଦ ଦେଖାଦେଇଥିଲା।

## ବାରବାଟୀରେ ଓଡ଼ିଶାର 'ବରୋଦା' ପରୀକ୍ଷା



କଟକ,୧୪।୧୦(ସମିସ): ୫ଥର ରଣଜୀ ଟ୍ରଫି ବିଜେତା ବରୋଦା ବିପକ୍ଷ ମ୍ୟାଚ୍‌ରୁ ଚଳିତ ରଣଜୀ ଟ୍ରଫି ଅଭିଯାନ ଆରମ୍ଭ କରିବ ଓଡ଼ିଶା। ବାରବାଟୀ ଷ୍ଟାଡିୟମର ଘରୋଇ ପରିବେଶରେ ବୁଧବାରଠାରୁ ମ୍ୟାଚ୍ ଖେଳାଯିବ। ବିଗତ ୧୩ ବର୍ଷରେ ଉଭୟ ଦଳ ୫ଥର ମୁହାଁମୁହିଁ ହୋଇଥିବାବେଳେ ବରୋଦା ଅପରାଜେୟ ରହିଛି। ପୁଣିଥରେ ରାଜ୍ୟ ଦଳର ମଙ୍ଗ ଧରିଥିବା ଶୁଭ୍ରାଂଶୁ ଶେଖର ସେନାପତି ଏହି ଧାରା ଭାଙ୍ଗିବା ଲକ୍ଷ୍ୟରେ ରହିଛନ୍ତି। ବାରବାଟୀର ନାଲିମାଟି ପିଚ୍‌ରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନେବାକୁ କ୍ରିକେଟ ସମୀକ୍ଷକଙ୍କ ଭିତରେ ଆଲୋଚନା ହେଉଛି। ଅନ୍ୟପକ୍ଷରେ ଦଳରେ ତିନି ନବାଗତ ସ୍ଥାନ ପାଇଥିବାବେଳେ ଗୌରବ ଚୌଧୁରୀ ବୁଧବାର ପଦାର୍ପଣ କରିବା ନେଇ ଆଶା ରହିଛି।

ଭାରତୀୟ ଘରୋଇ କ୍ରିକେଟର ସିଜନ୍ ଚଳିତଥର ରଣଜୀ ଟ୍ରଫିରୁ ଆରମ୍ଭ ହେଉଛି। ବାରବାଟୀ ଷ୍ଟାଡିୟମରେ ଶକ୍ତିଶାଳୀ ବରୋଦାକୁ ପ୍ରଥମ ମୁକାବିଲାରେ ଓଡ଼ିଶା ଭେଟିବ। ୨୦୧୨ରୁ ଇତି ମଧ୍ୟରେ ଏହି ଦୁଇ ଦଳ ଭିତରେ ଖେଳାଯାଇଥିବା ୫ଟି ମ୍ୟାଚରୁ ୩ଟି ମ୍ୟାଚ୍‌ରେ ବରୋଦାକୁ ସହଜ ବିଜୟ ମିଳିଥିବା ବେଳେ ୨ଟି ମ୍ୟାଚ୍ ଡ୍ର ରହିଛି। ଏପରିକି ଗତ ସଂସ୍କରଣରେ ବରୋଦାକୁ ଇନିଂସ୍ ବିଜୟ ମିଳିଥିଲା। ୨୯ ବର୍ଷୀୟ ଅତିତ ସେଠ୍ ଚଳିତଥର ବରୋଦା ଦଳର ନେତୃତ୍ୱ ନେଉଛନ୍ତି। ଉପଅଧିନାୟକ ଭାର୍ଗବ ଭଟ୍ଟ, ଜ୍ୟୋସ୍ନିଲ ସିଂହ,ମହେଶ ପିଠିଆ, ବିଷ୍ଣୁ ସୋଲାଙ୍କି, ଲୁକମାନ ମେରିୱାଲା ଭଳି ଚର୍ଚ୍ଚିତ ଖେଳାଳି ଦଳରେ ରହିଛନ୍ତି। ତେବେ ବାରାବାଟୀରେ ବରୋଦାକୁ ଚ୍ୟାଲେଞ୍ଜ ଦେବା ପାଇଁ ପ୍ରସ୍ତୁତ ଅଛୁ ବୋଲି ଓଡ଼ିଶା ଅଧିନାୟକ ଶୁଭ୍ରାଂଶୁ କହିଛନ୍ତି। ବିଶେଷ ସୂତ୍ରରୁ ମିଳିଥିବା ସୂଚନା ମୁତାବକ, ଉପଅଧିନାୟକ ସ୍ୱସ୍ତିକ ସାମଲଙ୍କ ସହ ନବାଗତ ଗୌରବ ଚୌଧୁରୀ ଓପନିଂ ସମ୍ଭାଳିପାରନ୍ତି। ଏକଦିବଦସୀୟ ଏବଂ ଟି-୨୦ ଫର୍ମାଟରେ ରାଜ୍ୟ ପକ୍ଷରୁ ପ୍ରତିନିଧିତ୍ୱ କରି ସାରିଥିବା ଗୌରବ ରଣଜୀ ଟ୍ରଫିରେ ପଦାର୍ପଣ କରି ପାରନ୍ତି। ଏହାଛଡ଼ା ନବାଗତ ବାଦଲ ବିଶ୍ୱାଳଙ୍କୁ ମଧ୍ୟ ଚୂଡାନ୍ତ ଏକାଦଶରେ ସ୍ଥାନ ମିଳିପାରେ ବୋଲି କୁହାଯାଉଛି।

## ଏସୀୟ ଟିଟି: ଭାରତୀୟ ପୁରୁଷ ୬ଷ୍ଠ, ମହିଳା ୮ମ

ଭୁବନେଶ୍ୱର, ୧୪ ।୧୦ (ସମିସ): କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ଏସିଆନ୍ ଟେବଲ ଟେନିସ ଚାମ୍ପିଅନସିପ୍‌ରେ ପଦକ ଦୌଡ଼ରୁ ବାଦ୍ ପଡ଼ିସାରିଥିବା ଘରୋଇ ଭାରତୀୟ ପୁରୁଷ ୬ଷ୍ଠ ଓ ମହିଳା ଦଳ ୮ମ ସ୍ଥାନରେ ରହି ଅଭିଯାନ ଶେଷ କରିଛି। ମଙ୍ଗଳବାର କ୍ଲାସିଫିକେଶନ ମ୍ୟାଚରେ ପୁରୁଷ ଦଳ ୩-୦ରେ ଦକ୍ଷିଣ କୋରିଆଠାରୁ ମହିଳା ଦଳ ୩-୨ରେ ହଂକଂ ନିକଟରୁ ହାରିଥିଲା। ଅପରପକ୍ଷରେ ବୁଧବାର ଉଦ୍‌ଯାପନୀ ଦିବସରେ ଚୀନ ଓ ଜାପାନ ମଧ୍ୟରେ ମହିଳା ବିଭାଗ ଫାଇନାଲ ଖେଳାଯିବ। ପୁରୁଷ ବିଭାଗର ପ୍ରଥମ ସେମିରେ ହଂକଂ ୩-୨ରେ ଚାଇନିଜ ତାଇପେଇକୁ ପରାସ୍ତ କରି ଫାଇନାଲରେ ପହଞ୍ଚିଛି। ଚୀନ ଓ ଜାପାନ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ଅନୁଷ୍ଠିତ ହେବ।

## ଜାତୀୟ ଆଥ୍‌ଲେଟିକ୍ସରେ ତାମିଲନାଡୁର ବାଜିମାତ୍

ଭୁବନେଶ୍ୱର, ୧୪ ।୧୦ (ସମିସ): ଜାତୀୟ ଜୁନିଅର ଆଥ୍‌ଲେଟିକ୍ସର ୪୦ତମ ସଂସ୍କରଣ ମଙ୍ଗଳବାର କଳିଙ୍ଗ ଷ୍ଟାଡିୟମରେ ଉଦଯାପିତ ହୋଇଯାଇଛି। ଏଥିରେ ଓଭରଅଲ୍ ତାମିଲନାଡୁ ୨୮୯ ପଏଣ୍ଟ ରଖି ଚାମ୍ପିଅନ ହୋଇଛି। ୨୮୭ ପଏଣ୍ଟ ସହ ହରିୟାଣା ରନର୍ସଅପ୍ ହୋଇଛି। ଅନ୍ତିମ ଦିବସରେ ଓଡ଼ିଶାର ଆନି ସାଲବାମ ୧୬ ବର୍ଷରୁ କମ୍ ବାଳକ ଜାଭେଲିନ ଥ୍ରୋ'ରେ କାଂସ୍ୟ ପଦକ ବିଜୟୀ ହୋଇଥିଲେ। ଓଡ଼ିଶା ପ୍ରତିଯୋଗିତାରେ ଗୋଟିଏ ସ୍ୱର୍ଣ୍ଣ ଏବଂ ଦୁଇଟି ରୌପ୍ୟ ଓ ୩ଟି କାଂସ୍ୟ ପଦକ ଜିତିଛି।




# ଆଜିଠୁ ରଣଜୀ ଟ୍ରଫିର ୯୧ତମ ସଂସ୍କରଣ



ନୂଆଦିଲ୍ଲୀ, ୧୪ ।୧୦ (ଏଜେନ୍ସି) ଭାରତୀୟ ଘରୋଇ କ୍ରିକେଟ୍‌ର ସବୁଠୁ ସମ୍ମାନଜନକ ପ୍ରତିଯୋଗିତା ରଣଜୀ ଟ୍ରଫିର ୯୧ତମ ସଂସ୍କରଣ ବୁଧବାରଠାରୁ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଆରମ୍ଭ ହେବାକୁଯାଉଛି। ଆସନ୍ତା ଫେବ୍ରୁଆରୀ ୨୬ ପର୍ଯ୍ୟନ୍ତ ଚାଲିବାକୁ ଥିବା ଚଳିତ ରଣଜୀ ଟ୍ରଫି ଦୁଇଟି ପର୍ଯ୍ୟାୟରେ ଖେଳାଯିବ। ଅକ୍ଟୋବର ୧୫ରୁ ନଭେମ୍ବର ୧୯ ପର୍ଯ୍ୟନ୍ତ ପ୍ରଥମ ପର୍ଯ୍ୟାୟ ଅନୁଷ୍ଠିତ ହେବ। ଏହାପରେ ଜାନୁଆରୀ ୨୨ରୁ ଫେବ୍ରୁଆରୀ ୨୬ ପର୍ଯ୍ୟନ୍ତ ଅନ୍ତିମ ତଥା ଦ୍ୱିତୀୟ ପର୍ଯ୍ୟାୟ ଖେଳ ଅନୁଷ୍ଠିତ ହେବ। ପ୍ରଥମ ଓ ଦ୍ୱିତୀୟ ପର୍ଯ୍ୟାୟ ମଧ୍ୟରେ ରହିଥିବା ସମୟରେ ସୟଦ ମୁସ୍ତାକ ଅଲି ଟ୍ରଫି (ଟି-୨୦) ଓ ବିଜୟ ହଜାରେ ଟ୍ରଫି (ଦିନିକିଆ) ଖେଳାଯିବାର କାର୍ଯ୍ୟସୂଚୀ ରହିଛି।

ଏଥର ରଣଜୀ ଟ୍ରଫିରେ ମୋଟ୍ ୩୮ ଗୋଟି ଦଳ ଅଂଶଗ୍ରହଣ କରିବେ। ସେମାନଙ୍କ ମଧ୍ୟରୁ ୩୨ଟି ଦଳ ଏଲିଟ୍ ଗ୍ରୁପ୍‌ରେ ସ୍ଥାନ ପାଇଛନ୍ତି। ସେହିଭଳି ଅନ୍ୟ ୬ଟି ଦଳ ପ୍ଲେଟ୍ ଡିଭିଜନରେ ଖେଳିବେ। ଏଲିଟ୍ ପର୍ଯ୍ୟାୟରେ ୩୨ଟି ଦଳକୁ ୪ଟି ଗ୍ରୁପ୍‌ରେ ବିଭକ୍ତ କରାଯାଇ ମ୍ୟାଚ୍ ଅନୁଷ୍ଠିତ ହେବ। ବୁଧବାରଠାରୁ ଆରମ୍ଭ ହେବାକୁ ଥିବା ପ୍ରଥମ ରାଉଣ୍ଡରେ ୧୯ଟି ମ୍ୟାଚ୍ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଖେଳାଯିବ। ଡିଫେଣ୍ଡିଂ ଚାମ୍ପିଅନ ବିଦର୍ଭ ବେଙ୍ଗାଲୁରୁରେ ନାଗାଲାଣ୍ଡ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ। ସେହିଭଳି ରେକର୍ଡ ୪୨ଥରର ବିଜେତା ମୁମ୍ବାଇ ପ୍ରଥମ ମ୍ୟାଚରେ ଘରୋଇ ଜମ୍ମୁ କାଶ୍ମୀରକୁ ଶ୍ରୀନଗରରେ ଭେଟିବ। ଗତ ସଂସ୍କରଣର ଉପବିଜେତା କେରଳା ପ୍ରଥମ ମ୍ୟାଚରେ ମହାରାଷ୍ଟ୍ର ସହ ଖେଳିବ।

**ଏଲିଟ୍ ଗ୍ରୁପ୍ ତାଲିକା**

**ଗ୍ରୁପ୍-ଏ**: ଓଡ଼ିଶା, ଉତ୍ତରପ୍ରଦେଶ, ଆନ୍ଧ୍ରପ୍ରଦେଶ, ତାମିଲନାଡୁ, ଝାଡ଼ଖଣ୍ଡ, ବରୋଦା, ନାଗାଲାଣ୍ଡ, ବିଦର୍ଭ

**ଗ୍ରୁପ୍-ବି**: ସୌରାଷ୍ଟ୍ର, କର୍ଣ୍ଣାଟକ, କେରଳ, ମହାରାଷ୍ଟ୍ର, ଗୋଆ, ଚଣ୍ଡିଗଡ଼, ମଧ୍ୟପ୍ରଦେଶ ଓ ପଞ୍ଜାବ

**ଗ୍ରୁପ୍-ସି**: ରେଳବାଇ, ହରିୟାଣା, ବେଙ୍ଗଲ, ଉତ୍ତରାଖଣ୍ଡ, ଗୁଜରାଟ, ଆସାମ, ସର୍ଭିସେସ, ତ୍ରିପୁରା

**ଗ୍ରୁପ୍-ଡି**: ହାଇଦରାବାଦ୍, ଦିଲ୍ଲୀ, ରାଜସ୍ଥାନ, ଛତିଶଗଡ଼, ଜମ୍ମୁ କାଶ୍ମୀର, ମୁମ୍ବାଇ, ପୁଡୁଚେରୀ, ହିମାଚଳ ପ୍ରଦେଶ

**ପ୍ଲେଟ ଗ୍ରୁପ୍**: ବିହାର, ଅରୁଣାଚଳ ପ୍ରଦେଶ, ସିକ୍କିମ, ମଣିପୁର, ମେଘାଳୟ, ମିଜୋରାମ

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS